



RNI REGD NO: 42041/83

www.sakalaepaper.com

/sakalanews

/sakalanews

www.thesakala.in

# ସକାଳ
## THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 • ISSUE-90 • TUESDAY • 23 SEPTEMBER 2025 • PAGE-12 • ₹ 6.00 | BHUBANESWAR | ବର୍ଷ-୪୩ • ସଂଖ୍ୟା-୯୦ • ମଙ୍ଗଳବାର • ୨୩ ସେପ୍ଟେମ୍ବର ୨୦୨୫ • ପୃଷ୍ଠା-୧୨ • ଟ.୬.୦୦





# ୨ କୋଟି ହିତାଧିକାରୀ ପାଇନାହାନ୍ତି ଆୟୁଷ୍ମାନ କାର୍ଡ

## ବିଏସ୍‌କେୱାଇରେ ବର୍ଷକ ଖର୍ଚ୍ଚ ୩୮୨୭ କୋଟି, ଆୟୁଷ୍ମାନରେ ମାତ୍ର ୧୧୧୯ କୋଟି

■ ୩.୪୬ କୋଟି ହିତାଧିକାରୀଙ୍କ ମଧ୍ୟରୁ କାର୍ଡ ପାଇଛନ୍ତି ମାତ୍ର ୧.୪୭ କୋଟି
■ କାର୍ଡ ଛପା, କଭର ଓ ବିତରଣ ପାଇଁ ୧୬ କୋଟି ୫୧ ଲକ୍ଷ ଟଙ୍କା ଖର୍ଚ୍ଚ

ଭୁବନେଶ୍ୱର,୨୨।୯(ସମିସ): ନବୀନ ସରକାରଙ୍କ ସ୍ୱାସ୍ଥ୍ୟ ସଞ୍ଜିବନୀ ବିଏସ୍‌କେୱାଇ ବନ୍ଦ କରି ରାଜ୍ୟ ସରକାର ଆୟୁଷ୍ମାନ କାର୍ଡ ପ୍ରଚଳନ କଲେ। ମାତ୍ର ୧୫ ମାସ ପରେ ବି ରାଜ୍ୟର ୨ କୋଟି ଲୋକ ଏଯାଏ ଆୟୁଷ୍ମାନ କାର୍ଡ ପାଇବାରୁ ବଞ୍ଚିତ ହୋଇଛନ୍ତି । କୌତୂହଳର କଥା ହେଉଛି ପୂର୍ବ ବିଜେଡି ସରକାରଙ୍କ ବିଏସ୍‌କେୱାଇରେ ବର୍ଷକୁ ସରକାର ଲୋକଙ୍କ ସ୍ୱାସ୍ଥ୍ୟ ସେବା ପାଇଁ ୩୮୨୭ କୋଟି ଟଙ୍କା ଖର୍ଚ୍ଚ କରିଥିବାବେଳେ ଆୟୁଷ୍ମାନ ଯୋଜନାରେ ଏଯାଏ ରାଜ୍ୟ ସରକାର ଏହାର ଏକ ତୃତୀୟାଂଶରୁ କମ୍ ଅର୍ଥାତ୍ ମାତ୍ର ୧୧୧୯ କୋଟି ଟଙ୍କା ବ୍ୟୟ କରିବାକୁ ସକ୍ଷମ ହୋଇଛନ୍ତି । ବିଧାନସଭାରେ ବିଧାୟକ ଗୌତମବୁଦ୍ଧ ଦାସଙ୍କ ଏକ ପ୍ରଶ୍ନରେ ଏହି ତଥ୍ୟ ଦେଇଛନ୍ତି ସ୍ୱାସ୍ଥ୍ୟ ଓ ପରିବାରକଲ୍ୟାଣ ମନ୍ତ୍ରୀ ମୁକେଶ ମହାଲିଙ୍ଗ ।

ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ପୂର୍ବ ଯୋଜନାରେ ବିଏସ୍‌କେୱାଇ କାର୍ଡକୁ ଅଚଳ କରିବାର ମୂଲ୍ୟ ବାବଦରେ ରାଜକୋଷରୁ ରାଜ୍ୟ ସରକାର ପ୍ରାୟ ୧୬.୫ କୋଟି ଟଙ୍କା ଖର୍ଚ୍ଚ କରିଛନ୍ତି । ଆୟୁଷ୍ମାନ୍ କାର୍ଡ ଛପା ଏବଂ ବିତରଣ ପାଇଁ ୬ କୋଟି ୨୬ ଲକ୍ଷ ୮୮ ହଜାର ଟଙ୍କା ଖର୍ଚ୍ଚ ହୋଇଛି। ଏହାସହିତ କାର୍ଡ କଭର କିଟ୍ ପାଇଁ ୧୦ କୋଟି ୨୫ ଲକ୍ଷ ୯୭ ହଜାର ଟଙ୍କା ଖର୍ଚ୍ଚ ହୋଇଛି। ଏହି ମୋଟ୍ ଅର୍ଥକୁ ମିଶାଇଲେ ଏବାବଦକୁ ବର୍ତ୍ତମାନ ସୁଦ୍ଧା ୧୬ କୋଟି ୫୨ ଲକ୍ଷ ୮୫ ହଜାର ଟଙ୍କା ଖର୍ଚ୍ଚ ହୋଇଛି ବୋଲି ବିଧାନସଭାରେ ସ୍ୱାସ୍ଥ୍ୟମନ୍ତ୍ରୀ ସୂଚନା ଦେଇଛନ୍ତି । ତେବେ ବିଡ଼ମ୍ବନା ହେଉଛି ଯେ ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନାରେ ୩.୪୭ କୋଟି ହିତାଧିକାରୀଙ୍କ ମଧ୍ୟରୁ ୧.୪୭ କୋଟି ଜଣଙ୍କୁ କାର୍ଡ ବଣ୍ଟନ କରାଯାଇଛି ଓ ଅବଶିଷ୍ଟ ପ୍ରାୟ ୨ କୋଟି ଲୋକଙ୍କୁ କାର୍ଡ ବଣ୍ଟନ କାର୍ଯ୍ୟ ଏବେ ବି ଜାରି ରହିଛି।

ମନ୍ତ୍ରୀଙ୍କ ଏହି ଉତ୍ତର ପରେ ଆୟୁଷ୍ମାନ କାର୍ଡ ବାବଦକୁ କିପରି ପାଣି ଭଳି ଟଙ୍କା ଖର୍ଚ୍ଚ ହୋଇଛି, ତାହା ପଦାକୁ ଆସିଛି। ପୂର୍ବରୁ ବିଏସ୍‌କେୱାଇ ଯୋଜନାର ସ୍ମାର୍ଟ କାର୍ଡ ପ୍ରତି ଲୋକଙ୍କ ନିକଟରେ ରହିଥିଲା। ସରକାର ଏହି ଯୋଜନାର ନାମ ପରିବର୍ତ୍ତନ କରିଥିଲେ ବି ସେହି କାର୍ଡକୁ ମଧ ଆୟୁଷ୍ମାନ କାର୍ଡକୁ ପରିବର୍ତ୍ତନ କରାଯାଇ ପାରିଥାଆନ୍ତା ଓ ଚିପ୍ ଲଗା କାର୍ଡଗୁଡ଼ିକ ଅଚଳ ହୋଇ ନ ଥାନ୍ତା। ମାତ୍ର ରାଜ୍ୟ ସରକାର ନୂତନ କାର୍ଡ ପ୍ରଦାନ କରିବା ପାଇଁ ନିଷ୍ପତ୍ତି ପାଇଁ ରାଜ୍ୟ ରାଜକୋଷ ଉପରେ ବିପୁଳ ବୋଝ ପଡ଼ିଥିଲେ ହେଁ ଏହା ଏଯାଏ ଲୋକଙ୍କ ପାଖରେ ପହଞ୍ଚି ପାରିନାହିଁ ।

ଅନ୍ୟପକ୍ଷରେ ଆୟୁଷ୍ମାନ କାର୍ଡ ବଣ୍ଟନ ପରଠାରୁ ପ୍ରତି ମାସରେ ଘରୋଇ ହସ୍ପିଟାଲଗୁଡ଼ିକୁ କେତେ ଟଙ୍କାର ବିଲ୍ ପୈଠ କରିଛନ୍ତି ଓ ସରକାର ୨୦୨୩-୨୦୨୪ରେ ହସ୍ପିଟାଲଗୁଡ଼ିକୁ କେତେ ଟଙ୍କା ବିଲ୍ ପ୍ରଦାନ କରିଛନ୍ତି ପ୍ରଶ୍ନରେ ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ଉତ୍ତର ରାଜ୍ୟବାସୀଙ୍କୁ ନିରାଶ କରିଛି। ଆୟୁଷ୍ମାନ କାର୍ଡ ବଣ୍ଟନ ଆରମ୍ଭ ହେବାଠାରୁ ସରକାର ୪୦୫୦୪୪ ହିତାଧିକାରୀଙ୍କ ଚିକିତ୍ସା ବାବଦରେ ଅଦ୍ୟାବଧି ୧୧୧୯ କୋଟି ଟଙ୍କା ପ୍ରଦାନ କରିଥିବା ମନ୍ତ୍ରୀ ସୂଚନା ଦେଇଛନ୍ତି। ଅନୁରୂପ ଭାବରେ ତତ୍କାଳୀନ ବିଜେଡି ସରକାର ସମୟରେ ବିଏସ୍‌କେୱାଇ କାର୍ଡରେ ଚିକିତ୍ସା ବାବଦରେ ରାଜ୍ୟ ସରକାର ୨୦୨୩-୨୪ରେ ୨୭୮୨ କୋଟି ଟଙ୍କା ଓ ୨୦୨୪-୨୫ରେ ୩୮୨୭ କୋଟି ଟଙ୍କା ପ୍ରଦାନ କରିଥିବା ମନ୍ତ୍ରୀ ଉଲ୍ଲେଖ କରିଛନ୍ତି। ଏହା ସହ ରାଜ୍ୟ ବାହାରେ ଥିବା ପଞ୍ଜିକୃତ ଚିକିତ୍ସାଳୟରେ ୨୧ ହଜାର ୩୯୪ ହିତାଧିକାରୀ ଚିକିତ୍ସା ସୁବିଧା ବାବଦକୁ ୫୫ କୋଟି ୫୫ ଲକ୍ଷ ୫୩ ହଜାର ଟଙ୍କା ପ୍ରଦାନ କରାଯାଇଥିବା ମନ୍ତ୍ରୀ ତଥ୍ୟ ପ୍ରଦାନ କରିଛନ୍ତି ।

# ଆଜି ରତ୍ନଭଣ୍ଡାରକୁ ଫେରିବ ମହାପ୍ରଭୁଙ୍କ ଅଳଙ୍କାର

## ଦିଅଁ ଦର୍ଶନ ବନ୍ଦ; ଆନନ୍ଦବଜାର ଖୋଲା

ପୁରୀ, ୨୨।୯(ସମିସ): ଦୀର୍ଘ ୧୪ ମାସ ପରେ ଆସନ୍ତାକାଲି (ମଙ୍ଗଳବାର) ସ୍ଥାନାନ୍ତର ହେବ ମହାପ୍ରଭୁଙ୍କ ଦୁର୍ମୂଲ୍ୟ ରତ୍ନଅଳଙ୍କାର। ଅସ୍ଥାୟୀ ରତ୍ନଭଣ୍ଡାରରୁ ସ୍ଥାୟୀ ରତ୍ନଭଣ୍ଡାରକୁ ନିଆଯିବ। ଏଥିପାଇଁ ପୂର୍ବାହ୍ନ ୧୦ଟାରୁ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ। ଏଥିସହ ଶ୍ରୀମନ୍ଦିର ନାଟମଣ୍ଡପ ଏବଂ ଜଗମୋହନ ଶୋଧ କରାଯିବ। ଶ୍ରୀମନ୍ଦିର ମୁଖ୍ୟ ଦେଉଳ ତଥା ଝୁଲଣ ମଣ୍ଡପ ପରିସରକୁ ଭକ୍ତଙ୍କ ପ୍ରବେଶ ବାରଣ ରହିବ। ସ୍ଥାନାନ୍ତର ସମୟରେ ଆନନ୍ଦବଜାର କିନ୍ତୁ ଶ୍ରଦ୍ଧାଳୁଙ୍କ ପାଇଁ ସ୍ୱାଭାବିକ ରହିବ। ମହାପ୍ରସାଦ ପାଇବାକୁ ଇଚ୍ଛୁକ ଭକ୍ତମାନେ ଆନନ୍ଦ ବଜାରକୁ ଯାଇ ମହାପ୍ରସାଦ ନେଇପାରିବେ। ରତ୍ନଭଣ୍ଡାର ସ୍ଥାନାନ୍ତର କାର୍ଯ୍ୟ ସମାପନ ପରେ ପ୍ରବେଶ କଟକଣା ପ୍ରତ୍ୟାହାର ତଥା ଦର୍ଶନ ସ୍ୱାଭାବିକ ହେବ।

ଅନ୍ୟପକ୍ଷରେ ରତ୍ନ ଅଳଙ୍କାର ସ୍ଥାନାନ୍ତର ନେଇ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ମାର୍ଗଦର୍ଶିକା ଜାରି ହୋଇଛି। ଏହି ମାର୍ଗଦର୍ଶିକାକୁ ଅନୁପାଳନ କରିବା ନେଇ ସୋମବାର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀଙ୍କ ଅଧ୍ୟକ୍ଷତାରେ ପ୍ରଶାସନ କାର୍ଯ୍ୟାଳୟରେ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଥିଲା। ଅସ୍ଥାୟୀ ଷ୍ଟ୍ରଙ୍ଗ୍‌ରୁମ୍‌ରୁ (ଖଟଶେଯ ଓ ଚାଙ୍ଗଡ଼ା ଘର) ରତ୍ନ ଅଳଙ୍କାରଗୁଡ଼ିକ ସୁରକ୍ଷିତ ଭାବେ ସ୍ଥାନାନ୍ତର ପାଇଁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ପ୍ରାଧିକୃତ ୧୧ଜଣିଆ କମିଟି ଗଠନ କରାଯାଇଛି। ଏହି କମିଟିରେ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ, ଜିଲ୍ଲାପାଳ, ଏସ୍‌ପି, ଏଏସ୍‌ଆଇ ଅଧିକାରୀ, ରତ୍ନଭଣ୍ଡାର ସବ୍-କମିଟି ସଦସ୍ୟ ଗଣେଶ ଦାସମହାପାତ୍ର, ଦେଉଳକରଣ, ତଡ଼ଉକରଣ, ଭଣ୍ଡାର ମେକାପ, ରତ୍ନଭଣ୍ଡାର ତଦାରଖ କମିଟିର ଦୁଇଜଣ ସଦସ୍ୟ ଜଷ୍ଟିସ ବିଶ୍ୱନାଥ ରଥ ଓ ସୁଦର୍ଶନ ପଟ୍ଟନାୟକ, ଛତିଶା ନିଯୋଗ ମହାନାୟକ ଜନାର୍ଦ୍ଦନ ପାଟଯୋଶୀ ମହାପାତ୍ର ରହିଛନ୍ତି। ଏତଦ୍‌ବ୍ୟତୀତ ଗଜପତି ମହାରାଜାଙ୍କ ପ୍ରତିନିଧିଙ୍କ ସମେତ ଶ୍ରୀମନ୍ଦିର ନୀତି ଓ ଉନ୍ନୟନ ପ୍ରଶାସକ, ଅତିରିକ୍ତ ମୁଖ୍ୟଯନ୍ତ୍ରୀ ସାମିଲ ହେବେ। ମାର୍ଗଦର୍ଶିକା ଆଧାରରେ ପୂର୍ବାହ୍ନ ୧୦ଟାରୁ ଶ୍ରୀମନ୍ଦିରରେ ଭକ୍ତଙ୍କ ଦର୍ଶନ ବନ୍ଦ ରହିବା ସହ ଅମୃତ ବେଳା ଅନୁସାରେ ସକାଳ ୭ଟା ୧୭ରୁ ପୂର୍ବାହ୍ଣ ୧୧ଟା ୧୭ ମଧ୍ୟରେ କମିଟିର ସଦସ୍ୟମାନେ ଶ୍ରୀମନ୍ଦିର ଭିତରକୁ ଯାଇ ଅଳଙ୍କାର ସ୍ଥାନାନ୍ତର ପ୍ରକ୍ରିୟା ଆରମ୍ଭ କରିବେ।

# ଓଡ଼ିଶା ସାହିତ୍ୟ ଏକାଡେମୀରେ ଅଚଳାବସ୍ଥା

## ରାଜ୍ୟ ସରକାରଙ୍କୁ ହାଇକୋର୍ଟଙ୍କ ଜବାବ ତଲବ

କଟକ, ୨୨।୯(ସମିସ): ସରକାର ଓଡ଼ିଆ ଅସ୍ମିତାର କଥା କହୁଥିବା ବେଳେ ଏ ଦିଗରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରୁଥିବା ଓଡ଼ିଶା ସାହିତ୍ୟ ଏକାଡେମୀରେ ବର୍ଷାଧିକ ସମୟ ଧରି ଅଚଳାବସ୍ଥା ଦେଖାଦେଇଛି। ଏକାଡେମୀର ସଭାପତି ଓ ଉପ-ସଭାପତି ଭଳି ପଦବୀ ଖାଲି ପଡ଼ିବା ସହ ନୂଆ କାର୍ଯ୍ୟନିର୍ବାହୀ ପରିଷଦ ଗଠନ କରାନଯିବା ପ୍ରସଙ୍ଗରେ ରୁଜୁ ମାମଲାକୁ ହାଇକୋର୍ଟ ଗୁରୁତ୍ୱର ସହ ଗ୍ରହଣ କରିଛନ୍ତି। ଏହି ପ୍ରସଙ୍ଗରେ ରାଜ୍ୟ ସରକାରଙ୍କ ନିକଟରୁ ଜବାବ ତଲବ କରିଛନ୍ତି ହାଇକୋର୍ଟ। ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ ଏମ.ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଆଇନଜୀବୀ ପ୍ରବୀର ଦାସଙ୍କ ତରଫରୁ ରୁଜୁ ମାମଲାର ଶୁଣାଣି କରି ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଆବେଦନକାରୀ ଦର୍ଶାଇଛନ୍ତି ଯେ ଏକାଡେମୀର ସାଧାରଣ ପରିଷଦ ଏବଂ କାର୍ଯ୍ୟନିର୍ବାହୀ ପରିଷଦ କାର୍ଯ୍ୟକାଳ ଗତ ୨୦୨୩ ଜୁଲାଇ ୧୯ ପରଠାରୁ ଶେଷ ହୋଇଛି। ସାଧାରଣ ପରିଷଦ ଗଠନରେ ରାଜ୍ୟ ସରକାରଙ୍କ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଏଥିପାଇଁ ୫ ଜଣଙ୍କୁ ରାଜ୍ୟ ସରକାର ମନୋନୀତ କରିବା କଥା। ଏ ବାବଦରେ ରାଜ୍ୟର ନିଷ୍କ୍ରିୟତା ସମ୍ବିଧାନର ଧାରା ୧୯ ଏବଂ ୨୧ର ଉଲ୍ଲଂଘନ ବୋଲି ଆବେଦନକାରୀ ଅଭିଯୋଗ କରିଛନ୍ତି।

■ ହାଇକୋର୍ଟରେ ମିଶନ ଶକ୍ତି ପୁନର୍ଗଠନ ମାର୍ଗଦର୍ଶିକାକୁ ଚାଲେଞ୍ଜ ପ୍ରସଙ୍ଗ

# ମାମଲା ଫଇସଲା ହେବା ପର୍ଯ୍ୟନ୍ତ ଅନ୍ତରୀଣ ରହିତାଦେଶ ବଳବତ୍ତର

କଟକ, ୨୨।୯(ସମିସ): ମିଶନ ଶକ୍ତି ପୁନର୍ଗଠନ ସଂକ୍ରାନ୍ତରେ ସରକାରଙ୍କ ମାର୍ଗଦର୍ଶିକାକୁ ଚାଲେଞ୍ଜ କରି ଦାୟର ମାମଲାରେ ମାର୍ଗଦର୍ଶିକା କାର୍ଯ୍ୟକାରୀ ଉପରେ ପୂର୍ବରୁ ଜାରି ଅନ୍ତରୀଣ ରହିତାଦେଶକୁ ବଳବତ୍ତର ରଖିଛନ୍ତି ହାଇକୋର୍ଟ। ମାମଲାର ଚୂଡ଼ାନ୍ତ ଫଇସଲା ପର୍ଯ୍ୟନ୍ତ ଏହି ରହିତାଦେଶ ବଳବତ୍ତର ରହିବ ବୋଲି ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। କେନ୍ଦୁଝରର ଗାୟତ୍ରୀ ମିଶନ ଶକ୍ତି ଫେଡେରେସନ୍ ଓ ଅନ୍ୟ ମହାସଂଘ ପକ୍ଷରୁ ରୁଜୁ ଆବେଦନଗୁଡ଼ିକର ଏକତ୍ର ଶୁଣାଣି କରି ଆଜି ଜଷ୍ଟିସ ଶଶିକାନ୍ତ ମିଶ୍ର ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ମାମଲାର ପୂର୍ଣ୍ଣାଙ୍ଗ ଶୁଣାଣି ଆସନ୍ତା ଅକ୍ଟୋବର ୧୩କୁ ଧାର୍ଯ୍ୟ କରାଯାଇଛି।


ମିଶନ ଶକ୍ତି ଅନ୍ତର୍ଗତ ଏସଏଚଜି ଓ ଅନ୍ୟ ଗୋଷ୍ଠୀଗୁଡ଼ିକର କମିଟି ପୁନର୍ଗଠନ ପାଇଁ ଜାରି ହୋଇଥିବା ମାର୍ଗଦର୍ଶିକା ଉପରେ ଗତ ଏପ୍ରିଲ୨୨ରେ ହାଇକୋର୍ଟ ଅନ୍ତରୀଣ ରହିତାଦେଶ ଜାରି କରିବା ସହ ରାଜ୍ୟ ସରକାରଙ୍କୁ ଜବାବ ଦାଖଲ ପାଇଁ ନିର୍ଦ୍ଦେଶ ଦେଇଥିଲେ। ମିଶନ ଶକ୍ତି ବିଭାଗର ସଚିବଙ୍କ ତରଫରୁ ରାଜ୍ୟର ସମସ୍ତ ଜିଲ୍ଲାପାଳଙ୍କୁ ଗତ ୨୦୨୫ ଜାନୁଆରି ୨୨ରେ ଚିଠି ଲେଖାଯାଇଥିଲା। ଏସ୍‌ଏଚଜି, ସିଏଲଏଫ, ଜିପିଏଲଏଫ, ବିଏଲଏଫ ଓ ଡିଏଲଏଫର ପରିଷଦ/କମିଟି/ସବ୍-କମିଟି ପୁନର୍ଗଠନ ପ୍ରସଙ୍ଗରେ ଜାରି ମାର୍ଗଦର୍ଶିକା ନେଇ ଏହି ଚିଠିରେ ଉଲ୍ଲେଖ କରାଯାଇଥିଲା। ଜଣେ ସଦସ୍ୟ ଦୁଇଥର କର୍ମକର୍ତ୍ତା ହୋଇପାରିବେ ନାହିଁ ବୋଲି ମାର୍ଗଦର୍ଶିକାରେ ସର୍ତ୍ତ ରଖାଯାଇଥିଲା। ସେହିଭଳି ଗୋଷ୍ଠୀ ଅନୁଷ୍ଠାନ କାର୍ଯ୍ୟନିର୍ବାହୀ କମିଟିର ସଦସ୍ୟ ଭାବେ ଗୋଟିଏ ପରିବାରର ଜଣଙ୍କରୁ ଅଧିକ ରହିପାରିବେ ନାହିଁ। ଗୋଟିଏ ପରିବାରର ଦୁଇଜଣ ବା ଅନ୍ୟ ସଂପର୍କୀୟ ଗୋଟିଏ ଗୋଷ୍ଠୀ ଅନୁଷ୍ଠାନର କାର୍ଯ୍ୟନିର୍ବାହୀ କମିଟିରେ ସଦସ୍ୟ ହୋଇପାରିବେ ନାହିଁ ବୋଲି ଉଲ୍ଲେଖ ଥିଲା। ଏହାକୁ ଚାଲେଞ୍ଜ କରି ହାଇକୋର୍ଟରେ ଏକାଧିକ ମାମଲା ରୁଜୁ କରାଯାଇଥିଲା। ଏସ୍‌ଏଚ୍‌ଜି ଓ ଅନ୍ୟ ଗୋଷ୍ଠୀ ଅନୁଷ୍ଠାନଗୁଡ଼ିକ ସୋସାଇଟି ପଞ୍ଜୀକରଣ ଆଇନ ଦ୍ୱାରା ପଞ୍ଜୀକୃତ। ତେଣୁ, ଏଭଳି ଅନୁଷ୍ଠାନଗୁଡ଼ିକ ନିଜ ବାଇ-ଲ' ଦ୍ୱାରା ପରିଚାଳିତ। ଏଭଳି ସ୍ଥିତିରେ ସରକାର ମାର୍ଗଦର୍ଶିକା ଜାରି କରିବା ବେଆଇନ ବୋଲି ଆବେଦନକାରୀ ବର୍ଣ୍ଣାଇଛନ୍ତି।

# ବିଦ୍ୟୁତ୍ ଆଘାତ ଦେଇ ହାତୀକୁ ହତ୍ୟା; ୩ ଅଟକ

## ନାଳରୁ ଉଦ୍ଧାର ହେଲା ଗଳିତ ମୃତଦେହ

ତେଲକୋଇ, ୨୨।୯(ସମିସ): ବିଦ୍ୟୁତ୍ ଆଘାତ ଦେଇ ହାତୀକୁ ହତ୍ୟା। କେନ୍ଦୁଝର ବନଖଣ୍ଡ ତେଲକୋଇ ବନାଞ୍ଚଳ ବିମଳା ସେକ୍ସନ୍ ରାଣୀବେଡ଼ା ସଂରକ୍ଷିତ ଜଙ୍ଗଲରେ ଏପରି ଏକ ଆପରାଧିକ ଘଟଣା ଘଟିଛି। ଆଜି ସ୍ଥାନୀୟ କାଉବସା ନାଳ ନିକଟରୁ ବନ ବିଭାଗ ଉକ୍ତ ମାଇ ହାତୀର ଗଳିତ ମୃତଦେହ ଉଦ୍ଧାର କରିଛି। ମୃତ ହାତୀଟିର ବୟସ ୮ରୁ ୧୦ବର୍ଷ ହେବ ବୋଲି କୁହାଯାଉଛି। ଏହି ଘଟଣାରେ ଜଣେ ଅଭିଯୁକ୍ତ ଗୋକୁଳ ଜୁଆଙ୍ଗ (୪୨) ଆତ୍ମସମର୍ପଣ କରିଥିବା ବେଳେ ଅନ୍ୟ ୨ଅଭିଯୁକ୍ତ ଇନ୍ଦ୍ରମଣି ଜୁଆଙ୍ଗ (୫୬) ଓ ଗଣେଶ ଜୁଆଙ୍ଗ(୨୫)କୁ ବନ ବିଭାଗ ଅଟକ ରଖି ପଚରାଉଚରା କରୁଛି। ସମସ୍ତଙ୍କ ଘର ଟାଙ୍ଗିରୀ ଗ୍ରାମ ଦୁବନାଳୀ ସାହିରେ। ଅପରପକ୍ଷେ, ହାତୀଟିର ବ୍ୟବଚ୍ଛେଦ କରାଯିବା ପରେ ଉକ୍ତ ସ୍ଥାନରେ ଗାତ ଖୋଳି ପୋତି ଦିଆଯାଇଛି। ବନ ବିଭାଗ କହିଛି, ସୋଲାର୍ ବାଡ଼ ସ୍ଥାନରେ କରେଣ୍ଟ ସଂଯୋଗ କରାଯାଇଥିବାରୁ ବିଦ୍ୟୁତ୍ ଆଘାତରେ ମାଇ ହାତୀର ମୃତ୍ୟୁ ହୋଇଛି।

# ନିଷ୍ଠା, ପ୍ରତିବଦ୍ଧତା ଓ କଠିନ ପରିଶ୍ରମ ପାଇଁ ରାଜେନ୍ଦ୍ର ସ୍ମରଣୀୟ ହୋଇ ରହିବେ: ନବୀନ





ଭୁବନେଶ୍ୱର,୨୨।୯(ସମିସ): ଲୋକପ୍ରିୟ ରାଜନେତା ରାଜେନ୍ଦ୍ର ଢୋଲକିଆ ବିଜେଡିର ଏକ ସ୍ତମ୍ଭ ଥିଲେ। ଦଳକୁ ମଜଭୁତ କରିବାରେ ତାଙ୍କର ବିଶେଷ ଅବଦାନ ଥିଲା। ସେ ସବୁବେଳେ ତୃଣମୂଳସ୍ତରର ଲୋକଙ୍କ ସହ ଯୋଡ଼ି ହୋଇ ରହିବା ସହ ସେମାନଙ୍କ ସୁଖ ଦୁଃଖର ସାଥୀ ଥିଲେ। ନୂଆପଡ଼ାର ବିକାଶ କ୍ଷେତ୍ରରେ ନିଷ୍ଠା, ପ୍ରତିବଦ୍ଧତା ଓ କଠିନ ପରିଶ୍ରମ ପାଇଁ ସ୍ୱର୍ଗତ ରାଜେନ୍ଦ୍ର ଢୋଲକିଆଙ୍କ ସବୁଦିନ ମନେ ରହିବେ ବୋଲି କହିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ସ୍ୱର୍ଗତଃ ଢୋଲକିଆଙ୍କ ବିୟୋଗରେ ନୂଆପଡାରେ ଆୟୋଜିତ ଶୋକ ସଭାରେ ଶ୍ରୀ ପଟ୍ଟନାୟକ ଆଭାସୀ ଜରିଆରେ ଯୋଗ ଦେଇ ସ୍ୱର୍ଗତ ରାଜେନ୍ଦ୍ର ଢୋଲକିଆଙ୍କ ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି। ସ୍ୱର୍ଗତଃ ଢୋଲକିଆ ବାବୁଙ୍କ ଅଧୁରା କାମକୁ ପୁରା କରିବାକୁ ତାଙ୍କ ପରିବାର ସହ ବିଜେଡି ଓ ସେ ନିଜେ ସମସ୍ତେ ଏକାଠି କାମ କରିବେ ବୋଲି ନବୀନ ପଟ୍ଟନାୟକଙ୍କ ପ୍ରତିଶ୍ରୁତି ପ୍ରଦାନ କରିଛନ୍ତି।

ନୂଆପଡାର ବିକାଶରେ ସ୍ୱର୍ଗତ ଢୋଲକିଆଙ୍କ ଅବଦାନ ବିଷୟରେରେ ସ୍ମରଣ କରି ଶ୍ରୀ ପଟ୍ଟନାୟକ କହିଛନ୍ତି ଯେ ଭିତ୍ତିଭୂମି ବିକାଶ ବିଶେଷ କରି ନୂଆପଡାରେ ବିଜୁ ଏକ୍ସପ୍ରେସ ୱେ, ପିଇବା ପାଣି ଓ ଜଳସେଚନ କ୍ଷେତ୍ରରେ ସ୍ୱର୍ଗତ ଢୋଲକିଆ ବହୁତ ଭଲ କାମ କରିଥିଲେ। ଜନଜାତି ଭାଇ ଭଉଣୀମାନଙ୍କ କଲ୍ୟାଣ ସହ ନୂଆପଡାରେ ଶିକ୍ଷା ଓ ସ୍ୱାସ୍ଥ୍ୟର ବିକାଶ ପାଇଁ ଢୋଲକିଆ ବାବୁଙ୍କ ଅବଦାନ ସବୁବେଳେ ସ୍ମରଣୀୟ ହୋଇ ରହିବ। ସେହିପରି ସମାଜସେବା କ୍ଷେତ୍ରରେ ମଧ ଢୋଲକିଆ ବାବୁଙ୍କ ବିଶେଷ ପରିଚୟ ଥିଲା। ଗରିବ ଲୋକଙ୍କ ବିବାହ ହେଉ ବା ଚକ୍ଷୁ ଚିକିତ୍ସା ଶିବିର ଓ ଭିନ୍ନକ୍ଷମମାନଙ୍କ ପାଇଁ ଶିବିର ଆୟୋଜନ କରି ସେ ଲୋକଙ୍କ ସେବା ଜାରି ରଖିଥିଲେ। ତାଙ୍କର ଶାନ୍ତ ସରଳ ଅମାୟିକ ଓ ନିରହଂକାର ଗୁଣ ଯୋଗୁଁ ସେ ସମସ୍ତଙ୍କର ଆଦରଣୀୟ ଥିଲେ। ସ୍ୱର୍ଗତ ଢୋଲକିଆ ଆଜି ଆମ ଭିତରେ ନାହାନ୍ତି; କିନ୍ତୁ ନୂଆପଡାର ବିକାଶ ଓ ଲୋକଙ୍କ କଲ୍ୟାଣ ପାଇଁ ତାଙ୍କ ପ୍ରତିବଦ୍ଧତା, ନିଷ୍ଠା ଓ କଠିନ ପରିଶ୍ରମ ପାଇଁ ସେ ଲୋକଙ୍କ ହୃଦୟ ଜିତି ପାରିଥିଲେ। ସେ ଲୋକଙ୍କ ପ୍ରିୟ ଥିଲେ ଏବଂ ସବୁବେଳେ ପ୍ରିୟ ହୋଇ ରହିଥିବେ ବୋଲି ନବୀନ ମତବ୍ୟକ୍ତ କରିଥିଲେ।

# ଜୁଆରେ ଉଡ଼ାଇ ଦେଲେ ୫୫ ଲକ୍ଷ ସରକାରୀ ଅନୁଦାନ

## ଓଡ଼ିଶା ଆଦର୍ଶ ବିଦ୍ୟାଳୟ ପୂର୍ବ ଅଧ୍ୟକ୍ଷ ଗିରଫ

ଭୁବନେଶ୍ୱର,୨୨।୯(ସମିସ): ସ୍କୁଲକୁ ଆସିଥିବା ଅନୁଦାନ ଅର୍ଥରେ ଅନଲାଇନ ଜୁଆ ଖେଳି ଗିରଫ ହୋଇଛନ୍ତି ପୂର୍ବତନ ଅଧ୍ୟକ୍ଷ। ସୁବର୍ଣ୍ଣପୁର ଜିଲା ବିନିକା ଆଦର୍ଶ ବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ସୌମ୍ୟରଞ୍ଜନ କ୍ଷେତିଙ୍କୁ ସୋମବାର ଗିରଫ କରିଛି ଭିଜିଲାନ୍ସ। ବିଭିନ୍ନ କାର୍ଯ୍ୟ ପାଇଁ ସ୍କୁଲକୁ ଆସିଥିବା ପ୍ରାୟ ୫୫ ଲକ୍ଷ ଟଙ୍କାକୁ କ୍ଷେତି ଆତ୍ମସାତ କରିଥିବା ଅଭିଯୋଗ ହେବା ପରେ ଭିଜିଲାନ୍ସ ପକ୍ଷରୁ ଏହାର ତଦନ୍ତ କରି ତାଙ୍କୁ ଗିରଫ କରାଯାଇଛି। ୨୦୨୧ ସେପ୍ଟେମ୍ବର ୨୯ରେ କ୍ଷେତିଙ୍କୁ ବିନିକା ଆଦର୍ଶ ବିଦ୍ୟାଳୟରେ ଅଧ୍ୟକ୍ଷ ଭାବେ ନିଯୁକ୍ତ କରାଯାଇଥିଲା। ୨୦୨୧ରୁ ୨୦୨୫ ମଧ୍ୟରେ ସ୍କୁଲର ମଧ୍ୟାହ୍ନ ଭୋଜନ, ମୋ ସ୍କୁଲ ଅଭିଯାନ ଏବଂ ଛାତ୍ରୀନିବାସ ପାଣ୍ଠିକୁ ୫୫ ଲକ୍ଷ ୨୬୨୦ ଟଙ୍କା ଆସିଥିଲା। କିନ୍ତୁ ସେ ଏସବୁ ଅର୍ଥକୁ ହରିଲୁଟ କରିନେଇଛନ୍ତି। ତନ୍ମଧ୍ୟରୁ ପ୍ରାୟ ୧୧ ଲକ୍ଷ ଟଙ୍କା ସେ ତିନ୍ ପତି ଅନଲାଇନ ବେଟିଂ ଆପରେ ବିନିଯୋଗ କରିଥିବା ଜଣାପଡ଼ିଛି। ଭିଜିଲାନ୍ସ ପକ୍ଷରୁ ଏ ନେଇ ଏକ ମାମଲା ରୁଜୁ କରି ଗିରଫ କରିଛି।

# ୨୭ ସୁଦ୍ଧା ଜିଲ୍ଲା କଂଗ୍ରେସ ସଭାପତିଙ୍କ ନାମ ଘୋଷଣା

## ପ୍ରତି ଜିଲ୍ଲାରେ ନିଯୁକ୍ତି ହେବେ କାର୍ଯ୍ୟକାରୀ ସଭାପତି

ଭୁବନେଶ୍ୱର,୨୨।୯(ସମିସ): ଆସନ୍ତା ୨୭ ତାରିଖ ସୁଦ୍ଧା ରାଜ୍ୟର ୩୫ ଟି ସାଂଗଠନିକ ଜିଲ୍ଲା ପାଇଁ ସଭାପତି ଘୋଷଣା କରିବ କଂଗ୍ରେସ। ସଂଗଠନ ସୃଜନ ପ୍ରକ୍ରିୟାରେ କଂଗ୍ରେସ ଜିଲ୍ଲାସଭାପତି ପାଇଁ ଏଆଇସିସି ପର୍ଯ୍ୟବେକ୍ଷକମାନେ ଯେଉଁ ୩ଟି ଲେଖାଏ ନାମ ସୁପାରିସ କରିଛନ୍ତି, ସେଥିରୁ ଗୋଟିଏ ନାମରେ ମୋହର ମାରିବେ ଏଆଇସିସି କର୍ତ୍ତୃପକ୍ଷ। ସୋମବାର ଏଆଇସିସି ସଂଗଠନ ସମ୍ପାଦକ କେସି ବେଣୁଗୋପାଳ ଦିଲ୍ଲୀର କଂଗ୍ରେସ ମୁଖ୍ୟାଳୟ ଇନ୍ଦିରା ଭବନଠାରେ ଓଡ଼ିଶା ପାଇଁ ନିଯୁକ୍ତ ହୋଇଥିବା ୩୫ ଜଣ ପର୍ଯ୍ୟବେକ୍ଷକ, ପିସିସି ସଭାପତି ଓ ଓଡ଼ିଶା ପ୍ରଭାରୀଙ୍କ ସହ ମଧ ଆଲୋଚନା କରିଛନ୍ତି।

ସୂଚନା ଅନୁଯାୟୀ ଏହି ଆଲୋଚନାରେ ଓଡ଼ିଶା ପାଇଁ ନିଯୁକ୍ତ ପର୍ଯ୍ୟବେକ୍ଷକମାନେ ଆବଣ୍ଟିତ ଜିଲ୍ଲାର ଦଳୀୟ ପଦାଧିକାରୀ ଓ ସାମାଜିକ ଗୋଷ୍ଠୀଙ୍କ ସହିତ ଆଲୋଚନା ପରେ ସେମାନେ ପ୍ରସ୍ତୁତ କରିଥିବା ରିପୋର୍ଟ ପ୍ରଦାନ କରିଛନ୍ତି। ଏହି ରିପୋର୍ଟରେ ସେମାନେ ବିଭିନ୍ନ ଜିଲ୍ଲାର ସାମାଜିକ-ରାଜନୈତିକ ଦୃଶ୍ୟପଟ ଏବଂ ଜିଲ୍ଲାର କଂଗ୍ରେସ ସ୍ଥିତି ଆଦିର ବିଶ୍ଳେଷଣ କରି ତଥ୍ୟ ରଖିଛନ୍ତି। ଏଗୁଡ଼ିକୁ ଆଧାର କରି ଜିଲ୍ଲାସଭାପତିଙ୍କ ନାଁ ଉପରେ ମୋହର ବାଜିବ । ସମ୍ଭବତଃ ତାଲିକା ପ୍ରଥମ ସ୍ଥାନରେ ଯାହା ନାମ ସୁପାରିସ୍ କରାଯାଇଛି, ତାଙ୍କୁ ଜିଲ୍ଲାସଭାପତି ଭାବେ ଦାୟିତ୍ୱ ମିଳିବ। ଏହାସହିତ ଅନ୍ୟ ଯେଉଁ ଦୁଇ ଜଣଙ୍କ ନାଁ ତାଲିକାରେ ରହିଛି, ଯଦି ପିସିସି ସଭାପତି ଚାହିଁବେ ସେମାନଙ୍କୁ ସମ୍ପୃକ୍ତ ଜିଲ୍ଲାର କାର୍ଯ୍ୟକାରୀ ସଭାପତି ଭାବେ ନିଯୁକ୍ତି ଦେଇପାରିବେ।

ଓଡ଼ିଶାରେ କଂଗ୍ରେସର ସମସ୍ତ ୩୫ ଟି ସାଙ୍ଗଠନିକ ଜିଲ୍ଲାର ସଭାପତି ଚୟନ ପାଇଁ ୩୫ ଜଣ ଏଆଇସିସି ପର୍ଯ୍ୟବେକ୍ଷକ ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ସଭାପତି ଚୟନ ପ୍ରକ୍ରିୟା ପାଇଁ ୭ ଦିନିଆ କ୍ୟାମ୍ପ କରିଥିଲେ। ପ୍ରତ୍ୟେକ ଜିଲ୍ଲାରେ ସଂପୃକ୍ତ କେନ୍ଦ୍ରୀୟ ପର୍ଯ୍ୟବେକ୍ଷକଙ୍କୁ ସାହାଯ୍ୟ କରିବା ପାଇଁ ପିସିସି ପକ୍ଷରୁ ୩ ଜଣ ଲେଖାଏଁ ରାଜ୍ୟ ପର୍ଯ୍ୟବେକ୍ଷକ ନିଯୁକ୍ତ ହୋଇଥିଲେ। ସଂପୃକ୍ତ ଜିଲ୍ଲାରେ କେନ୍ଦ୍ରୀୟ ପର୍ଯ୍ୟବେକ୍ଷକମାନେ ଦଳୀୟ କର୍ମୀ ଓ ନେତା, ସାମାଜିକ ସଂଗଠନ ଓ ସାମ୍ବାଦିକ ଆଦିଙ୍କ ମତାମତ ସଂଗ୍ରହ କରି ସଭାପତି ତାଲିକା ପ୍ରସ୍ତୁତ କରି ଏଆଇସିସିକୁ ପ୍ରଦାନ କରିଛନ୍ତି। ଏବେ ଏଆଇସିସି ଉକ୍ତ ତାଲିକାରୁ ଯୋଗ୍ୟ ବ୍ୟକ୍ତିଙ୍କ ନାମରେ ମୋହର ମାରିବା ସହ କେବଳ ଘୋଷଣା କରିବାକୁ ବାକି ରହିଛି।

# ଏନ୍‌କାଉଣ୍ଟର୍‌ରେ ଦୁଇ ମାଓବାଦୀ ନିହତ

ମାଲକାନଗିରି, ୨୨।୯ (ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ନାରାୟଣପୁର ଜିଲ୍ଲାରେ ଯବାନଙ୍କ ଏନ୍‌କାଉଣ୍ଟର୍‌ରେ ଦୁଇ ମାଓବାଦୀ ନିହତ ହୋଇଛନ୍ତି। ସୂଚନାନୁଯାୟୀ, ମାଓଗଡ଼ ଭାବେ ପରିଚିତ ଦୁର୍ଗମ ଅବୁଝମାଡ଼ ଜଙ୍ଗଲରେ ଡିଆରଜି, ଏସଟିଏଫ ଓ କୋବ୍ରା ବାହିନୀ ପକ୍ଷରୁ କମ୍ବିଂ ଅପରେସନ୍ ଚାଲିଥିବା ବେଳେ ମାଓବାଦୀମାନେ ଗୁଳି ଚାଳନା କରିଥିଲେ। ଯବାନଙ୍କ ପକ୍ଷରୁ ମଧ ଏହାର ପାଲଟା ଜବାବ ଦିଆଯାଇଥିଲା। ଯବାନଙ୍କ ସାମ୍ନା କରି ନପାରି ମାଓବାଦୀମାନେ ଛତ୍ରଭଙ୍ଗ ଦେଇ ଜଙ୍ଗଲ ମଧ୍ୟରେ ଲୁଚି ପଳାଇଥିଲେ। ପରେ ଅଞ୍ଚଳରେ ପୁନଃ ତଲାସି ବେଳେ ଯବାନମାନେ ଦୁଇ ମାଓବାଦୀଙ୍କ ମରଶରୀର, ଏକେ-୪୭ ବନ୍ଧୁକ, ବିସ୍ଫୋରକ ସାମଗ୍ରୀ, ଅସ୍ତ୍ରଶସ୍ତ୍ର ଓ ମାଓ ସାମଗ୍ରୀ ଜବତ କରିଛନ୍ତି।

## ୧୪ ମାସରେ ୩୭,୬୧୧ ନାରୀ ନିର୍ଯାତନା ମାମଲା


# ଦେଢ଼ବର୍ଷରେ ୪୫୪୪ ମହିଳା ଦୁଷ୍କର୍ମର ଶିକାର



ଭୁବନେଶ୍ୱର,୨୨।୯(ସମିସ): ଗତ ୧୪ ମାସରେ ରାଜ୍ୟରେ ୩୭ ହଜାର ୬୧୧ଟି ନାରୀ ନିର୍ଯାତନା ମାମଲା ରୁଜୁ ହୋଇଛି। ଏଥିରେ ୯୧୮୧ଟି ଅସଦାଚରଣ ମାମଲା ରହିଛି। ସେହିପରି ଦେଢ଼ ବର୍ଷ ମଧ୍ୟରେ ରାଜ୍ୟର ୪୫୪୪ ଜଣ ମହିଳା ଦୁଷ୍କର୍ମ ଓ ଗଣଦୁଷ୍କର୍ମର ଶିକାର ହୋଇଛନ୍ତି। ବିଧାୟକ ପ୍ରସନ୍ନ ଆଚାର୍ଯ୍ୟ ଓ ବିଧାୟକ ଅରୁଣ ସାହୁଙ୍କ ଭିନ୍ନଭିନ୍ନ ପ୍ରଶ୍ନରେ ବିଧାନସଭାରେ ଏହି ତଥ୍ୟ ରଖିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ।

ମୁଖ୍ୟମନ୍ତ୍ରୀଙ୍କ ତଥ୍ୟ ଅନୁଯାୟୀ ଏହି ଅବଧି ମଧ୍ୟରେ ରାଜ୍ୟରେ ୨୯୩୩ଟି ଦୁଷ୍କର୍ମ, ୧୨୭୮ଟି ଯୌନ ନିର୍ଯାତନା, ୮୨୨୭ଟି ଅପହରଣ ମାମଲା ରୁଜୁ ହୋଇଛି। ସେହିପରି ୫୪୬୪ଟି ଯୌତୁକ ନିର୍ଯାତନା ମାମଲା ବିଭିନ୍ନ ଥାନାରେ ମଧ ରୁଜୁ କରାଯାଇଛି। ୪୫୪୪ଟି ଦୁଷ୍କର୍ମ ଘଟଣାରେ ୩୮୦୫ ଜଣ ପୁରୁଷ ଏବଂ ୫୭ ମହିଳା ଗିରଫ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୩୯୪ ଜଣଙ୍କୁ ଦଣ୍ଡବିଦାନ ହୋଇଛି। ମୁଖ୍ୟମନ୍ତ୍ରୀଙ୍କ ସୂଚନା ଅନୁସାରେ ଗତ ୧ ବର୍ଷ ମଧ୍ୟରେ ରାଜ୍ୟରେ ମହିଳା ଅସଦାଚରଣ ମାମଲା ବୃଦ୍ଧି ପାଇଛି। ୪୪ଟି ଯୌତୁକ ଜନିତ ଆତ୍ମହତ୍ୟା, ୨୧୬୧ଟି ସର୍ବସାଧାରଣ ସ୍ଥାନରେ ମହିଳାଙ୍କୁ ଦୁର୍ବ୍ୟବହାର, ୧୨୭୮ ଯୌନ ନିର୍ଯାତନା, ୨୨୪ ଶାରିରୀକ ସମ୍ପର୍କ ରଖି ବିବାହ ନ କରିବା ଆଦି ମାମଲା ରୁଜୁ ହୋଇଛି ।

# ୧୫ ମାସରେ ୧୫ ଆତ୍ମାହୁତି



ଭୁବନେଶ୍ୱର, ୨୨।୯(ସମିସ): ରାଜ୍ୟରେ ମହିଳାବିରୋଧୀ ଅପରାଧ ବୃଦ୍ଧି ପାଉଥିବା ବେଳେ ଆତ୍ମାହୁତି ଘଟଣା ମଧ ଢେର୍ ବଢ଼ିଛି। କିଏ ନିର୍ଯାତନା ସହି ନପାରି ଆତ୍ମାହୁତି ଦେଇଛି ତ ଆଉ କିଏ ପାରିବାରିକ କଳହରୁ ଏଭଳି ଚରମ ନିଷ୍ପତ୍ତି ନେଇଛି। ବିଶେଷକରି, ଗତ ୧୫ମାସରେ ରାଜ୍ୟରେ ୧୫ଜଣ ଯୁବତୀ ଓ ମହିଳା ଆତ୍ମାହୁତି ଦେଇଛନ୍ତି। ରାଜ୍ୟରେ ପାରିବାରିକ କଳହଠାରୁ ଆରମ୍ଭ କରି ଯୌତୁକ ଓ ମାନସିକ ନିର୍ଯାତନା ମାମଲା ବଢ଼ିଛି। ଏସବୁର ଶିକାର ହେଉଥିବା ଛାତ୍ରୀ ଓ ମହିଳାମାନେ ନିଜକୁ ଜାଳିଦେବା ଭଳି ଚରମ ପଦକ୍ଷେପ ନେଇଛନ୍ତି। ବିଗତ ଦିନରେ ବାଲେଶ୍ୱର, ବଳଙ୍ଗା, ଜଟଣୀ, ଜଗତପୁର, ରରୁଆଁ, ବ୍ରହ୍ମପୁର ସଦର, ମାହାଙ୍ଗା, ପଟ୍ଟାମୁଣ୍ଡାଇ, ଖଇରା, ରାଉରକେଲା, ସହଦେବଖୁଣ୍ଟା ଥାନା ଅଞ୍ଚଳରେ ଏଭଳି ଘଟଣା ଘଟିଛି। ମୋଟ ୧୫ଜଣ ଛାତ୍ରୀ ଓ ମହିଳା ଏଥିରେ ପ୍ରାଣ ହରାଇଛନ୍ତି। ଏ ସଂକ୍ରାନ୍ତରେ ରାଜ୍ୟର ବିଭିନ୍ନ ଥାନାରେ ମୋଟ ୯ଟି ଧର୍ତ୍ତବ୍ୟ ଓ ୬ଟି ଅପମୃତ୍ୟୁ ମାମଲା ରୁଜୁ କରାଯାଇଛି। ୩ଟି ମାମଲାର ଚାର୍ଜସିଟ୍ ଦାଖଲ ହୋଇଥିବା ବେଳେ ୧୦ଟି ମାମଲାର ତଦନ୍ତ ଏବେ ମଧ ଜାରି ରହିଛି। ଏଥିସହ ୨ଟି ମାମଲା ଫାଇନାଲ୍ ରିପୋର୍ଟ ମିଷ୍ଟେକ୍-ଅଫ୍-ଫ୍ୟାକ୍ଟ କରାଯାଇଛି। ବିଧାୟକ ତୁଷାରକାନ୍ତି ବେହେରାଙ୍କ ପ୍ରଶ୍ନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୃହରେ ଉତ୍ତର ରଖିଛନ୍ତି।

# ଜୀବନ ହାରିଛନ୍ତି ୨୨ ଛାତ୍ରଛାତ୍ରୀ



ଭୁବନେଶ୍ୱର,୨୨।୯(ସମିସ): ରାଜ୍ୟର ବିଭିନ୍ନ ଶିକ୍ଷାନୁଷ୍ଠାନ କ୍ୟାମ୍ପସରେ ଆତ୍ମହତ୍ୟା ପ୍ରବଣତା ବୃଦ୍ଧି ପାଇଛି। ଗତ ୧୫ ମାସ ମଧ୍ୟରେ ୨୨ ଛାତ୍ରଛାତ୍ରୀ ଆତ୍ମହତ୍ୟା କରିଛନ୍ତି। ଆତ୍ମହତ୍ୟାର ଏଭଳି ଉଦବେଗଜନକ ତଥ୍ୟ ପ୍ରଦାନ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। କଂଗ୍ରେସ ବିଧାୟିକା ସୋଫିଆ ଫିର୍ଦ୍ଦୋସଙ୍କ ଏକ ପ୍ରଶ୍ନ ଉତ୍ତରରେ ମୁଖ୍ୟମନ୍ତ୍ରୀ ଏହା କହିଛନ୍ତି। ମୁଖ୍ୟମନ୍ତ୍ରୀଙ୍କ ସୂଚନା ଅନୁସାରେ, ରାଜ୍ୟର ବିଭିନ୍ନ ସରକାରୀ ଏବଂ ଘରୋଇ ଶିକ୍ଷାନୁଷ୍ଠାନ କ୍ୟାମ୍ପସରେ ଏସବୁ ଆତ୍ମହତ୍ୟା ଘଟଣା ଘଟିଛି। ରାୟଗଡ଼ାରେ ସର୍ବାଧିକ ୪ ଛାତ୍ର ଆତ୍ମହତ୍ୟା କରିଥିବାବେଳେ ଭୁବନେଶ୍ୱରର ଏକ ବିଶ୍ୱବିଦ୍ୟାଳୟରେ ୨ ଜଣ ଛାତ୍ରୀ ଆତ୍ମହତ୍ୟା କରିଛନ୍ତି।


ଅବସରରୁ ଡି କକ୍‌ଙ୍କ ୟୁ-ଟର୍ନ
▶କ୍ରୀଡ଼ା ପୃଷ୍ଠାରେ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-90 ♦TUESDAY ♦23 SEPTEMBER 2025 ♦PAGE-12 ♦₹ 6.00

♦ବର୍ଷ-୪୩ ♦ସଂଖ୍ୟା-୯୦ ♦ମଙ୍ଗଳବାର ♦୨୩ ସେପ୍ଟେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦







## ଘାରିଛି ରାଜସ୍ୱ ଚିନ୍ତା

# ବିକ୍ରିହେବ ସରକାରୀ ଉଦ୍ୟୋଗ ଅଂଶଧନ

## ଚଳିତ ଆର୍ଥିକ ବର୍ଷ ଶେଷ ସୁଦ୍ଧା ୪୭ ହଜାର କୋଟି ସଂଗ୍ରହ ଲକ୍ଷ୍ୟ

### ଆଇଡିବିଆଇ ବ୍ୟାଙ୍କରୁ ପୁଞ୍ଜି ପ୍ରତ୍ୟାହାର ନିଷ୍ପତ୍ତି ଚୂଡ଼ାନ୍ତ

### ଜାରିହେବ ଓଏନ୍‌ଜିସି, ଏନ୍‌ଏଚ୍‌ପିସି, ଏଲ୍‌ଆଇସି ଆଇପିଓ




■ ନୂଆଦିଲ୍ଲୀ, ୨୨।୯ (ଏଜେନ୍ସି): କେନ୍ଦ୍ର ସରକାରଙ୍କ ଅଧୀନସ୍ଥ କିଛି ସରକାରୀ ଉଦ୍ୟୋଗ ବିକ୍ରି ହେବ, କିଛି ଉଦ୍ୟୋଗରୁ ପୁଞ୍ଜି ପ୍ରତ୍ୟାହାର ହେବ। ଅନୁରୂପ ଭାବରେ ଏଲ୍‌ଆଇସି (ଜୀବନ ବୀମା ନିଗମ), ଓଏନ୍‌ଜିସି (ତୈଳ ଓ ପ୍ରାକୃତିକ ଗ୍ୟାସ ନିଗମ) ଏବଂ ଏନ୍‌ଏଚ୍‌ପିସି (ଜାତୀୟ ଜଳ ବିଦ୍ୟୁତ ନିଗମ) ପରି ରାଷ୍ଟ୍ରାୟତ୍ତ ଉଦ୍ୟୋଗଗୁଡ଼ିକର ଆଇପିଓ ଜାରି କରି ସରକାର ରାଜସ୍ୱ ସଂଗ୍ରହ କରିବେ ।। ଚଳିତ ଆର୍ଥିକ ବର୍ଷ ଶେଷ ସୁଦ୍ଧା ଏହି କାର୍ଯ୍ୟକ୍ରମ ଜରିଆରେ ସରକାର ୪୭ ହଜାର କୋଟି ଟଙ୍କା ସଂଗ୍ରହ ଲକ୍ଷ୍ୟ ରଖିଛନ୍ତି ଓ ଏହା ୧.୨ ଲକ୍ଷ କୋଟି ଟଙ୍କା ଯାଏ ହୋଇପାରେ ବୋଲି କୁହାଯାଉଛି। କେନ୍ଦ୍ର ସରକାରଙ୍କ ପୁଞ୍ଜି ପ୍ରତ୍ୟାହାର ବିଭାଗ ସଚିବ ଅରୁଣିଶ ଚାୱାଲା ଏହି ସୂଚନା ଦେଇଛନ୍ତି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ପ୍ରାୟ ଅଧଡ଼ଜନେ ସରକାରୀ କମ୍ପାନୀ ଓ ଉଦ୍ୟୋଗରୁ ଅଂଶଧନ ବା ସେୟାର ବିକ୍ରି ପାଇଁ ଯୋଜନା ରହିଥିବା ସେ କହିଛନ୍ତି।

ବିଭିନ୍ନ ଜାତୀୟ ଗଣମାଧ୍ୟମରେ ପ୍ରକାଶିତ ସୂଚନା ଅନୁସାରେ ଚଳିତ ଆର୍ଥିକ ବର୍ଷ ଶେଷ ସୁଦ୍ଧା ରାଷ୍ଟ୍ରାୟତ୍ତ ବ୍ୟାଙ୍କ ଆଇଡିବିଆଇ ବ୍ୟାଙ୍କରୁ ପୁଞ୍ଜି ପ୍ରତ୍ୟାହାର କରାଯିବ। ଏହା ସହ ସରକାର ଖୁବ୍‌ଶୀଘ୍ର କିଛି ରାଷ୍ଟ୍ରାୟତ୍ତ ଉଦ୍ୟୋଗର ଅଫର ଫର ସେଲ୍ (ଓଏଫ୍‌ଏସ୍) ଘୋଷଣା କରିବେ ଓ କିଛି କମ୍ପାନୀର ଆଇପିଓ ଜାରି କରାଯିବ। ପୁଞ୍ଜି ପ୍ରତ୍ୟାହାର କରାଯିବାକୁ ଥିବା କମ୍ପାନୀ ମଧ୍ୟରେ ଓଏନ୍‌ଜିସି ଏବଂ ଏନ୍‌ଏଚ୍‌ପିସି ଭଳି ରାଷ୍ଟ୍ରାୟତ୍ତ କମ୍ପାନୀ ରହିଛି। ୟୁକୋ ବ୍ୟାଙ୍କ ଏବଂ ବ୍ୟାଙ୍କ ଅଫ୍ ମହାରାଷ୍ଟ୍ର ଭଳି ରାଷ୍ଟ୍ରାୟତ୍ତ ବ୍ୟାଙ୍କରେ ଥିବା ସରକାରୀ ଅଂଶଧନ ବିକ୍ରି ହୋଇପାରେ ବୋଲି ଏହି ସୂତ୍ରରୁ ସୂଚନା ମିଳିଛି। ସରକାରୀ ରାଜସ୍ୱ ବୃଦ୍ଧି କରିବା ଓ ବଜାରରେ ନିବେଶକମାନଙ୍କ ପାଇଁ ନୂତନ ସୁଯୋଗ ସୃଷ୍ଟି କରିବା ହେଉଛି ଏହାର ପ୍ରମୁଖ ଲକ୍ଷ୍ୟ ବୋଲି କୁହାଯାଉଛି।

ପ୍ରାକୃତିକ ସମ୍ପଦ କ୍ଷେତ୍ରର ଏକ ସରକାରୀ କମ୍ପାନୀ କିମ୍ବା ଏହାର ସହାୟକ କମ୍ପାନୀର ଚଳିତ ଆର୍ଥିକ ବର୍ଷରେ ସରକାର ▶ପୃଷ୍ଠା-୭

## ୧୦ ବର୍ଷର ତଥ୍ୟ ଆଧାରିତ ସିଏଜି ରିପୋର୍ଟ

# ୨୦୨୨-୨୩ରେ ଓଡ଼ିଶାର ରାଜସ୍ୱ ବଳକା ୧୯,୪୫୬ କୋଟି



### ନବୀନଙ୍କ ଶୃଙ୍ଖଳିତ ଆର୍ଥିକ ପରିଚାଳନାକୁ ସିଏଜିର ମୋହର

### ଖୁସି ବ୍ୟକ୍ତ ସହ ଓଡ଼ିଶାବାସୀଙ୍କୁ ଧନ୍ୟବାଦ ଜଣାଇଲେ ନବୀନ

■ ଭୁବନେଶ୍ୱର,୨୨।୯ (ସମିସ): ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଶୃଙ୍ଖଳିତ ଆର୍ଥିକ ପରିଚାଳନାକୁ ଦେଶବ୍ୟାପୀ ବିଭିନ୍ନ ସମୟରେ ପ୍ରଶଂସା କରାଯାଇଛି। ଏକ ଆର୍ଥିକ ନିଅଣ୍ଟିଆ ରାଜ୍ୟରୁ ଓଡ଼ିଶାକୁ ରାଜସ୍ୱ ବଳକା ରାଜ୍ୟରେ ରୂପାନ୍ତରିତ କରିବା ପଛରେ ନବୀନଙ୍କ ନେତୃତ୍ୱ ଏବଂ ପ୍ରଭାବୀ ଶାସନ ପ୍ରଣାଳୀ ଜାତୀୟସ୍ତରରେ ଉଚ୍ଚ ପ୍ରଶଂସିତ ହୋଇଛି। ନବୀନଙ୍କ ଏହି ଆର୍ଥିକ ସୁପରିଚାଳନା ଉପରେ ମୋହର ମାରିଛନ୍ତି ସିଏଜି। ୨୦୨୨-୨୩ ଆର୍ଥିକ ବର୍ଷରେ ଓଡ଼ିଶା ଦେଶରେ ଶ୍ରେଷ୍ଠ ୩ ରାଜସ୍ୱ ବଳକା ରାଜ୍ୟରେ ସାମିଲ ହୋଇଛି। ୨୦୧୩-୧୪ରୁ ୧୦ ବର୍ଷର ନବୀନ ସରକାରଙ୍କ ଆର୍ଥିକ ପରିଚାଳନାକୁ ଅନୁଶୀଳନ କରି ଏଭଳି ରିପୋର୍ଟ ପ୍ରକାଶ କରିଛନ୍ତି ମହାଲେଖାକାର। ସିଏଜିଙ୍କ ଉପରୋକ୍ତ ରିପୋର୍ଟକୁ ନେଇ ସାମାଜିକ ଗଣମାଧ୍ୟମ ଏକ୍ସରେ ପୋଷ୍ଟ କରି ଖୁସିବ୍ୟକ୍ତ କରିଛନ୍ତି ନବୀନ।

ସିଏଜିଙ୍କ ତଥ୍ୟ ଅନୁଯାୟୀ ୨୦୨୨-୨୩ରେ ରାଜ୍ୟର ବଳକା ରାଜସ୍ୱ ୧୯,୪୫୬ କୋଟି ଥିଲା। ଯାହା ସମଗ୍ର ଦେଶରେ ତୃତୀୟ। ୨୦୦୦ ମସିହାରେ ନବୀନ ଓଡ଼ିଶାର ଦାୟିତ୍ୱ ନେବା ସମୟରେ ଓଡ଼ିଶା ଏକ ଅଭାବୀ ତଥା ଆର୍ଥିକ ନିଅଣ୍ଟିଆ ରାଜ୍ୟ ଭାବେ ପରିଗଣିତ ହେଉଥିଲା। କର୍ମଚାରୀଙ୍କୁ ଦରମା ଦେବାକୁ ସରକାରଙ୍କ ପାଖରେ ଅର୍ଥ ନ ଥିବା ବେଳେ ରାଜ୍ୟର ଆର୍ଥିକ ସ୍ଥିତି ଚିନ୍ତାଜନକ ରହିଥିଲା। ମାତ୍ର ନେତୃତ୍ୱ ନେବାର କିଛିବର୍ଷ ମଧ୍ୟରେ ନବୀନ ଓଡ଼ିଶାର ଅର୍ଥନୀତିକୁ ସବଳ, ▶ପୃଷ୍ଠା-୭

# ଚୌଦ୍ୱାର ଥାନାରେ ହାଜତ ମୃତ୍ୟୁ !




### ପୁଲିସ ମାଡ଼ରେ ଅତିଷ୍ଠ ହୋଇ ବେକରେ ବେଲ୍ଟ ବାନ୍ଧି ଝୁଲିପଡ଼ିଲେ ଅଭିଯୁକ୍ତ

### ଏସିପିଙ୍କ ସମେତ ୩ ପୁଲିସ ନିଲମ୍ବିତ

■ କଟକ/ଚୌଦ୍ୱାର, ୨୨।୯ (ସମିସ): ପୁଲିସ ନିର୍ଯାତନା ସହି ନପାରି ହାଜତ ଭିତରେ ଝୁଲିପଡ଼ିଲେ ଅଭିଯୁକ୍ତ। ଚୌଦ୍ୱାର ଥାନା ବିରୋଧରେ ଆଜି ହାଜତ ମୃତ୍ୟୁ ଭଳି ଏକ ସାଂଘାତିକ ଅଭିଯୋଗ ଆସିଛି। ମୃତକ ହେଲେ, ଢେଙ୍କାନାଳ ଜିଲ୍ଲା ଶଙ୍କରପୁର ଅଞ୍ଚଳର ରସାନନ୍ଦ ନାୟକ (୩୯)। ଏହି ଘଟଣାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନିର୍ଦ୍ଦେଶକ୍ରମେ ଏସିପି ବିଶ୍ୱରଂଜନ ସାହୁଙ୍କ ସମେତ ସବ୍‌ଇନ୍ସପେକ୍ଟର୍ ନିରଞ୍ଜନ ଗୋଡ଼ା ଓ କନଷ୍ଟେବଲ୍ କମଳଲୋଚନ ମାଝୀଙ୍କୁ ନିଲମ୍ବିତ କରାଯାଇଛି।

ସୂଚନାନୁଯାୟୀ, ରସାନନ୍ଦଙ୍କୁ ଏକ ବାଇକ୍ ଚୋରି ଅଭିଯୋଗରେ ଚୌଦ୍ୱାର ପୁଲିସ ଗିରଫ କରିଥିଲା। ଥାନାର ନବୀକରଣ କାର୍ଯ୍ୟ ଚାଲୁଥିବାରୁ ପୁଲିସ ତାଙ୍କୁ ବାରାକରେ ରଖି ପଚରାଉଚରା କରୁଥିଲା। ଅଧିକ ତଥ୍ୟ ହାସଲ ନିମନ୍ତେ ପୁଲିସ୍ ନିସ୍ତୁକ ପିଟିଥିଲା। ଏପରିକି, ତାଙ୍କ ଭାଇଙ୍କ ଆଖି ସାମ୍ନାରେ ପୁଲିସ ଥାନା ପଛପଟ ରୁମ୍‌ରେ ଏକ ପାଇପ୍ ଯୋଗେ ତାଙ୍କୁ ନିସ୍ତୁକ ମାଡ଼ ମାରିଥିଲା ବୋଲି ତାଙ୍କ ଭାଇ ଅଭିଯୋଗ ଆଣିଛନ୍ତି। ପୁଲିସ ମାଡ଼ରେ ଅତିଷ୍ଠ ହୋଇ ରସାନନ୍ଦ ଗତକାଲି ବିଳମ୍ବିତ ରାତିରେ ନିଜ ପ୍ୟାଣ୍ଟରେ ପିନ୍ଧିଥିବା ବେଲ୍ଟକୁ ବେକରେ ବାନ୍ଧି ବାରାକ୍‌ରେ ଥିବା ପାଇଖାନା ଘରେ ଝୁଲି ପଡ଼ିଥିଲେ। ତାଙ୍କ ଚିତ୍କାର ଶୁଣି ଥାନାରେ ଥିବା କର୍ମଚାରୀ ▶ପୃଷ୍ଠା-୭

## ବିଧାନସଭାରେ ଗର୍ଜିଲା ବିଜେଡି

# ଗୃହ ଚାଲିଲା ୭ ମିନିଟ୍

## ଧୋଇଗଲା ପ୍ରଥମାର୍ଦ୍ଧ

### 'ପଞ୍ଚାୟତିରାଜ ବ୍ୟବସ୍ଥାର ହତ୍ୟା ଚଳିବ ନାହିଁ' ନାରାରେ କମ୍ପିଲା ଗୃହ



**ଗୃହ ବାହାରେ ବିଜେଡିର ପ୍ରତିକ୍ରିୟା: ନିର୍ବାଚିତ ପ୍ରତିନିଧିଙ୍କ କ୍ଷମତା ସଙ୍କୁଚିତ କରି ଐତିହାସିକ ତ୍ରୁଟି କରିଛନ୍ତି ସରକାର**

■ ଭୁବନେଶ୍ୱର, ୨୨।୯ (ସମିସ): ପଞ୍ଚାୟତିରାଜ ବ୍ୟବସ୍ଥାକୁ ରାଜ୍ୟ ସରକାର ହତ୍ୟା କରୁଥିବା ଅଭିଯୋଗ କରି ସୋମବାର ପ୍ରଥମାର୍ଦ୍ଧ ଅଚଳ କରିଛି ମୁଖ୍ୟ ବିରୋଧୀ ଦଳ ବିଜେଡି। ପଞ୍ଚାୟତିରାଜ ବ୍ୟବସ୍ଥାରେ ରାଜ୍ୟ ସରକାର ନିର୍ବାଚିତ ପ୍ରତିନିଧିଙ୍କ କ୍ଷମତାକୁ ସଙ୍କୁଚିତ କରି ବାବୁରାଜକୁ ପ୍ରଶ୍ରୟ ଦେଉଥିବା ଅଭିଯୋଗ ଆଣି ବିଜେଡି ବିଧାୟକମାନେ ଗୃହରେ ପ୍ରବଳ ନାରାବାଜି କରିଥିଲେ। ଫଳରେ ମାତ୍ର ୭ ମିନିଟ ଗୃହ ଚାଲିବା ପରେ ବାଚସ୍ପତି ସୁରମା ପାଢ଼ୀ ଗୃହକୁ ଅପରାହ୍ନ ୪ଟା ଯାଏଁ ମୁଲତବୀ ରଖିଥିଲେ।

ସୋମବାର ପ୍ରଶ୍ନକାଳ ଆରମ୍ଭ ହେବା ମାତ୍ରେ ବିଜେଡି ବିଧାୟକମାନେ ଗୃହର ମଧ୍ୟଭାଗକୁ ଆସି ପ୍ରବଳ ହଟ୍ଟଗୋଳ କରିଥିଲେ। ହାତରେ ପ୍ଲାକାର୍ଡ, ପୋଷ୍ଟର ଦେଇ ରାଜ୍ୟ ସରକାରଙ୍କ ବିରୋଧରେ ପ୍ରବଳ ନାରାବାଜି କରିଥିଲେ। ପଞ୍ଚାୟତିରାଜ ବ୍ୟବସ୍ଥା ଉପରେ କୁଠାରଘାତ ଚଳିବ ନାହିଁ, ଡବଲ ଇଞ୍ଜିନ ସରକାର ହାଏ ହାଏ, ମୋହନ ସରକାର ଡାଉନ ଡାଉନ, ନାରାରେ ଗୃହ କମ୍ପାଇଥିଲେ। ଏହି ସମୟରେ ସନାତନ ବିଜୁଳିଙ୍କର ଏକ ତାରକା ପ୍ରଶ୍ନର ଉତ୍ତର ମୁଖ୍ୟମନ୍ତ୍ରୀଙ୍କ ପକ୍ଷରୁ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ରଖୁଥିବା ବେଳେ ବିଜେଡି ସଦସ୍ୟଙ୍କ ନାରାବାଜି ଯୋଗୁଁ ଏହା ଶୁଣାଯାଉ ନ ଥିଲା। ଏପଟରେ ଗୃହ ନ ଚାଲିବା ପ୍ରତିବାଦରେ କଂଗ୍ରେସ ସଦସ୍ୟମାନେ ନିଜ ନିଜ ଆସନରେ ଛିଡ଼ାହୋଇ ପୋଷ୍ଟର ଦେଖାଇ ପ୍ରତିବାଦ କରିଥିଲେ। ବାଚସ୍ପତିଙ୍କ ବାରମ୍ବାର ଅନୁରୋଧ ସତ୍ତ୍ୱେ ବିଜେଡି ସଦସ୍ୟ ନିଜ ନିଜ ଆସନକୁ ନ ଫେରିବାରୁ ବାଚସ୍ପତି ଗୃହକୁ ୧୦ଟା ୩୭ ମିନିଟରୁ ଅପରାହ୍ନ ୪ଟା ଯାଏଁ ମୁଲତବୀ ରଖିଥିଲେ।

ବିଜେଡିର ପ୍ରତିବାଦ ସମ୍ପର୍କରେ ଗୃହ ବାହାରେ ପ୍ରତିକ୍ରିୟା ରଖି ବିଜେଡି ବିଧାୟକ ଗୌତମବୁଦ୍ଧ ଦାସ କହିଛନ୍ତି ଯେ ବର୍ତ୍ତମାନର ରାଜ୍ୟ ବିଜେପି ସରକାର ଗଣତନ୍ତ୍ରରେ ବିଶ୍ୱାସ କରନ୍ତି ନାହିଁ। ପ୍ରତି ମୂହୂର୍ତ୍ତରେ ଗଣତନ୍ତ୍ରର ତଣ୍ଟି ଚିପି ଚାଲିଛନ୍ତି। କ୍ୟାବିନେଟରେ ନିଷ୍ପତ୍ତି ବଳରେ ସରକାର ତ୍ରିସ୍ତରୀୟ ପଞ୍ଚାୟତିରାଜ ବ୍ୟବସ୍ଥାକୁ ଭୁଶୁଡ଼େଇ ଦେବା ପାଇଁ ▶ପୃଷ୍ଠା-୭

# କଂଗ୍ରେସର ଅନାସ୍ଥା ନୋଟିସ ଅଗ୍ରାହ୍ୟ

### ଗୃହତ୍ୟାଗ କରି ଗାନ୍ଧିମୂର୍ତ୍ତି ତଳେ କଂଗ୍ରେସ ସଦସ୍ୟଙ୍କ ଧାରଣା



### ବାଚସ୍ପତିଙ୍କ ଜରିଆରେ ଶାସକ ଦଳ ଗଣତନ୍ତ୍ରକୁ ହତ୍ୟା କରିଛି

■ ଭୁବନେଶ୍ୱର, ୨୨।୯ (ସମିସ): ରାଜ୍ୟ ସରକାର ବିରୋଧରେ କଂଗ୍ରେସ ପକ୍ଷରୁ ଆଗତ ଅନାସ୍ଥା ପ୍ରସ୍ତାବ ନୋଟିସକୁ ଅଗ୍ରାହ୍ୟ କରିଛନ୍ତି ବାଚସ୍ପତି ସୁରମା ପାଢ଼ୀ। ସୋମବାର ଅପରାହ୍ଣରେ ଏ ସଂକ୍ରାନ୍ତରେ ରୁଲିଂ ଦେଇ ବାଚସ୍ପତି କହିଛନ୍ତି ଯେ ଅନାସ୍ଥା ନୋଟିସ୍ ହସ୍ତଗତ ହେବାର ପରଦିନ ଏହାକୁ ଗୃହକୁ ଆଣିବାକୁ ନିର୍ଦ୍ଦେଶ ଦିଆଯାଇଥିଲା। ମାତ୍ର ଗୃହ ସ୍ୱାଭାବିକ ନ ଥିବାରୁ ଏହା ଗୃହକୁ ଆସି ପାରି ନ ଥିଲା। ଗୃହରେ ଅଚଳାବସ୍ଥା ଯୋଗୁଁ ନୋଟିସର ଅବଧି ସରିଯାଇଥିବାରୁ ଏହାକୁ ▶ପୃଷ୍ଠା-୭

## ଉପାନ୍ତରେ ବର୍ଷା ବିପ୍ଳାତ

# ବିପଦରେ ବଣ୍ଡା, କଳିଙ୍ଗା ଘାଟି

### ବଣ୍ଡାଘାଟି ରାଜପଥ ତଳୁ ଧସିଲା ମାଟି



■ ଖଇରପୁଟ, ୨୨।୯ (ସମିସ): ମାଲକାନଗିରି ଜିଲ୍ଲା ବଣ୍ଡାଘାଟି ଅଞ୍ଚଳକୁ ଯାତାୟାତ କରିବା ବିପଦମୟ ହୋଇପଡ଼ିଛି। ଜିଲ୍ଲାର ଖଇରପୁଟ ବ୍ଲକ ସଦର ମହକୁମାରୁ ବଣ୍ଡାଘାଟିକୁ ସଂଯୋଗ କରୁଥିବା ମୁଖ୍ୟ ରାସ୍ତାର ମାଙ୍କଡ଼ଝୋଲା ନିକଟରେ ରାସ୍ତା ତଳୁ ମାଟି ଖସିବା ଫଳରେ ଯାତାୟାତ ବିପଦପୂର୍ଣ୍ଣ ହୋଇ ପଡିଛି। ଗତ କିଛି ଦିନ ଧରି ଅବିରତ ପ୍ରବଳ ବର୍ଷା ପାଇଁ ପାହାଡ଼ରୁ ଆସୁଥିବା ବର୍ଷାଜଳ ସିଧାସଳଖ ରାସ୍ତା ଉପରେ ପଡ଼ିଥିବାରୁ ରାସ୍ତାର ତଳଭାଗ ଅତଡା ଖସିଯାଇଛି। ଫଳରେ ରାସ୍ତାର ଏକାଧିକ ଅଂଶ ଦୁର୍ବଳ ହୋଇପଡ଼ିଥିବାରୁ ଯାତାୟାତ ସ୍ୱାଭାବିକ ରହିପାରୁନି। ସୂଚନା ପାଇ ବିଡିଓ ଉମାଶଙ୍କର କୋୟା ଓ ତହସିଲଦାର ଘଟଣାସ୍ଥଳରେ ପହଞ୍ଚି ପରିସ୍ଥିତି ନେଇ ଆଲୋଚନା କରିଛନ୍ତି। ଯଦି ବର୍ଷା ଏଭଳି ଜାରି ରୁହେ, ତେବେ ଯାତାୟାତ ସମ୍ପୂର୍ଣ୍ଣ ଭାବେ ବନ୍ଦ ହେବାର ସମ୍ଭାବନା ରହିଛି। ବିଗତ ବର୍ଷ ମଧ୍ୟ ଏହି ସ୍ଥାନରେ ମାଟି ▶ପୃଷ୍ଠା-୭

### କଳିଙ୍ଗା ଘାଟିରୁ ପୁଣି ଖସିଲା ପଥର



■ ଜି.ଉଦୟଗିରି, ୨୨।୯ (ସମିସ): ଗଞ୍ଜାମ-କନ୍ଧମାଳ ସୀମାନ୍ତ କଳିଙ୍ଗା ଘାଟି ରାସ୍ତା ଆଜି ପୁଣି ଧୋଇଯାଇଛି। ମଙ୍ଗଳବାର ହୋଇଥିବା ଭୂ-ସ୍ଖଳନରେ ରାସ୍ତା ବିପର୍ଯ୍ୟସ୍ତ ହୋଇପଡ଼ିଥିବାରୁ ଏଠାରେ ନିର୍ମାଣ କାମ ଚାଲିଥିଲା। କିନ୍ତୁ, ପ୍ରବଳ ବର୍ଷା ଯୋଗୁଁ ଆଜି ପାହାଡ଼ରୁ ବଡ଼ବଡ଼ ପଥର ଖସିବା ସହ ମାଟି ଅତଡ଼ା ଧସିଥିଲା। ଏହାସହ ପାହାଡ଼ ଉପରୁ ଅତି ଜୋର୍‌ରେ ପାଣିସ୍ରୋତ ଆସିବାରୁ ସେଠାରେ କାମ କରୁଥିବା ଶ୍ରମିକମାନେ ଭୟରେ ଦୌଡ଼ି ପଳାଇଥିଲେ। ଏଥିରେ, ରାସ୍ତାକାମ ପାଇଁ ଗଦା ହୋଇଥିବା ବାଲି, ଗୋଡ଼ି, ମାଟି ସବୁ ଧୋଇ ହୋଇଯାଇଥିଲା। ରାସ୍ତା କାମରେ ପ୍ରତିଦିନ ବର୍ଷା ପ୍ରତିବନ୍ଧକ ସାଜୁଥିବା ବେଳେ ଆଗକୁ ଲଘୁଚାପ ଥିବାରୁ ଏହାକୁ ନେଇ ବିଭାଗୀୟ ଅଧିକାରୀଙ୍କ ଚିନ୍ତା ବଢ଼ିଛି।

ଅପରପକ୍ଷେ, ଭୂ-ସ୍ଖଳନକୁ ୭ ଦିନ ବିତିଥିଲେ ମଧ୍ୟ ଏପର୍ଯ୍ୟନ୍ତ ଏହି ଘାଟି ରାସ୍ତାରେ ଯାତାୟାତ ସ୍ୱାଭାବିକ ହୋଇପାରିନାହିଁ। ଏଭଳି ସ୍ଥିତିରେ ଅସ୍ଥାୟୀ ରାସ୍ତା ବାହାର କରିବାକୁ ଆପ୍ରାଣ ଉଦ୍ୟମ ଜାରି ରହିଥିଲା। ଏବେ ▶ପୃଷ୍ଠା-୭

## ଦୁଇ ଲଘୁଚାପ ଆଣୁଛି ବଡ଼ ବର୍ଷା

# ଏଥର ଫିକା ପଡ଼ିବ ପାର୍ବଣ !

■ ଭୁବନେଶ୍ୱର, ୨୨।୯ (ସମିସ): ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହୋଇଥିବା ବେଳେ ତା' ପଛକୁ ଦାନା ବାନ୍ଧୁଛି ଆଉ ଗୋଟିଏ ଲଘୁଚାପ। ଏହା ଆସନ୍ତା ୨୫ ତାରିଖରେ ସୃଷ୍ଟି ହେବାର ଯଥେଷ୍ଟ ସମ୍ଭାବନା ରହିଛି। ଫଳରେ ଆସନ୍ତା ୨୮ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ ପ୍ରବଳ ବର୍ଷା ଲାଗି ରହିବା ନେଇ ଆଞ୍ଚଳିକ ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି। ସମ୍ଭାବ୍ୟ ଲଘୁଚାପ ଅଧିକ ଘନୀଭୂତ ହୋଇ ଅବପାତର ରୂପ ନେଇପାରେ ବୋଲି ପାଣିପାଗ କେନ୍ଦ୍ର ଆକଳନ କରିଛି। ଏହାଦ୍ୱାରା ରାଜ୍ୟର ଅନେକ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହୋଇପାରେ। ତେଣୁ ଏଥର ପାର୍ବଣ ଫିକା ପଡ଼ିବାର ଆଶଙ୍କା ରହିଛି।

ସୋମବାର ସକାଳେ ଉତ୍ତର-ପୂର୍ବ ବଙ୍ଗୋପସାଗର ଏବଂ ଏହାର ଆଖପାଖ ଅଞ୍ଚଳରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି। ଏହା ସହିତ ଜଡ଼ିତ ଘୂର୍ଣ୍ଣିବଳୟ ସମୁଦ୍ର ପତ୍ତନଠାରୁ ୫.୮ କିଲୋମିଟର ଉଚ୍ଚତା ପର୍ଯ୍ୟନ୍ତ ବ୍ୟାପୀ ରହିଛି। ଏହା ଆଗାମୀ ୨୪ ଘଣ୍ଟା ମଧ୍ୟରେ ପଶ୍ଚିମ-ଉତ୍ତରପଶ୍ଚିମ ଦିଗରେ ଉତ୍ତର-ପଶ୍ଚିମ ବଙ୍ଗୋପସାଗରର ଆଡ଼କୁ ଗତି କରିବାର ସମ୍ଭାବନା ରହିଛି। ଏହା ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ସୋମବାର ସନ୍ଧ୍ୟା ସୁଦ୍ଧା କୋରାପୁଟରେ ସର୍ବାଧିକ ୮୦ ମିମି ବର୍ଷା ହୋଇଥିବା ବେଳେ ଟିଟିଲାଗଡ଼ ଓ ସମ୍ବଲପୁରରେ ୩୯ ମିମି ଲେଖାଏଁ ବର୍ଷା ରେକର୍ଡ କରାଯାଇଛି। ଏହାସହିତ ଭଦ୍ରକ ୩୭, ବଲାଙ୍ଗିର ୨୪ ଓ ବୌଦ୍ଧରେ ୨୦ ମିମି ବର୍ଷା ରେକର୍ଡ ହୋଇଛି।

ଏହି ଲଘୁଚାପ ପ୍ରଭାବରେ ରାଜ୍ୟରେ କିଛି ପରିମାଣରେ ବର୍ଷା ଜାରି ରହିବ। ▶ପୃଷ୍ଠା-୭





# ପୀଠରେ ମା'ଙ୍କ ଷୋଡ଼ଶ ଉପଚାର ପୂଜା


କଟକ ଚଣ୍ଡୀଙ୍କ ହରଚଣ୍ଡୀ ବେଶ


ଗଡ଼ଚଣ୍ଡୀଙ୍କ ରାଜରାଜେଶ୍ୱରୀ ବେଶ


ଝାଞ୍ଜିରୀମଙ୍ଗଳାଙ୍କ ସରସ୍ୱତୀ ବେଶ


ବାସନ୍ତୀ ଦୁର୍ଗାଙ୍କ କାତ୍ୟାୟନୀ ବେଶ


ଧାକୁଲେଇଙ୍କ ଦକ୍ଷିଣକାଳୀ ବେଶ

# ଗଣେଶ ଭସାଣିରେ ଗଣ୍ଡଗୋଳ; ୪ ଗିରଫ

କଟକ,୨୨।୯(ସମିସ):



ଗଣେଶ ଭସାଣି ସମୟରେ ବିଡାନାସୀ ଅଞ୍ଚଳର ୨ ଗୋଷ୍ଠୀ ମଧ୍ୟରେ ଗଣ୍ଡଗୋଳ ଘଟିଛି। ଆକ୍ରମଣ ପ୍ରତିଆକ୍ରମଣରେ ୨ ଜଣ ଆହତ ହୋଇଛନ୍ତି। ଏହି ଘଟଣାରେ ଲାଲବାଗ ଥାନା ପୁଲିସ ମୋଟ ୪ ଜଣଙ୍କୁ ଗିରଫ କରିଛି। ଅଭିଯୁକ୍ତମାନେ ହେଲେ ବିଡାନାସୀ ଗୋପାଳ ସାହିର ଚୁଇନା ଓରଫ ସୁନିଲ କୁମାର ବେହେରା(୩୬), ଦିପୁ ଓରଫ ବିକ୍ରମ କେଶରୀ ବେହେରା(୪୦), ବିକି ଓରଫ ମନୋଜ ବେହେରା(୨୫) ଓ ଦିଲ୍ଲୀପ କୁମାର ସାମଲ (୨୫)। ଆଜି ସମସ୍ତ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରାଯାଇଥିବା ବେଳେ ଜାମିନ ନାମଞ୍ଜୁର ହେବାରୁ ସମସ୍ତଙ୍କୁ ଚୌଦ୍ୱାର ଜେଲ୍‌କୁ ପଠାଇ ଦିଆଯାଇଛି।

ପୁଲିସ ସୂଚନା ଅନୁସାରେ, ରବିବାର ସହରରେ ବୁଢା ଗଣେଶ ଭସାଣି ଉତ୍ସବ ଅନୁଷ୍ଠିତ ହୋଇଥିଲା। ଏଥିରେ ବିଡାନାସୀ ଗୋପାଳ ସାହି ମଙ୍ଗଳାଛକ ସ୍ଥିତ ଏକ କ୍ଲବର ପ୍ରତିମା ଶୋଭାଯାତ୍ରାରେ ଚାନ୍ଦିନଚୌକ ଦେଇ ଦେବୀଗଡା ଅଭିମୁଖେ ଯାଉଥିଲା। ଶତାଧିକ ଯୁବକ ଏଥିରେ ସାମିଲ ହୋଇଥିଲେ। ତେବେ ନାଚକୁଦ ସମୟରେ ଚାନ୍ଦିନଚୌକ ଅଞ୍ଚଳରେ ହଠାତ ୨ ଯୁବ ଗୋଷ୍ଠୀ ମୁହାଁମୁହିଁ ହୋଇଥିଲେ। ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ପ୍ରଥମେ ଠେଲାପେଲା ଓ ପରେ ହାତାହାତି ହୋଇଥିଲେ। ଚୁଇନା, ଦୀପୁ ଓ ବିକି ମିଶିକରି ଦିଲ୍ଲୀପ ଓ ତାର ସାଙ୍ଗମାନଙ୍କୁ ନିସ୍ଥୁକ ମାଡ ମାରିଥିଲେ। ଏମିତିକି ନିଶାସକ୍ତ ଅବସ୍ଥାରେ ଥିବା ଚୁଇନା ଲୁଚାଇ ରଖିଥିବା ଏକ ଛୁରୀରେ ଦିଲ୍ଲୀପକୁ ଆକ୍ରମଣ କରିଥିଲା। ଏହି ସମୟରେ ଦିଲ୍ଲୀପ ହାତ ଦେଖାଇଦେବାରୁ ଛୁରୀରେ ତାଙ୍କ ପାପୁଲି କଟି ଯାଇଥିଲା। ଅପରପକ୍ଷେ ଦିଲ୍ଲୀପ ପିନ୍ଧିଥିବା ଏକ କଡାରେ ଚୁଇନାର ମୁଣ୍ଡକୁ ଆକ୍ରମଣ କରିଥିଲା। ଏଥିରେ ଚୁଇନାର ମୁଣ୍ଡ ଫାଟି ଯାଇଥିଲା। ଏହା ଦେଖି ପୁଲିସ ପହଞ୍ଚି ଗଣ୍ଡଗୋଳକାରୀଙ୍କୁ ଅଟକାଇବାକୁ ଉଦ୍ୟମ କରିଥିଲା। ମାତ୍ର ପୁଲିସ କର୍ମଚାରୀଙ୍କୁ ଉତ୍ତ୍ୟକ୍ତ ଯୁବକମାନେ ଦୁର୍ବ୍ୟବହାର କରିଥିଲେ। ଏଭଳି ସ୍ଥିତିରେ ପୁଲିସ ଶୋଭାଯାତ୍ରାକୁ କିଛି ସମୟ ପାଇଁ ବନ୍ଦ କରିଦେଇଥିଲା। ଏହାପରେ ସେଠାରୁ ଆହତମାନଙ୍କୁ ଆଣି ମେଡିକାଲ ପଠାଇଥିଲା। ଏନେଇ ଦିଲ୍ଲୀପର ଅଭିଯୋଗକ୍ରମେ ପୁଲିସ ଚୁଇନା, ଦୀପୁ ଓ ବିକିକୁ ଗିରଫ କରିଛି। ସେହିପରି ପାଲଟା ଏତଲାରେ ପୁଲିସ ଦିଲ୍ଲୀପକୁ ଗିରଫ କରିବା ସହ ସମସ୍ତ ଅଭିଯୁକ୍ତଙ୍କୁ ଜେଲ ପଠାଇ ଦିଆଯାଇଛି ବୋଲି ଥାନା ଅଧିକାରୀ ସୁଧାଂଶୁ ଭୂଷଣ ଜେନା ସୂଚନା ଦେଇଛନ୍ତି।

# ଉପର ପଡ଼ିଆରେ ବାଲିଯାତ୍ରା ନ କରିବା ନିଷ୍ପତ୍ତିକୁ ମେୟରଙ୍କ ବିରୋଧ

**କଟକ,୨୨।୯(ସମିସ):** କଟକ ଜିଲ୍ଲା ପ୍ରଶାସନର ଉପର ପଡ଼ିଆରେ ବାଲିଯାତ୍ରା ନ କରିବା ନିଷ୍ପତ୍ତିକୁ ଦୃଢ଼ ବିରୋଧ କରିଛନ୍ତି କଟକ ମେୟର ସୁବାଷ ସିଂହ। ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ମେୟର ଶ୍ରୀ ସିଂହ କହିଛନ୍ତି ଉପର ପଡିଆରେ ଯେହେତୁ ପ୍ରଥମେ ବାଲିଯାତ୍ରା ଆରମ୍ଭ ହୋଇଥିଲା ତେଣୁ ଉପର ପଡିଆ ସହ ବାଲିଯାତ୍ରାର ଐତିହ୍ୟ ଯୋଡି ହୋଇ ରହିଛି। ପରମ୍ପରା ଦୃଷ୍ଟିରୁ ଉପର ପଡିଆକୁ ବାଦ୍ ଦେଇ ବାଲିଯାତ୍ରା ଆୟୋଜନ କଳ୍ପନା କରାଯାଇପାରିବ ନାହିଁ। ଏ ନେଇ ମୁଖ୍ୟମନ୍ତ୍ରୀ ଓ ମୁଖ୍ୟ ଶାସନ ସଚିବଙ୍କୁ ଚିଠି ଲେଖିଥିବା ଶ୍ରୀ ସିଂହ କହିଛନ୍ତି। ପ୍ରଶାସନ ଭିଡ ନିୟନ୍ତ୍ରଣ ପାଇଁ ଉପର ବାଲିଯାତ୍ରା ପଡ଼ିଆରେ ପାର୍କିଂ ବ୍ୟବସ୍ଥା କରିବା ପାଇଁ ନିଷ୍ପତ୍ତି ନେଇଥିବା ସୂଚନା ଦେଇଥିଲେ। ଉପର ବାଲିଯାତ୍ରା ପଡିଆରେ ପାର୍କିଂ ବ୍ୟବସ୍ଥା ଏକ ଅବାସ୍ତବ ପରିକଳ୍ପନା। ଯଦି ଉପର ପଡିଆରେ କେବଳ ପାର୍କିଂ କରାଯାଏ, ତେବେ ଉପର ପଡିଆରେ ହଜାର ହଜାର ଗାଡି ସହ ଲୋକଙ୍କ ଭିଡ ଜମିବ ଓ ଭିଡ ନିୟନ୍ତ୍ରଣ ସମ୍ଭବ ହେବ ନାହିଁ ବୋଲି ମେୟର ଶ୍ରୀ ସିଂହ ପ୍ରକାଶ କରିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ଡେପୁଟି ମେୟର ଦମୟନ୍ତୀ ମାଝୀ ଓ କର୍ପୋରେଟର ଲକ୍ଷ୍ମୀପ୍ରିୟା ବେହେରା ପ୍ରମୁଖ ଉପସ୍ଥିତ ଥିଲେ।




# ଗିଂବନ୍ଧରେ ଦୁର୍ଘଟଣା; କାର ଜବତ

**କଟକ,୨୨।୯(ସମିସ):** ମର୍କତନଗର ସେକ୍ଟର ୭ନଂ ଗିଂବନ୍ଧ ଗଡା ନିକଟରେ ଦୁର୍ଘଟଣା ଘଟିଛି। ଏକ ଦ୍ରୁତଗାମୀ କାର ୨ଟି ଗାଈଙ୍କୁ ଧକ୍କା ଦେଇଛି। ନିଶାସକ୍ତ ଅବସ୍ଥାରେ ଜଣେ ମହିଳା ଏଭଳି ଦୁର୍ଘଟଣା ଘଟାଇଥିବା ଜଣାପଡିଛି। ରବିବାର ବିଳମ୍ବିତ ରାତିରେ ମହିଳା ଜଣକ ଏକ କାରରେ କାଠଯୋଡି ଗିଂବନ୍ଧରେ ବେଲିଭ୍ୟୁ ଛକ ଆଡକୁ ଯାଉଥିଲେ। ଏତିକିବେଳେ ସେକ୍ଟର ୭ନଂ ଗଡା ନିକଟରେ ସେ ଭାରସାମ୍ୟ ହରାଇ ରାସ୍ତା କଡରେ ଶୋଇଥିବା ଦୁଇଟି ଗାଈକୁ ଧକ୍କା ଦେଇଥିଲେ। ଏହା ଦେଖି କିଛି ପଥଚାରୀ ପୁଲିସକୁ ଜଣାଇଥିଲେ। ମର୍କତନଗର ଥାନା ପୋଲିସ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚିଥିଲା। ଗାଡି ଧକ୍କାରେ ଗାଈ ୨ଟି ସାମାନ୍ୟ ଆହତ ହୋଇଥିଲେ। ଯାଞ୍ଚ ସମୟରେ ଜଣାପଡିଲାକି, ଗାଡି ଚଳାଉଥିବା ମହିଳା ଜଣକ ନିଶାସକ୍ତ ଅବସ୍ଥାରେ ଅଛନ୍ତି। ତେଣୁ ପୁଲିସ ସଂଗେ ସଂଗେ ତାଙ୍କୁ ମେଡିକାଲ ପଠାଇଥିଲା। ଏହି ଘଟଣାରେ ପୁଲିସ ମଦ୍ୟପାନ କରି ଗାଡି ଚଳାଇବା ନେଇ ମାମଲା ରୁଜୁ କରି କାରଟିକୁ ଜବତ କରିଛି।

# ମୋକିମ ଫାଉଣ୍ଡେସନ ପକ୍ଷରୁ ରବି ନାରାୟଣ ରଥଙ୍କ ଚିତ୍ର ପ୍ରଦର୍ଶନୀ ଉଦ୍‌ଘାଟିତ




**କଟକ,୨୨।୯(ସମିସ):** ଆଜି ମୋକିମ ଫାଉଣ୍ଡସେନ ଦ୍ୱାରା ଆୟୋଜିତ ଭାସ୍କର୍ଯ୍ୟ ଶିଳ୍ପୀ ରବି ନାରାୟଣ ରଥଙ୍କ ଚିତ୍ର ପ୍ରଦର୍ଶନୀ ରବିକିରଣ କାର୍ଯ୍ୟକ୍ରମ ସିଡିଏ ସେକ୍ଟର-୬ ସ୍ଥିତ ୱିଣ୍ଡସର ପ୍ୟାଲେସ ଠାରେ ଉଦଘାଟିତ ହୋଇଯାଇଛି। ଏଥିରେ ଶ୍ରୀ ରଥଙ୍କର ବିଭିନ୍ନ ଚିତ୍ର, ଭାସ୍କର୍ଯ୍ୟ ଏବଂ ସ୍କେଚ କଳାକୃତି ପ୍ରଦର୍ଶନୀ କରାଯାଇଛି। ଏହି ଉଦଘାଟନୀ ଉତ୍ସବରେ ମୋକିମ ଫାଉଣ୍ଡେସନର ପ୍ରତିଷ୍ଠାତା ତଥା ପୂର୍ବତନ ବିଧାୟକ ମହମ୍ମଦ ମୋକିମ, ଜଷ୍ଟିସ ଅରୁଣ ପରିଚ୍ଛା, ପ୍ରଫେସର ସତ୍ୟ ନାରାୟଣ ପଣ୍ଡା, ଗୌତମ ଶିଦ୍ଦିକି, ଡ. ମିହିର ପଣ୍ଡା, ଶିଳ୍ପୀ ମହେନ୍ଦ୍ର ପ୍ରସାଦ ମହାପାତ୍ର, ପ୍ରଫେସର ରବୀନ୍ଦ୍ର ମିଶ୍ର, ବରିଷ୍ଠ ନେତ୍ରୀ ଗିରିବାଳା ବେହେରା, ଆଇନଜୀବୀ ଶୈଳବାଳା ଜେନା ପ୍ରମୁଖ ଅତିଥି ଯୋଗଦେଇ ଏହି ଚିତ୍ର କଳା କାର୍ଯ୍ୟକ୍ରମକୁ ଉଦଘାଟିତ କରିବା ସହ ବୁଲି ଦେଖିଥିଲେ। ଅତିଥିଙ୍କୁ ମୋକିମ ଫାଉଣ୍ଡେସନ ପକ୍ଷରୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସ୍ୱାଗତ କରାଯାଇଥିଲା। ଏହି ଅବସରରେ ଅତିଥିଙ୍କ ଦ୍ୱାରା ରବିକିରଣ ନାମକ ଏକ ପୁସ୍ତକ ଉନ୍ମୋଚନ କରାଗଲା। ଏଥିରେ କଟକ ସହର ବିଭିନ୍ନ ଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀଙ୍କ ସମେତ ବହୁ ଦର୍ଶକ ଆସି ଶ୍ରୀ ରଥଙ୍କ ଦ୍ୱାରା ସଦ୍ୟ ନିର୍ମିତ କଳା ପରିଦର୍ଶନ କରିବା ସହିତ ଏହାର ନିର୍ମାଣ ଶୈଳୀ ବିଷୟରେ ମଧ ବୁଝିଥିଲେ। ଏହି ଅବସରରେ ପଦ୍ମଶ୍ରୀ ଶ୍ୟାମାମଣୀ ଦେବୀ, ଉଦୟ ଶଙ୍କର ରାୟ, ଡ. ବିବେକାନନ୍ଦ ସିଂ, ଭାଗବତ ଶୁକ୍ଳା, ସାହିତ୍ୟିକ ସତ୍ୟ ଦାସ ଆଦି ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମ ଦୁଇ ଦିନ ଧରି ଚାଲୁ ରହିବ। ଶେଷରେ ଆଇନଜୀବୀ କୈଳାସ ଶତପଥି ଧନ୍ୟବାଦ ଦେଇଥିଲେ। ଶିଳ୍ପୀ ପ୍ରଣବ ଅଖଣ୍ଡ ସଂଯୋଜନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଫାଉଣ୍ଡେସନର ସଭ୍ୟ ସକୀଲ ଖାନ, ସତ୍ୟ ରଞ୍ଜନ କର, କମର ଆଲମ ବକ୍ସ ପ୍ରମୁଖ ଏଥିରେ ସହଯୋଗ କରିଥିଲେ।

# ସାମନ୍ତସାହି ଷୋଳପୁଅ ମା ପୂଜାରେ ଯୋଗଦେଲେ ପ୍ରଭାତ ଓ ରଞ୍ଜନ



**କଟକ,୨୨।୯(ସମିସ):** କଟକ ସାମନ୍ତସାହି ଷୋଳପୁଅ ମା' ପୂଜାରେ ଯୋଗଦାନ କରି ମା'ଙ୍କ ସୁବାଶିଷ ଲାଭ କଲେ ଚୌଦ୍ୱାର କଟକ ପୂର୍ବତନ ବିଧାୟକ ଡ. ପ୍ରଭାତ ରଞ୍ଜନ ବିଶ୍ୱାଳ, ଇଷ୍ଟକୋଷ୍ଟ ରେଲୱେ ଡିଆରୟୁସିସି ମେମ୍ବର ଡ. ରଞ୍ଜନ ବିଶ୍ୱାଳ, କଟକ ମହାନଗର ୨୪ ନମ୍ବର ୱାର୍ଡ କର୍ପୋରେଟର ତଥା ସ୍ୱାସ୍ଥ୍ୟ କମିଟି ଅଧକ୍ଷା ଦିପ୍ତୀମୟୀ ମୂଳିଆ ଏବଂ ଅନ୍ୟ ସଦସ୍ୟମାନେ ଉପସ୍ଥିତ ଥିଲେ।

# ବସନ୍ତ ନାୟକ ଫାଉଣ୍ଡେସନ ତରଫରୁ ଚକ୍ଷୁ ପରୀକ୍ଷା ଶିବିର



**କଟକ,୨୨।୯(ସମିସ):** ବରିଷ୍ଠ ପ୍ରଯୋଜକ ସ୍ୱର୍ଗତ ବସନ୍ତ ନାୟକଙ୍କ ସୁପୁତ୍ର ସଞ୍ଜୟ ନାୟକ (ଟୁଟୁ) ଙ୍କ ଦ୍ୱାରା ଗତ କାଲି ବସନ୍ତ ନାୟକ ଫାଉଣ୍ଡେସନ ତରଫ ରୁ କଟକର ବାରବାଟୀ ପାଲେସରେ ନିଃଶୁଳ୍କ ଚକ୍ଷୁ ପରୀକ୍ଷା ଓ ମାଗଣା ଚଷମା ବଣ୍ଟନ କାଜ୍ୟକର୍ମ ଶିବିର ଆୟୋଜନ କରାଯାଇଥିଲା। କଟକ୍ ତଥା ଆଖପାଖ ଅଞ୍ଚଳର ସାଧାରଣ ଗରିବ, ଖଟିଖିଆ, ମହିଳା, ବୃଦ୍ଧା ଯୁବକ ଓ ଯୁବତୀଙ୍କର ପରୀକ୍ଷା କେନ୍ଦ୍ରରେ ଭିଡ଼ ପରିଲକ୍ଷିତ ହୋଇଥିଲା। ଏହି କାର୍ଯ୍ୟକ୍ରମକୁ ଅଭିନେତ୍ରୀ ବର୍ଷା ପ୍ରିୟଦର୍ଶିନୀ, କୁନା ତ୍ରିପାଠୀ, ଶ୍ରୀତମ ଦାସ,ପୁନମ ମିଶ୍ର, ଡିସ୍କୋ ରେଡ୍ଡୀ, ସଞ୍ଜୟ ମହାକୁଡ, ଜ୍ୟୋତି ରଂଜନ ମହାନ୍ତି, ଟିକି ପଟ୍ଟନାୟକ, ସକିଲ ଅହମ୍ମଦ ଓ ଟୁଟୁ ନାୟକଙ୍କ ପତ୍ନୀ ନିତୁ ନାୟକ ପରିଚାଳନା କରିଥିଲେ। ଏହି ଭଳି ସାମାଜିକ କାର୍ଯ୍ୟକ୍ରମ ଓ ତାର ବାର୍ତ୍ତା ସବୁ ବେଳେ ଜାରି ରଖିବା କୁ ସମସ୍ତ ବୁଦ୍ଧିଜୀବୀ ଟୁଟୁ ନାୟକ ଙ୍କ ଉପରେ ଆସ୍ଥା ପ୍ରକଟ କରିଛନ୍ତି। ସ୍ୱର୍ଗତ ବସନ୍ତ ନାୟକଙ୍କ ପୁତ୍ର ସଞ୍ଜୟ ନାୟକ ଏହି କାର୍ଯ୍ୟକ୍ରମ ସବୁ ବେଳେ ଜାରିରଖିବା କୁ ସଂକଳ୍ପବଦ୍ଧ ବୋଲି ନିଜ ଅଭିଭାଷଣରେ ପ୍ରକାଶ କରିଛନ୍ତି।



**ପାର୍ବଣ ତା'ର କଅଁଳ ପାଦ ସ୍ପର୍ଶ କରି ସ୍ଥିତି ଜାହିର୍ କରି ସାରିଲାଣି। ମହାନଦୀ ଓ କାଠଯୋଡିର ଉତ୍ତାଳ ଜଳରାଶିରେ ଖେଳି ଗଲାଣି ପାର୍ବଣର ଖିଆଲି ତରଙ୍ଗ। ମର୍କତନଗରରୁ ମହାନଦୀବିହାର ଭିତରେ ଫିକାଫିକା ଲାଗୁଥିବା ଐତିହାସିକ କଟକ ନଗରୀ କ୍ରମଶଃ ପାର୍ବଣର ରଙ୍ଗରେ ରଙ୍ଗେଇ ହେଲାଣି। ଅଗ୍ରପୂଜ୍ୟ ଗଜାନନଙ୍କ ପୂଜାରେ ସହରରେ ପାଦ ଥାପି ଥିବା ପାର୍ବଣ କାର୍ତ୍ତିକେଶ୍ୱର ପୂଜା ପରେ ବିଦାୟ ନେବ। ଏହାରି ଭିତରେ ଦେଇଯିବ ଅନେକ ପାସୋରା ଆଉ ଅପାସୋରା ଘଟଣା। ଆଉ କିଛି ଦିନ ପରେ ଦଶହରା। ନିର୍ମଳ ଆଶ୍ୱୀନକୁ ସ୍ୱାଗତ କରିବାକୁ ନଦୀ ପଠାରେ ଖିଲିଖିଲି ହସିଲାଣି କାଶତଣ୍ଡୀ...**

# ଝଲସିବ ୬୫ ଫୁଟ୍‌ର ଲାଇଟ୍ ଗେଟ୍

କଟକ,୨୨।୯(ସମିସ):

ସାଜସଜ୍ଜା ପାଇଁ ସ୍ୱତନ୍ତ୍ର ପରିଚୟ ବଜାୟ ରଖିଛି ଚାଉଳିଆଗଞ୍ଜ ପୂଜା କମିଟି। ୧୯୨୫ ମସିହାରେ ଏକ ଚାଳ ଘରେ ହରପାର୍ବତୀଙ୍କ ପୂଜାର୍ଚ୍ଚନା କରାଯାଉଥିଲା। ୧୯୬୨ ମସିହାରେ



ଆରମ୍ଭ ହୋଇଥିଲା ଦେବୀ ଦୁର୍ଗାଙ୍କ ଉପାସନା। ଆଜିକୁ ୬୩ବର୍ଷ ହେବ ଏହି ପୂଜା ମଣ୍ଡପରେ ଶାରଦୀୟ ଦୁର୍ଗା ପୂଜା କରାଯାଇ ଆସୁଅଛି। ଚଳିତବର୍ଷ ଦୁର୍ଗା ପୂଜା ପାଇଁ କମିଟି ପକ୍ଷରୁ ୨୦ଲକ୍ଷ ଟଙ୍କା ବଜେଟ୍ କରାଯାଇଛି। ଦୁଇଟି ଏଲଇଡି ଲାଇଟ ଗେଟ୍ ବ୍ୟବସ୍ଥା କରାଯିବ। ଗୋଟିଏ ରହିବ ଓଏମ୍‌ପି ପଟୁ ଚାଉଳିଆଗଞ୍ଜ ପ୍ରବେଶ ପଥରେ, ଯାହାକି କେରଳର କାତ୍ୟାୟନୀ ମନ୍ଦିର ସଦୃଶ ଦେଖାଯିବ। ଏହାର ଉଚ୍ଚତା ୬୫ ଫୁଟ୍ ରହିବ। ସେହିପରି ଆଉ ଏକ ଲାଇଟ ଗେଟ୍ ଚାଉଳିଆଗଞ୍ଜରୁ ନୂଆବଜାର ପଟକୁ ଲଗାଯିବ। ଏହାର ଉଚ୍ଚତା ୬୫ ଫୁଟ୍ ଓ ଚଉଡା ୪୨ ଫୁଟ୍ ରହିବ। ଏହି ପୂଜା ମଣ୍ଡପରେ ବଙ୍ଗୀୟ ପରମ୍ପରାରେ ପୂଜାର୍ଚ୍ଚନା କରାଯାଏ। ୪୨ମୌଜା ଅଞ୍ଚଳର ପୂଜକ ମାନସ ଆଚାର୍ଯ୍ୟ ମୁଖ୍ୟ ପୂଜକ ଭାବେ ପୂଜାର୍ଚ୍ଚନା କରିଥାନ୍ତି। ୧୯୯୯ ମସିହାରେ ଚାନ୍ଦି ମେଢ଼ କରାଯାଇଥିଲା। ପରେ ୨୦୦୭ ମସିହାରେ ମା' ଦୁର୍ଗାଙ୍କର ସୁନାର ମୁକୁଟ କରାଯାଇଛି। ଚାନ୍ଦି ମେଢ ସମେତ ଅନ୍ୟାନ୍ୟ ଅଳଙ୍କାର ୪.୫ କ୍ୱିଣ୍ଟାଲ ଓଜନର ରହିଥିବା ବେଳେ ସୁନା ମୁକୁଟ ସମେତ ମା'ଙ୍କ ହାର, ନୋଥ, କାନଫୁଲ, ମଥାମଣି, କଣ୍ଠମାଳ ଆଦି ୫ କେଜି ୫ଶହ ଗ୍ରାମ ଓଜନର ରହିଛି। ଚଳିତଥର ଆଉ ୧ କେଜି ଓଜନର ଚାନ୍ଦିର ଅଳଙ୍କାର ଯୋଡାଯିବ। ବିଜୟା ଦଶମୀରେ ଏଠାରେ ପ୍ରାୟ ୧୦ହଜାର ଶ୍ରଦ୍ଧାଳୁଙ୍କ ପାଇଁ ଦହି ପଖାଳର ବ୍ୟବସ୍ଥା କରାଯିବ।

**ଚାଉଳିଆଗଞ୍ଜ ପୂଜା କମିଟି**

## ଭସାଣିରେ ପାରମ୍ପରିକ ବାଦ୍ୟ



ଚାଉଳିଆଗଞ୍ଜ ପୂଜା କମିଟି ପକ୍ଷରୁ ଚଳିତବର୍ଷ ପ୍ରଶାସନର ସଚେତନତା ମୁତାବକ ପୂଜା ଓ ଭସାଣି ଯାତ୍ରା କରାଯିବ। ଐତିହ୍ୟ, ସଂସ୍କୃତିକୁ ବଜାୟ ରଖିବାକୁ କମିଟି ପକ୍ଷରୁ ସର୍ବଦା ପ୍ରୟାସ ଜାରି କରାଯାଇଛି। ଭସାଣିରେ ପ୍ରମୁଖ ସ୍ଥାନରୁ ହାତ ବାଜା ଅଣାଯିବ। ଭଦ୍ରେଶ୍ୱର ଘଣ୍ଟ, ଢେଙ୍କାନାଳ ମାଦଳ, ଯାଜପୁର ବ୍ୟାଣ୍ଡ ପାର୍ଟି, ରଘୁନାଥପୁର ଯୋଡି ଶଙ୍ଖ, ପଞ୍ଜାବୀ ବାଜା ସମେତ ପାରମ୍ପରିକ ବାଦ୍ୟରେ ଯାତ୍ରା କରାଯିବ।

ଦେବେନ୍ଦ୍ର ପାତ୍ର, ସଭାପତି

## ପ୍ରଶାସନ ପାଖେ ଦାବି ରହିଛି



ଦଶମୀରେ ଦହି ପଖାଳ ଭୋଗ ମା'ଙ୍କୁ ଲାଗି କରାଯିବା ପରେ ଶ୍ରଦ୍ଧାଳୁଙ୍କୁ ବଣ୍ଟନ ହେବ। ଏଠାରେ ପୂଜା ସମୟରେ ଅହେତୁକ ଭିଡ଼ ପରିଲକ୍ଷିତ ହୁଏ। ତେବେ ପୂଜା ମଣ୍ଡପ କଟକ ପାରାଦ୍ୱୀପର ମୁଖ୍ୟ ରାସ୍ତାରେ ଥିବାରୁ କମିଟି ପକ୍ଷରୁ ଏଠାରେ ଅସ୍ଥାୟୀ ଶୌଚାଳୟ ଓ ପାଣି ଟାଙ୍କିର ବ୍ୟବସ୍ଥା ପ୍ରଶାସନ ପକ୍ଷରୁ କରାଯିବାକୁ ଦାବି କରାଯାଉଛି।

ନିରଞ୍ଜନ ସାହୁ(ଶିବ), ସାଧାରଣ ସମ୍ପାଦକ

# ରାଜ୍ୟରେ ୨ ଲକ୍ଷରୁ ଅଧିକ ପଦ ଖାଲି

ଭୁବନେଶ୍ୱର, ୨୨।୯ (ସମିସ): ବିଭିନ୍ନ କାର୍ଯ୍ୟାଳୟରେ ମାଳମାଳ ପଦ ଖାଲି ପଡ଼ିଛି। ସରକାରୀ ଯୋଜନାକୁ କାର୍ଯ୍ୟାନ୍ୱୟନ କରିବାପାଇଁ ଆବଶ୍ୟକ କର୍ମଚାରୀ ନାହାନ୍ତି। ଅଧିକାରୀଙ୍କ ଠାରୁ ଆରମ୍ଭ କରି ଚତୁର୍ଥ ଶ୍ରେଣୀ କର୍ମଚାରୀ ପର୍ଯ୍ୟନ୍ତ ପଦ ଖାଲି ପଡ଼ିଛି। ରାଜ୍ୟର ସମସ୍ତ ବିଭାଗରେ ଏମିତି ଦୁଇ ଲକ୍ଷରୁ ଅଧିକ ପଦ ଫାଙ୍କା ପଡ଼ିଛି। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗରେ ସର୍ବାଧିକ ୭୩ ହଜାରରୁ ଅଧିକ ପଦ ଖାଲି ଥିବାବେଳେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗରେ ଦ୍ୱିତୀୟ ସର୍ବାଧିକ ୩୯ ହଜାର ପଦ ଖାଲି ପଡ଼ିଛି।

ବିଦ୍ୟାଳୟରେ ପଢ଼ାଇବାକୁ ଆବଶ୍ୟକ ଶିକ୍ଷକ ନାହାନ୍ତି। କର୍ମଚାରୀଙ୍କ ଅଭାବ ମଧ୍ୟ ସରକାରୀ ଯୋଜନାକୁ ପ୍ରକୃତ ହିତାଧିକାରୀଙ୍କ ପାଖରେ ପହଞ୍ଚାଇ ପାରୁନାହିଁ। କେବଳ ଗଣଶିକ୍ଷା ବିଭାଗରେ ସର୍ବାଧିକ ୭୩ ହଜାର ୪୮୫ଟି ପଦ ଖାଲି ରହିଛି। ଗ୍ରୁପ୍ ସିରେ ୩୭ ହଜାର ୫୮୦ ପଦ ଖାଲି ପଡ଼ିଥିବା ବେଳେ ୧୮ ହଜାର ୯୭୪ଟି ଗ୍ରୁପ୍-ବି ପଦରେ କେହି ନାହାନ୍ତି। ଏହା ପଛକୁ ସ୍ୱାସ୍ଥ୍ୟ ବିଭାଗରେ ୩୯ ହଜାର ୧୨୭ ପଦ ଖାଲି ପଡ଼ିଛି। ଗୃହ ବିଭାଗରେ ୧୯ ହଜାର ୮୮୯ ପଦ ଖାଲି ଥିବାବେଳେ ରାଜସ୍ୱ ବିଭାଗରେ ପ୍ରାୟ ୧୧ହଜାର, ପଞ୍ଚାୟତିରାଜ, ଜଳ ସମ୍ପଦ ଏବଂ କୃଷି ବିଭାଗରେ ୭ହଜାର ଲେଖାଏଁ ପଦରେ କେହି ନାହାନ୍ତି। ମତ୍ସ୍ୟ ସମ୍ପଦ ବିଭାଗରେ ମଧ୍ୟ ୬ ହଜାରରୁ ଅଧିକ ପଦ ଖାଲି ପଡ଼ିଛି। ଅନ୍ୟ ସମସ୍ତ ବିଭାଗରେ ମଧ୍ୟ ବହୁ ପଦ ଖାଲି ପଡ଼ିଛି। ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁଙ୍କ ଏକ ପ୍ରଶ୍ନର ଉତ୍ତରରେ ମୁଖ୍ୟମନ୍ତ୍ରୀ ବିଧାନସଭାରେ ଏହି ତଥ୍ୟ ରଖିଛନ୍ତି।

ଲକ୍ଷାଧିକ ପଦ ଖାଲି ଥିଲେ ମଧ୍ୟ ରାଜ୍ୟ ସରକାର ନିଯୁକ୍ତି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରୁ ନ ଥିବାରୁ ଆଶାୟୀଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଉଛି। ଏପରିକି ଚଳିତ ବର୍ଷ ସ୍ନାତକ ପଢୁଆ ପିଲାଙ୍କ ପାଇଁ ରାଜ୍ୟରେ ନୂତନ ନିଯୁକ୍ତି ସନ୍ଦେହ ବଢ଼ାଉଛି। ଗତ ଅଗଷ୍ଟ ଶେଷ ସୁଦ୍ଧା ୨୨ହଜାର ଗ୍ରୁପ୍-ସି ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ କରିବାକୁ ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ। ହେଲେ ଅଗଷ୍ଟ ଯାଇ ସେପ୍ଟେମ୍ବର ସରିବାକୁ ବସିଥିଲେ ମଧ୍ୟ ବିଜ୍ଞପ୍ତି ପ୍ରକାଶ ପାଇପାରିଲା ନାହିଁ।

ଅନୁରୂପ ଭାବେ ଏକାଧିକ ନିଯୁକ୍ତି ପରୀକ୍ଷାରେ ତ୍ରୁଟିପୂର୍ଣ୍ଣ ବିଜ୍ଞପ୍ତି ପାଇଁ ଆଶାୟୀମାନେ ହାଇକୋର୍ଟଙ୍କ ଦ୍ୱାରସ୍ଥ ହେଉଛନ୍ତି। ହାଇକୋର୍ଟରେ ମାମଲା ଗଡୁଥିବାରୁ ନିଯୁକ୍ତି ପ୍ରକ୍ରିୟା ବିଳମ୍ବିତ ହେଉଛି। ୨୦୨୪ରେ ପ୍ରକାଶ

■ ଗଣଶିକ୍ଷା ବିଭାଗରେ ସର୍ବାଧିକ ୭୩,୪୮୫ଟି ପଦ ଫାଙ୍କା
■ ଚଳିତ ବର୍ଷ ସ୍ନାତକ ପଢୁଆଙ୍କ ପାଇଁ ବାହାରିନି ଚାକିରି
■ ନିଯୁକ୍ତି ପ୍ରକ୍ରିୟା ତ୍ୱରାନ୍ୱିତ କରିବାକୁ ଆଶାୟୀଙ୍କ ଦାବି

ମଧ୍ୟ ବାହାର କରାଯାଇ ନାହିଁ। ଓଡ଼ିଶା ଲୋକସେବା ଆୟୋଗ (ଏପିଏସ୍‌ସି) ପରିଚାଳିତ ମହାଲେଖାଗାର ଏଏସ୍‌ଓ ନିଯୁକ୍ତି ପାଇଁ ୨୯ ଟି ପଦ ବ୍ୟତୀତ ଅନ୍ୟ କୌଣସି ପଦ ପାଇଁ ବିଜ୍ଞପ୍ତି ପ୍ରକାଶ ପାଇନାହିଁ। ଗୋଟିଏ ପଟେ ଦୁଇବର୍ଷ ମଧ୍ୟରେ ୬୫ ହଜାର ଓ ୫ବର୍ଷରେ ଅଢ଼େଇ ଲକ୍ଷ ନିଯୁକ୍ତି ଦେବାକୁ ଖୋଦ୍ ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ। ଅନ୍ୟପଟେ ଚାକିରି ପାଇଁ ବିଜ୍ଞପ୍ତି ପ୍ରକାଶ ନ କରିବା ଆଶାୟୀଙ୍କ ମଧ୍ୟରେ ପାଇଥିବା ଓଡ଼ିଶା ପୁଲିସ୍ ରିକ୍ରୁଟ୍‌ମେଣ୍ଟ ବୋର୍ଡ (ଓପିଆର୍‌ବି) ପରିଚାଳିତ ପୁଲିସ୍ ଡ୍ରାଇଭର୍ (ପିଏମ୍‌ଟି), ଆଇଆର୍‌ବି ଓ ଏସ୍‌ଏସ୍‌ବି ବାଟାଲିଅନ୍, ପୁଲିସ୍ ଏସ୍‌ଆଇ ସମେତ କନିଷ୍ଠ ଯନ୍ତ୍ରୀ (ଜେଇ) ପରୀକ୍ଷାକୁ ନେଇ କୋର୍ଟରେ ମାମଲା ହୋଇଛି। ଫଳରେ ନିଯୁକ୍ତି ପ୍ରକ୍ରିୟା ବିଳମ୍ବିତ ହୋଇଛି। ଏଣୁ ନିୟମିତ ଭାବେ ଖାଲି ଥିବା ପଦରେ ନିଯୁକ୍ତି ପାଇଁ ତ୍ରୁଟିଶୂନ୍ୟ ବିଜ୍ଞପ୍ତି ବାହାର କରିବାକୁ ଆଶାୟୀମାନେ ଦାବି କରିଛନ୍ତି।

## ନିଯୁକ୍ତି ଦେଉଥିବା ସଂସ୍ଥାରେ ଅର୍ଦ୍ଧାଧିକ ପଦ ଫାଙ୍କା

ଭୁବନେଶ୍ୱର, ୨୨।୯ (ସମିସ): ରାଜ୍ୟରେ ଚାଲୁଥିବା ନିଯୁକ୍ତି ପ୍ରକ୍ରିୟା ସମୟ ଅବଧି ମଧ୍ୟରେ ସରିପାରୁ ନାହିଁ। ବର୍ଷ ବର୍ଷ ଧରି ଆଶାୟୀମାନେ ଅପେକ୍ଷା କରୁଛନ୍ତି। ଅପରପକ୍ଷରେ ପରୀକ୍ଷାରେ ବ୍ୟାପକ ଅନିୟମିତତା ଓ ବାରମ୍ବାର ଘୁଞ୍ଚିବା କାରଣରୁ ଆଶାୟୀଙ୍କ ଧୈର୍ଯ୍ୟର ବାନ୍ଧ ଭାଙ୍ଗୁଛି। ଏପରି ସ୍ଥିତିରେ ନିଯୁକ୍ତି ପ୍ରଦାନକାରୀ ସଂସ୍ଥାଗୁଡ଼ିକରେ ମାନବ ସମ୍ବଳର ଘୋର ଅଭାବ ନିଯୁକ୍ତି ପ୍ରକ୍ରିୟା ତ୍ୱରାନ୍ୱିତ କରିବାରେ ପ୍ରମୁଖ ପ୍ରତିବନ୍ଧକ ସାଜୁଥିବା ଅଭିଯୋଗ ହୋଇଛି। ଓଡ଼ିଶା ଲୋକ ସେବା ଆୟୋଗ (ଓପିଏସ୍‌ସି) ରାଜ୍ୟରେ ପ୍ରମୁଖ ନିଯୁକ୍ତି ପରୀକ୍ଷାର ପରିଚାଳନା ଦାୟିତ୍ୱରେ ରହିଛି। ହେଲେ ପରୀକ୍ଷା ପରିଚାଳନା କରିବା ପାଇଁ ପର୍ଯ୍ୟାପ୍ତ ସଂଖ୍ୟାରେ କର୍ମଚାରୀ ନାହାନ୍ତି। ଅର୍ଦ୍ଧାଧିକ ପଦ ଖାଲି ପଡ଼ିଛି। ମଞ୍ଜୁରୀପ୍ରାପ୍ତ ସମୁଦାୟ ୧୭୮ଟି ପଦ ମଧ୍ୟରୁ ମାତ୍ର ୮୦ଜଣ କାର୍ଯ୍ୟରତ ଅଛନ୍ତି। ଆଉ ୯୮ଟି ଅର୍ଥାତ୍ ୫୫ ପ୍ରତିଶତ ପଦରେ କେହି ନାହାନ୍ତି। ଓପିଏସ୍‌ସି ପରି ରାଜ୍ୟ ପ୍ରବରଣ ମଣ୍ଡଳୀ (ଏସ୍‌ଏସ୍‌ବି), ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ସି) ଏବଂ ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି) ରେ କର୍ମଚାରୀ ମରୁଡ଼ି। ଫଳରେ ନିଯୁକ୍ତି ପ୍ରକ୍ରିୟା ବିଳମ୍ବିତ ହେଉଛି। ରାଜ୍ୟରେ ନିଯୁକ୍ତି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବାକୁ ହେଲେ ପ୍ରଥମେ ନିଯୁକ୍ତି ପ୍ରଦାନକାରୀ ସଂସ୍ଥାରେ ପର୍ଯ୍ୟାପ୍ତ ମାନବସମ୍ବଳ ନିଯୁକ୍ତ କରିବାକୁ ଆଶାୟୀମାନେ ଦାବି କରିଛନ୍ତି।

**ଓପିଏସ୍‌ସିରେ ନାହାନ୍ତି ୫୫ ପ୍ରତିଶତ କର୍ମଚାରୀ**

■ ୧୫ ବିଶ୍ୱବିଦ୍ୟାଳୟକୁ ହାଇକୋର୍ଟଙ୍କ ନୋଟିସ୍

## ଖାଲି ପଡ଼ିଛି ୧୩୩୨ ଅନୁମୋଦିତ ଅଧ୍ୟାପକ ପଦ

କଟକ, ୨୨।୯ (ସମିସ): ରାଜ୍ୟ ସରକାରଙ୍କ ଉଚ୍ଚଶିକ୍ଷା ବିଭାଗ ଅଧୀନରେ କାର୍ଯ୍ୟ କରୁଥିବା ୧୫ଟି ସରକାରୀ ବିଶ୍ୱବିଦ୍ୟାଳୟରେ ୧୩୨୨ଟି ଅନୁମୋଦିତ ଅଧ୍ୟାପକ ପଦ ଦୀର୍ଘ ଦିନ ଧରି ଖାଲିପଡ଼ିଥିବା ପ୍ରସଙ୍ଗକୁ ହାଇକୋର୍ଟ ଗୁରୁତ୍ୱର ସହ ଗ୍ରହଣ କରିଛନ୍ତି। ଏହି ପ୍ରସଙ୍ଗରେ ସମସ୍ତ ବିଶ୍ୱବିଦ୍ୟାଳୟକୁ ହାଇକୋର୍ଟ ନୋଟିସ୍ ଜାରି ସହ ଜବାବ ତଲବ କରିଛନ୍ତି। ଆଇନଜୀବୀ ପ୍ରବୀର କୁମାର ଦାସଙ୍କ ଆବେଦନର ଶୁଣାଣି କରି ମୁଖ୍ୟ ବିଚାରପତି ଜଷ୍ଟିସ୍ ହରୀଶ ଟଣ୍ଡନ ଓ ଜଷ୍ଟିସ ଏମ୍.ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି।

ଆବେଦନକାରୀ ଦର୍ଶାଇଛନ୍ତି, ଓଡ଼ିଶା ବିଶ୍ୱବିଦ୍ୟାଳୟ ଅଧିନିୟମ, ୧୯୮୯ ଅନୁସାରେ ରାଜ୍ୟ ସରକାର ଏହି ୧୫ଟି ସରକାରୀ ବିଶ୍ୱବିଦ୍ୟାଳୟକୁ ନିୟନ୍ତ୍ରଣ କରିଥା'ନ୍ତି। ଏହି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଗତ ୨୦୨୨ ମସିହାରୁ କୌଣସି ଅଧ୍ୟାପକ ନିଯୁକ୍ତି ଦିଆଯାଇନାହିଁ। ବହୁ ପଦବୀ ଖାଲି ପଡ଼ିବାରୁ ଶିକ୍ଷାଦାନ ଏବଂ ଗବେଷଣା ଉପରେ ପ୍ରତିକୂଳ ପ୍ରଭାବ ପକାଉଛି। ଏହି କ୍ରମରେ ଉତ୍କଳ ବିଶ୍ୱବିଦ୍ୟାଳୟରେ ୧୩୩ଟି ମଞ୍ଜୁରୀପ୍ରାପ୍ତ ପଦବୀ ଖାଲି ପଡ଼ିଥିବା ବେଳେ ରେଭେନ୍ସାରେ ୧୬୧, ଏମଏସ୍‌ସିବିରେ ୫୮ଟି, ବ୍ରହ୍ମପୁରରେ ୯୫, ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟରେ ୭୮, ସମ୍ବଲପୁରରେ ୭୬ଟି, ଫକିରମୋହନ ବିଶ୍ୱବିଦ୍ୟାଳୟରେ ୪୯ଟି, ଖଲ୍ଲିକୋଟ ବିଶ୍ୱବିଦ୍ୟାଳୟରେ ୧୧୨, ଏସ୍‌ଏଜେଏସଭିରେ ୨୦ଟି, ରମାଦେବୀ ବିଶ୍ୱବିଦ୍ୟାଳୟରେ ୭୮ଟି, ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟରେ ୧୦୬ଟି, ଧରଣୀଧର ବିଶ୍ୱବିଦ୍ୟାଳୟରେ ୧୦୫ଟି, ବିକ୍ରମଦେବ ବିଶ୍ୱବିଦ୍ୟାଳୟରେ ୧୧୧ଟି, ମଧୁସୂଦନ ଆଇନ ବିଶ୍ୱବିଦ୍ୟାଳୟରେ ୫୦ଟି ଓ ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟରେ ୯୬ଟି ମଞ୍ଜୁରୀପ୍ରାପ୍ତ ପଦ ଖାଲି ପଡ଼ିଛି। ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ନଭେମ୍ବର ୧୦କୁ ଧାର୍ଯ୍ୟ ହୋଇଛି।

# ହନିଟ୍ରାପ୍ କରି ଠକେଇ; ୩ ଗିରଫ

ନିଶ୍ଚିନ୍ତକୋଇଲି, ୨୨।୯ (ସମିସ): ନିଶ୍ଚିନ୍ତକୋଇଲି ଥାନା ଅଞ୍ଚଳରେ ଗତ କିଛି ବର୍ଷ ହେବ ଚାଲିଥିବା ବହୁଚର୍ଚ୍ଚିତ ହନିଟ୍ରାପ୍ ଘଟଣାରେ ସୋମବାର ପୁଲିସ ୩ଜଣଙ୍କୁ ଗିରଫ କରିଛି। ସେମାନେ ହେଲେ, ସାମ୍ବାଦିକ ଶୁଭାଶିଷ ବସନ୍ତରାୟ, ମାହାଙ୍ଗା ଶୁକ୍ଳେଶ୍ୱର ଅଞ୍ଚଳର ଇତିଶ୍ରୀ ମହାନ୍ତି ଏବଂ ହିମାଂଶୁ ଶେଖର ଲେଙ୍କା। ହିମାଂଶୁଙ୍କ ନିଶ୍ଚିନ୍ତକୋଇଲି ବଜାରରେ ଏକ ଚା' ଦୋକାନ ରହିଛି। ଏନେଇ ପୁଲିସ ନମ୍ବର ୧୭୦/୨୫ରେ ଏକ ମାମଲା ରୁଜୁ କରି ସେମାନଙ୍କୁ କୋର୍ଟଚାଲାଣ କରିଛି। କୋର୍ଟରେ ଜାମିନ ନାମଞ୍ଜୁର ହେବାରୁ ସେମାନଙ୍କୁ ଜେଲ୍ ହାଜତକୁ ପଠାଇ ଦିଆଯାଇଛି। ଏହି ୩ ଜଣଙ୍କଠାରୁ ପୁଲିସ ୫ଟି ମୋବାଇଲ ଜବତ କରିଛି। ଏହାସହ ପୁଲିସ ଶୁଭାଶିଷର ଘରେ ଚଢ଼ଉ କରିଥିବା ଜଣାଯାଇଛି। ସେହିପରି, ଏହି ଘଟଣାରେ ସଂପୃକ୍ତ ଥିବା ଅନ୍ୟ ଜଣେ ଆସାମୀ ସାମ୍ବାଦିକ ଅସିତ ସାମଲ ଫେରାର୍ ଥିବା ବେଳେ ତାକୁ ଗିରଫ କରିବା ପାଇଁ ପୁଲିସ ବିଭିନ୍ନ ସ୍ଥାନରେ ଚଢ଼ଉ କରୁଛି।

ସୂଚନାନୁଯାୟୀ, ଶୁଭାଶିଷ ଓ ଅସିତ ସାଟେଲାଇଟ୍ ଟିଭି ଚ୍ୟାନେଲର ସାମ୍ବାଦିକ। ସେମାନଙ୍କ ସହ ଜଣେ ମହିଳା ମିଶି ନିଶ୍ଚିନ୍ତକୋଇଲି, ମାହାଙ୍ଗା, ସାଲେପୁର ଓ କଟକ ସଦର ଅଞ୍ଚଳର ବହୁ ଶିକ୍ଷକ, ଡାକ୍ତର, ନର୍ସିଂହୋମ୍ ମାଲିକ ଓ ଅନ୍ୟାନ୍ୟ ଧନୀଶ୍ରେଣୀୟ ବ୍ୟକ୍ତିମାନଙ୍କୁ ହନିଟ୍ରାପ୍‌ରେ ଫସାଇ ଲକ୍ଷାଧିକ ଟଙ୍କା ହଡ଼ପ କରୁଥିଲେ। କିଛି ଦିନ ତଳେ ସେମାନେ କଟିକଟା ବଜାରର ଔଷଧ ବ୍ୟବସାୟୀ ପ୍ରଫୁଲ୍ଲ ସାହୁଙ୍କୁ ଜାଲରେ ଫସାଇ ତାଙ୍କଠାରୁ ୨.୫ଲକ୍ଷ ଟଙ୍କା ଲୁଟିଥିଲେ। ଏହି ଔଷଧ ବ୍ୟବସାୟୀଙ୍କୁ ମଧ୍ୟ ଯୋଜନାବଦ୍ଧ ଭାବେ ଯାଜପୁର ଜିଲ୍ଲା ବଡ଼ଚଣା ଥାନାରେ ୩ଦିନ ରଖାଯାଇ ନିର୍ଯାତନା ମଧ୍ୟ ଦିଆଯାଇଥିଲା। ଘଟଣାର କିଛି ଦିନ ପରେ ଔଷଧ ଦୋକାନୀଙ୍କର ପୁଅ ପ୍ରଦୀପ୍ତ ସାହୁ ନିଶ୍ଚିନ୍ତକୋଇଲି ଥାନା ସମେତ ମୁଖ୍ୟମନ୍ତ୍ରୀଙ୍କ ନିକଟରେ ଅଭିଯୋଗ କରିବା ପରେ ତଦନ୍ତ ଆରମ୍ଭ ହୋଇଥିଲା। ତଦନ୍ତ ବେଳେ ପୁଲିସ ଜାଣିବାକୁ ପାଇଛି ଯେ ଅଭିଯୁକ୍ତମାନେ ହନିଟ୍ରାପ୍ ମାଧ୍ୟମରେ ବହୁ ସରକାରୀ ଅଧିକାରୀ ଓ ବ୍ୟବସାୟୀମାନଙ୍କୁ ଫସାଇ କୋଟିକୋଟି ଟଙ୍କାର ବେଆଇନ ଅର୍ଥ କାରବାର କରିଛନ୍ତି। ସେହିପରି, ଘଟଣାରେ ଆହୁରି ଅନେକ ମହିଳା ଓ ଅଭିଯୁକ୍ତଙ୍କ ସଂପୃକ୍ତି ରହିଛି। ସେମାନଙ୍କୁ ଖୁବ ଶୀଘ୍ର ଗିରଫ କରାଯିବ ବୋଲି ପୁଲିସ କହିଛି।

**ଜଣେ ଫେରାର, ୫ ମୋବାଇଲ ଜବତ**



# ୨୨ ଛାତ୍ରୀଙ୍କ ଆତ୍ମହତ୍ୟା ସରକାରଙ୍କ ଉପଲବ୍ଧି: ଛାତ୍ର ବିଜେଡି

ଭୁବନେଶ୍ୱର,୨୨।୯ (ସମିସ): ବିଜେପି ସରକାରକୁ ଆସିବାର ୧୫ମାସ ବିତିଯାଇଥିଲେ ମଧ୍ୟ ଛାତ୍ର ସଂସଦ ନିର୍ବାଚନ ନ କରିବା ଯୋଗୁଁ ଛାତ୍ରଛାତ୍ରୀଙ୍କ ମନରେ ଆକ୍ରୋଶ ସୃଷ୍ଟି ହୋଇଛି। ଅନୁରୂପ ଭାବରେ ଏବିଭିପି ଓ ବିଜେପି ଯୁବମୋର୍ଚ୍ଚା ମଧ୍ୟରେ ଥିବା ଅନ୍ତଃକନ୍ଦଳ ଲାଗି କଲେଜ କ୍ୟାମ୍ପସ ଅଶାନ୍ତ ହୋଇଛି ବୋଲି ଅଭିଯୋଗ କରିଛି ବିଜୁ ଛାତ୍ର ଜନତା ଦଳ। ଆଜି ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବିଜୁ ଛାତ୍ର ଜନତା ଦଳ ସଭାନେତ୍ରୀ ଇପ୍ସିତା ସାହୁ କହିଛନ୍ତି ଯେ, ବିଧାନସଭାରେ ସରକାର ଦେଇଥିବା ତଥ୍ୟ ଅନୁଯାୟୀ ରାଜ୍ୟର ୧୭ଟି ବିଶ୍ୱବିଦ୍ୟାଳୟରେ ୧୯ ଜଣ ଛାତ୍ରୀ ଯୌନ ଓ ମାନସିକ ନିର୍ଯାତନାର ଶିକାର ହୋଇଛନ୍ତି। ଏଫଏମ କଲେଜ ଛାତ୍ରୀ ସୌମ୍ୟାଶ୍ରୀଠୁ ଆରମ୍ଭ କରି ବଲଙ୍ଗା, ପଟ୍ଟାମୁଣ୍ଡାଇ, ମାହାଙ୍ଗା, ଗୋପାଳପୁର ଓ ବାଲିହରଚଣ୍ଡୀ ଘଟଣା ଦର୍ଶାଉଛି ଯେ ଏହି ସରକାରରେ ଛାତ୍ରୀମାନେ କିଭଳି ଅସୁରକ୍ଷିତ। ଗତ ୧୫ ମାସରେ ୨୨ ଜଣ ଛାତ୍ରୀ ଆତ୍ମହତ୍ୟା କରିବା ବିଜେପି ସରକାରର ଲଜ୍ଜାଜନକ ଉପଲବ୍ଧି। ଗୋଟିଏ ପଟେ ସରକାର ମଦମୁକ୍ତ ଓଡ଼ିଶା ପାଇଁ ଛାତ୍ରଛାତ୍ରୀମାନଙ୍କୁ ନେଇ ମାରାଥନ ଆୟୋଜନ କରୁଥିବା ବେଳେ, ଅନ୍ୟ ପଟେ ୭୦ଟି ବନ୍ଦ କରାଯାଇଥିବା ମଦ ଦୋକାନ ଖୋଲିବା ପାଇଁ ନିଷ୍ପତ୍ତି ନେଇଛନ୍ତି। ଯାହା ସରକାରଙ୍କ ଦୋମୁହାଁ ନୀତିକୁ ପଦାରେ ପକାଇଛି। କଲେଜ କ୍ୟାମ୍ପସରେ ଶୈକ୍ଷିକ ବାତାବରଣ ଭୁଶୁଡ଼ି ପଡ଼ିଛି। କ୍ୟାମ୍ପସରେ ଛାତ୍ରଛାତ୍ରୀଙ୍କ ସମସ୍ୟା ବୁଝିବା ପାଇଁ କେହି ନାହିଁ। ଉଚ୍ଚଶିକ୍ଷା ବିଭାଗ ଆଜି ମୁରବୀ ଶୂନ୍ୟ ହୋଇପଡ଼ିଛି। ଶ୍ରୀମତୀ ସାହୁ ଆହୁରି କହିଥିଲେ ଯେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଛାତ୍ରଛାତ୍ରୀ ମାନଙ୍କ ପାଇଁ ନୂଆ-ଓ ସ୍କଲାରସିପ୍ ବ୍ୟବସ୍ଥା କରିଥିଲେ। ବର୍ତ୍ତମାନର ସରକାର ନାମ ଓ ରଙ୍ଗ ପରିବର୍ତ୍ତନ କରି ଅନେକ ଯୋଜନା କରୁଥିଲେ ମଧ୍ୟ ଛାତ୍ରଛାତ୍ରୀମାନେ ସ୍କଲାରସିପ୍ ପାଇବାରୁ ବଞ୍ଚିତ ହେଉଛନ୍ତି। ଛାତ୍ର ସଂସଦ ନିର୍ବାଚନ ପାଇଁ ସରକାର ସକାରାତ୍ମକ ଥିବା କଥା ଉଚ୍ଚଶିକ୍ଷା ମନ୍ତ୍ରୀ ବାରମ୍ବାର କହୁଛନ୍ତି। କିନ୍ତୁ ବର୍ତ୍ତମାନ ସୁଦ୍ଧା ସରକାର ବିଜ୍ଞପ୍ତି ପ୍ରକାଶ କରିନାହାନ୍ତି। ଯଦି ସରକାରଙ୍କ ସାହସ ଅଛି, ତେବେ ଆଗାମୀ ଏକ ସପ୍ତାହ ମଧ୍ୟରେ ଛାତ୍ର ସଂସଦ ନିର୍ବାଚନ ବିଜ୍ଞପ୍ତି ପ୍ରକାଶ କରନ୍ତୁ ବୋଲି ଇପ୍ସିତା ସାହୁ ଆହ୍ୱାନ ଦେଇଛନ୍ତି। ନ ହେଲେ ଆଗାମୀ ଦିନରେ ବିଜୁ ଛାତ୍ର ଜନତା ଦଳ ଏଫଏମ ଛାତ୍ରୀ ସୌମ୍ୟାଶ୍ରୀଙ୍କ ଫଟୋ ପକାଇ ପ୍ରତ୍ୟେକ କ୍ୟାମ୍ପସରେ ଲଢ଼େଇ ଆରମ୍ଭ କରିବ ବୋଲି ସେ କହିଛନ୍ତି।



■ ସତ୍‌ସାହସ ଥିଲେ ଛାତ୍ର ସଂସଦ ନିର୍ବାଚନ ବିଜ୍ଞପ୍ତି ପ୍ରକାଶ କରନ୍ତୁ

## ମହିଳାଙ୍କୁ ହତ୍ୟା କରି ଅଳଙ୍କାର ଲୁଟ୍

ପୋଲସରା,୨୨।୯ (ସମିସ): ଗାଧୋଇ ସାରି ଫେରିବା ବେଳେ ଜଣେ ମହିଳାଙ୍କୁ ଗଳାକାଟି ହତ୍ୟା କରିବା ସହ ତାଙ୍କ ଅଳଙ୍କାର ଲୁଟି ନେଇଛନ୍ତି ଦୁର୍ବୃତ୍ତ। ପୋଲସରା ଥାନା ଚିରିକିପଡ଼ା ଶାସନ ଗ୍ରାମରେ ଏହି ଘଟଣା ଘଟିଛି। ମୃତ ମହିଳା ହେଲେ, ସେହି ଗ୍ରାମର ନୀଳାମ୍ବର ସେଠୀଙ୍କ ସ୍ତ୍ରୀ ଶୈଳ ସେଠୀ (୫୫)। ଶୈଳ ଆଜି ଭୋର୍‌ରେ ଘର କାମ ସାରି ଗାଧୋଇବା ପାଇଁ ବାଘୁଆ କେନାଳ ଗୁଡ଼ିମାଳକୁ ଯାଇଥିଲେ। ସେଠାରେ ନିତ୍ୟକର୍ମ ସାରି ଫେରିବା ବେଳେ ରାସ୍ତାରେ କେହି ଦୁର୍ବୃତ୍ତ ଏକ ଧାରୁଆ ଅସ୍ତ୍ରରେ ତାଙ୍କ ବେକକୁ କାଟିଦେଇ କାନଫୁଲ ଓ ନାକଫୁଲ ଝାମ୍ପିନେଇଥିଲା।

## କାନ୍ଥ ପଡ଼ି ବାପା-ମା' ମୃତ, ଝିଅ ଗୁରୁତର

ବସ୍ତା ବ୍ଲକ, ୨୨।୯ (ସମିସ): ବାଲେଶ୍ୱର ଜିଲ୍ଲା ବସ୍ତା ଥାନା ଅନ୍ତର୍ଗତ ପତ୍ରଝଡ଼ା ପଞ୍ଚାୟତ ମହାଦେବସରାଇ ଗ୍ରାମରେ ରବିବାର ବିଳମ୍ବିତ ରାତିରେ କାନ୍ଥ ପଡ଼ି ଏକ ଦମ୍ପତିଙ୍କ ମୃତ୍ୟୁ ଘଟିଥିବା ବେଳେ ସେମାନଙ୍କ ନାବାଳିକା ଝିଅ ଗୁରୁତର ହୋଇଛି। ମୃତ ଦମ୍ପତି ହେଲେ, ଗ୍ରାମର ପିଥ ମୁର୍ମୁ (୩୯) ଓ ତାଙ୍କ ସ୍ତ୍ରୀ ମିନତି ମୁର୍ମୁ (୩୫)। ତାଙ୍କ ଝିଅ ଲକ୍ଷ୍ମୀକୁ ବାଲେଶ୍ୱର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି।

**ସତର୍କ କଲା ଗୁଇନ୍ଦା ବିଭାଗ**

# ଓଡ଼ିଶାରେ ଛତିଶଗଡ଼ୀ ମାଓବାଦୀ

◆ ସଂଗଠନ ମଜଭୁତ କରୁଛନ୍ତି ୧୦ ମାଓନେତା
◆ ମାଓବାଦୀ ପ୍ରତିଷ୍ଠା ସପ୍ତାହରେ ହିଂସା ଆଶଙ୍କା
◆ ରାତିଟ୍ରେନରେ ସୁରକ୍ଷା ବଢ଼ାଇବାକୁ ପରାମର୍ଶ



ଭୁବନେଶ୍ୱର, ୨୨।୯ (ସମିସ): ଛତିଶଗଡ଼ରେ ଯବାନଙ୍କ ଘନଘନ ସର୍ଚ୍ଚ ଅପରେସନ୍‌ରେ ମାଓବାଦୀମାନେ ଧରାଶାୟୀ। ସଂଗଠନ ବଞ୍ଚାଇବା ପାଇଁ ସେମାନେ ଓଡ଼ିଶାରେ ପ୍ରବେଶ କରିଛନ୍ତି। ବିଶେଷ କରି କନ୍ଧମାଳ, କୋରାପୁଟ, ମାଲକାନଗିରିରେ ମାଓବାଦୀମାନେ ନିଜର ଆଡ୍ଡା ଜମାଉଛନ୍ତି ଓ ୧୦ ମାଓନେତା ସଙ୍ଗଠନକୁ ସୁଦୃଢ଼ କରିବାକୁ ଉଦ୍ୟମ ଚଳାଇଛନ୍ତି। ତେଣୁ ମାଓ ପ୍ରତିଷ୍ଠା ସପ୍ତାହରେ ହିଂସାକାଣ୍ଡ ବୃଦ୍ଧି ଆଶଙ୍କା ରହିଛି ବୋଲି ସତର୍କ କରିଛି ଗୁଇନ୍ଦା ବିଭାଗ। ମାଓପ୍ରଭାବିତ ଅଞ୍ଚଳରେ ସୁରକ୍ଷା ବ୍ୟବସ୍ଥାକୁ ଦୃଢ଼ କରିବା ଓ ରାତ୍ରିକାଳୀନ ଟ୍ରେନ୍‌ରେ ଆର୍‌ପିଏଫ୍‌ଙ୍କ ସଂଖ୍ୟା ବୃଦ୍ଧି କରିବାକୁ ଗୁଇନ୍ଦା ବିଭାଗ ପରାମର୍ଶ ଦେଇଛି।

ଏକ ସପ୍ତାହ ଧରି ମାଓବାଦୀ ପ୍ରତିଷ୍ଠା ଦିବସ ସପ୍ତାହ ପାଳନ କରାଯାଉଛି। ଏହା ସେପ୍ଟେମ୍ବର ୨୧ ତାରିଖରୁ ସେପ୍ଟେମ୍ବର ଶେଷ ଯାଏ ଚାଲିବ। ଏହି ସମୟରେ ମାଓବାଦୀମାନେ ସେମାନଙ୍କର ଉପସ୍ଥିତି ଜାହିର ପାଇଁ ହିଂସାକାଣ୍ଡ ଘଟାଇବାର ଆଶଙ୍କା ରହିଛି। ଛତିଶଗଡ଼ରେ ନିଜର ସ୍ଥିତି ଦୁର୍ବଳ ହୋଇପଡ଼ିଥିବା ବେଳେ ଓଡ଼ିଶାରେ ନିଜର ସଂଗଠନକୁ ବଢାଇବା ପାଇଁ ସେମାନେ ଉଦ୍ୟମ ଚଳାଇଛନ୍ତି। ତେଣୁ ଚକ୍ରଧରପୁର ଡିଭିଜନର ସୋନୁଆ, ଟୁନିଆ, ଜରେଇକେଲା, ଭାଲୁଲତା ଓ ବିଶ୍ରା ଭଳି ନକ୍ସଲ ପ୍ରଭାବିତ ଷ୍ଟେସନରେ ରେଳ ପ୍ରଶାସନ ଆର୍‌ପିଏଫ୍ କର୍ମଚାରୀଙ୍କ ସଂଖ୍ୟା ବଢାଇବାକୁ କୁହାଯାଇଛି। ବିଶେଷ କରି ରାତ୍ରିକାଳୀନ ଟ୍ରେନଗୁଡ଼ିକରେ ଆର୍‌ପିଏଫ୍ କର୍ମଚାରୀଙ୍କ ସଂଖ୍ୟା ବୃଦ୍ଧି ସହ ମାଓ ପ୍ରଭାବିତ ଅଞ୍ଚଳରେ ରାତିରେ ଧୀରେ ଯାତ୍ରା କରିବାକୁ ଟ୍ରେନ୍ ଚାଳକମାନଙ୍କୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ନକ୍ସଲ ସଂଗଠନରେ ପୂର୍ବରୁ ରାଜ୍ୟ ରାଜ୍ୟ ମଧ୍ୟରେ ଥିବା କମିଟିଗୁଡ଼ିକରେ ତାଳମେଳ ରହୁ ନଥିଲା। ଏବେ ସେମାନେ ନିୟମିତ ଏକାଠି ହୋଇ ପରବର୍ତ୍ତୀ କାର୍ଯ୍ୟକ୍ରମ ସମ୍ପର୍କରେ ନିଷ୍ପତ୍ତି ନେଉଛନ୍ତି ଏବଂ କନ୍ଧମାଳ ଜିଲ୍ଲା ଏବେ ମାଓବାଦୀଙ୍କ ଫୋକସରେ ଥିବା ସୂଚନା ମିଳିଛି। କେନ୍ଦ୍ରୀୟ କମିଟିର ସଦସ୍ୟ ବାସବରାଜୁ, ଉଦୟ, ବାଲକ୍ରିଷ୍ଣା, ଭାସ୍କରଙ୍କର ମୃତ୍ୟୁ ସଂଗଠନ ପାଇଁ ବଡ ଝଟକା ଦେଇଛି। ତେଣୁ ସେମାନଙ୍କ ଭଳି ସଦସ୍ୟଙ୍କୁ ଖୋଜିବାରେ ମାଓନେତା ଲାଗିପଡ଼ିଛନ୍ତି। ଦୀର୍ଘ ୧୭ ବର୍ଷର ବ୍ୟବଧାନ ପରେ ଏବେ ପୁଣି କନ୍ଧମାଳ-ଗଞ୍ଜାମଜିଲ୍ଲା ସୀମାରେ ସକ୍ରିୟ ହୋଇଛନ୍ତି ମାଓବାଦୀ। ତେଣୁ କନ୍ଧମାଳ ଜିଲ୍ଲାରେ ମଧ୍ୟ ସର୍ଚ୍ଚ ଅପରେସନ୍‌କୁ ବଢାଇ ଦିଆଯାଇଛି। ଏହି ସମୟରେ ଗତକାଲି କନ୍ଧମାଳ ଜିଲ୍ଲା ରାଇକିଆ-ଦାରିଙ୍ଗିବାଡ଼ି ଏବଂ ଗଞ୍ଜାମ ସୀମାନ୍ତବର୍ତ୍ତୀ ରଣବା ମାଣିକେଶ୍ୱର ପଞ୍ଚାୟତର ଗେଡିଙ୍ଗିଆ ଜଙ୍ଗଲରେ ମାଓବାଦୀମାନେ ସକ୍ରିୟ ଥିବା ଘଟଣା ପୁଲିସ ପାଇଁ ଶିରପୀଡ଼ା ହୋଇଛି।

# ନିଜ ଦେହରେ ନିଆଁ ଲଗାଇଥିଲେ ବଲଙ୍ଗା ପୀଡ଼ିତା: ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର, ୨୨।୯ (ସମିସ): ବହୁଚର୍ଚ୍ଚିତ ବଲଙ୍ଗା ଛାତ୍ରୀ ମୃତ୍ୟୁ ଘଟଣାର ସାଙ୍ଘାତିକ କଥା ପଦାକୁ ଆସିଛି। ପୀଡ଼ିତା ନିଜ ଦେହରେ କିରୋସିନି ଢାଳି ନିଆଁ ଲଗାଇଥିବା ନେଇ ମୃତ୍ୟୁକାଳୀନ ଜମାନବନ୍ଦୀରେ କହିଥିଲେ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଗୃହରେ ଉତ୍ତର ରଖିଛନ୍ତି। ବିଧାୟକ ଅନନ୍ତ ନାରାୟଣ ଜେନାଙ୍କ ପ୍ରଶ୍ନରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ଗତ ଜୁଲାଇ ୧୯ ତାରିଖ ଦିନ କିଛି ଦୁର୍ବୃତ୍ତ ଜଣେ ଛାତ୍ରୀଙ୍କୁ ଜୋରଜବରଦସ୍ତି ନଦୀ କୂଳକୁ ନେଇ କିରାସିନି ଓ ପେଟ୍ରୋଲ ଢାଳି ନିଆଁ ଲଗାଇ ଦେଇଥିବା ନେଇ ଅଭିଯୋଗ ହୋଇଥିଲା। ଗ୍ରାମବାସୀମାନେ ପୀଡ଼ିତାଙ୍କୁ ପ୍ରଥମେ ପିପିଲି ଡାକ୍ତରଖାନା ଓ ପରେ ଏମ୍ସକୁ ପାଇଁ ସ୍ଥାନାନ୍ତର କରିଥିଲେ। ଏହାର ପରଦିନ ପୀଡ଼ିତାଙ୍କୁ ଉନ୍ନତ ଚିକିତ୍ସା ସରକାର ଏୟାର ଆମ୍ବୁଲାନ୍ସ ଯୋଗେ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରିଥିଲେ। ପ୍ରାୟ ୧୪ଦିନ ଚିକିତ୍ସିତ ହେବା ପରେ ଅଗଷ୍ଟ ୨ ତାରିଖ ଦିନ ପୀଡ଼ିତା ମୃତ୍ୟୁବରଣ କରିଥିଲେ। ପୀଡ଼ିତାଙ୍କ ମାଆଙ୍କ ଅଭିଯୋଗ ଆଧାରରେ ବଲଙ୍ଗା ଥାନା ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ କରିଥିଲା। ଭାରତୀୟ ନାଗରିକ ସୁରକ୍ଷା ସଂହିତା ଧାରା ୧୮୩ ଅନୁଯାୟୀ ମୃତ୍ୟୁ ପୂର୍ବରୁ ଭୁବନେଶ୍ୱର ଏମ୍ସରେ ଓ ଦିଲ୍ଲୀ ଏମ୍ସରେ ପୀଡ଼ିତାଙ୍କର ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ପୀଡ଼ିତାଙ୍କ ମୃତ୍ୟୁକାଳୀନ ଜମାନବନ୍ଦୀ ରେକର୍ଡ କରାଯାଇଥିଲା। ଉଭୟ ଜମାନବନ୍ଦୀରେ ପୀଡ଼ିତା କହିଥିଲେ ଯେ ସେ ନିଜ ଉପରେ କିରାସିନି ଢାଳି ନିଆଁ ଲଗାଇ ଦେଇଥିଲେ। ସମସ୍ତ ତଥ୍ୟ ପ୍ରମାଣ ଆଧାରରେ ତଦନ୍ତ ପରିସମାପ୍ତି ପରେ ଏହି ମାମଲାକୁ ଫାଇନାଲ ରିପୋର୍ଟ ମିଷ୍ଟେକ୍ ଅଫ୍ ଫ୍ୟାକ୍ଟ କୋର୍ଟରେ ଦାଖଲ କରାଯାଇଛି।

# ଦୁର୍ଘଟଣାରେ ବାପ-ପୁଅ ମୃତ

ଭବାନୀପାଟଣା, ୨୨।୯ (ସମିସ): ନର୍ଲା ଥାନା ଅଧୀନ ଦେହେଲି ଛକ ନିକଟରେ ଏକ ବାଇକ୍ ଓ ପିକ୍-ଅପ୍ ମଧ୍ୟରେ ମୁହାଁମୁହିଁ ଧକ୍କା ହେବାରୁ ତେର୍ଲୋ ଗ୍ରାମର ଗୋଟିଏ ପରିବାରର ବାପ-ପୁଅଙ୍କ ମୃତ୍ୟୁ ଘଟିଥିବା ବେଳେ ମା' ଓ ଝିଅ ଗୁରୁତର ଆହତ ହୋଇଛନ୍ତି। ମୃତକଦ୍ୱୟ ହେଲେ, ବୁଦ୍ଧ ବାରିକ (୩୫) ଓ ତାଙ୍କ ପୁଅ ଅର୍ଣ୍ଣବ (୧୦)। ସୂଚନାନୁସାରେ, ସକାଳ ପ୍ରାୟ ୯ ଟାରେ ସମସ୍ତେ ଏକ ବାଇକ୍‌ରେ ନର୍ଲା ଆସୁଥିଲେ। ଦେହେଲି ଛକ ନିକଟରେ ବିପରୀତ ଦିଗରୁ ଆସୁଥିବା ଏକ ପିକ୍‌ଅପ୍ ସେମାନଙ୍କୁ ଧକ୍କା ଦେବାରୁ ଏହି ଅଘଟଣ ଘଟିଥିଲା। ଘଟଣାସ୍ଥଳରେ ବୁଦ୍ଧ ଓ ଅର୍ଣ୍ଣବଙ୍କ ମୃତ୍ୟୁ ଘଟିଥିଲା। ସ୍ଥାନୀୟ ଲୋକେ ଗୁରୁତର ମା'-ଝିଅଙ୍କୁ ଉଦ୍ଧାର କରି ନର୍ଲା ଡାକ୍ତଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ, ସେଠାରେ ଅବସ୍ଥା ସଂକଟାପନ୍ନ ହେବାରୁ ଦୁହିଁଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି। ନର୍ଲା ପୁଲିସ ଘଟଣାସ୍ଥଳରେ ପହଞ୍ଚି ଶବଦ୍ୱୟକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଦୁର୍ଘଟଣା ଘଟାଇଥିବା ପିକ୍‌ଅପ୍ ଭ୍ୟାନକୁ ଜବତ କରିଛି। ଦୁଇଜଣଙ୍କ ଅବସ୍ଥା ସ୍ଥିର ଅଛି ବୋଲି ସିଡିଏମ୍‌ଓ ଡା. ନୀହାରେନ୍ଦ୍ର ପଣ୍ଡା କହିଛନ୍ତି। ଅନ୍ୟପଟେ, ଏହି ଘଟଣାକୁ ନେଇ ଘଟଣାସ୍ଥଳରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। କ୍ଷତିପୂରଣ ଦାବିରେ ଉତ୍ତ୍ୟକ୍ତ ଲୋକେ ରାସ୍ତା ଅବରୋଧ କରିଥିଲେ।

SBI
ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ
କେନ୍ଦ୍ରୀୟ ନିଯୁକ୍ତି ଏବଂ ପଦୋନ୍ନତି ବିଭାଗ,
କର୍ପୋରେଟ୍ କେନ୍ଦ୍ର, ମୁମ୍ବାଇ
ଫୋନ୍: 022-22820427
ଆବେଦନ କରିବା ପାଇଁ QR ସ୍କାନ୍ କରନ୍ତୁ

**ବିଶେଷଜ୍ଞ କ୍ୟାଡର୍ ଅଧିକାରୀମାନଙ୍କର ନିଯୁକ୍ତି ନିୟମିତ ଆଧାରରେ**

ନିମ୍ନଲିଖିତ ପୋଷ୍ଟଗୁଡିକ ପାଇଁ ନିୟମିତ ଆଧାରରେ ଭାରତୀୟ ନାଗରିକମାନଙ୍କ ଠାରୁ ଆବେଦନ ଗୁଡିକ ଗ୍ରହଣ କରାଯାଉଛି:

**ବିଜ୍ଞାପନ ସଂ. CRPD/SCO/2025-26/10 (ନିୟମିତ ପଦବୀ)**

| ପୋଷ୍ଟର ନାମ | ଗ୍ରେଡ୍ | ଖାଲି ପଦବୀ ସଂଖ୍ୟା | 31.08.2025 ରେ ବୟସ (ବର୍ଷ) | |
|---|---|---|---|---|
| | | | ସର୍ବନିମ୍ନ | ସର୍ବାଧିକ |
| ମ୍ୟାନେଜର (ପ୍ରୋଡକ୍ଟସ୍-ଡିଜିଟାଲ୍ ପ୍ଲାଟଫର୍ମ) | ଏମ୍ଏମ୍‌ଜିଏସ୍-III | 34 | 28 | 35 |
| ଡେପୁଟି ମ୍ୟାନେଜର (ପ୍ରୋଡକ୍ଟସ୍-ଡିଜିଟାଲ୍ ପ୍ଲାଟଫର୍ମ) | ଏମ୍ଏମ୍‌ଜିଏସ୍-II | 25 | 25 | 32 |

**ବିଜ୍ଞାପନ ସଂ. CRPD/SCO/2025-26/11 (ନିୟମିତ ପଦବୀ)**

| ପୋଷ୍ଟର ନାମ | ଗ୍ରେଡ୍ | ଖାଲି ପଦବୀ ସଂଖ୍ୟା | 31.08.2025 ରେ ବୟସ (ବର୍ଷ) | |
|---|---|---|---|---|
| | | | ସର୍ବନିମ୍ନ | ସର୍ବାଧିକ |
| ମ୍ୟାନେଜର କ୍ରେଡିଟ୍ ଆନାଲିଷ୍ଟ | ଏମ୍ଏମ୍‌ଜିଏସ୍-III | 63 | 25 | 35 |

ଯୋଗ୍ୟତା ମାନଦଣ୍ଡ (ବୟସ, ଅଭିଜ୍ଞତା, ଜବ୍ ପ୍ରୋଫାଇଲ ଇତ୍ୟାଦି), ଖାଲି ବିବରଣୀ, ଆବଶ୍ୟକ ଫିସ୍ ଏବଂ ଅନ୍ୟାନ୍ୟ ବିବରଣୀ ପାଇଁ ବ୍ୟାଙ୍କର ୱେବସାଇଟ୍ web/careers/current-openings ଅନଲାଇନ୍ ଆପ୍ଲିକେସନ୍ ଫି ଜମା ଏବଂ ଅନଲାଇନ୍ ଦେୟ ଲିଙ୍କ୍ ସହିତ ଲଗ ଇନ୍ କରନ୍ତୁ। ଆବେଦନ ଏବଂ ଫି ପଠାଇବା ପୂର୍ବରୁ ଯୋଗ୍ୟତା ଏବଂ ଅନ୍ୟାନ୍ୟ ବିବରଣୀ ବିଷୟରେ ସୁନିଶ୍ଚିତ ହେବା ପାଇଁ ବିସ୍ତୃତ ବିଜ୍ଞାପନକୁ ଅନୁସରଣ କରନ୍ତୁ। ଯେକୌଣସି ପ୍ରଶ୍ନ ପାଇଁ ଦୟାକରି ଏହି ଲିଙ୍କ୍ ମାଧ୍ୟମରେ ଆମକୁ ଲେଖନ୍ତୁ: **"CONTACT US" —> "Post Your Query"** ଯାହା ବ୍ୟାଙ୍କର ୱେବସାଇଟ (https://bank.sbi/web/careers/post-your-query) ରେ ଉପଲବ୍ଧ।

- ଅନଲାଇନ୍ ଆବେଦନ ଏବଂ ଫିସ୍ ଦେୟ ପାଇଁ ତାରିଖ: 11.09.2025 ରୁ 02.10.2025 ପର୍ଯ୍ୟନ୍ତ।

ସ୍ଥାନ: ମୁମ୍ବାଇ
ତାରିଖ: 11.09.2025
ମହା ପ୍ରବନ୍ଧକ (ଆର୍‌ପି ଆଣ୍ଡ ପିଏମ୍)

**ସରକାରଙ୍କୁ ବିଜେଡିର 'ଦାଦନ' ବାଣ**

# 'ଦାଦନମୁକ୍ତ ଓଡ଼ିଶା' ପ୍ରତିଶ୍ରୁତି ପାଣିର ଗାର

ଭୁବନେଶ୍ୱର,୨୨।୯ (ସମିସ): ନିଜର ନିର୍ବାଚନୀ ଇସ୍ତାହାରରେ ଓଡ଼ିଶାକୁ ଦାଦନ ମୁକ୍ତ କରିବ ବୋଲି ବିଜେପି ପ୍ରତିଶ୍ରୁତି ଦେଇଥିଲା। ମାତ୍ର କ୍ଷମତାକୁ ଆସିବାର ୧୫ ମାସ ପରେ ମଧ୍ୟ ରାଜ୍ୟରେ ଦାଦନ ସମସ୍ୟା କମିବା ପରିବର୍ତ୍ତେ ଅଧିକ ଉତ୍କଟ ହୋଇଛି। ବିଜେପିର ଦାଦନମୁକ୍ତ ଓଡ଼ିଶା ପ୍ରତିଶ୍ରୁତି ପାଣିର ଗାର ବୋଲି ଅଭିଯୋଗ କରିଛି ବିଜେଡି। ସୋମବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ଉପସଭାପତି ସଞ୍ଜୟ ଦାସବର୍ମା ଓ ବିଧାୟକ ତଥା ଦଳର ସାଧାରଣ ସମ୍ପାଦକ ଧ୍ରୁବ ଚରଣ ସାହୁ ରାଜ୍ୟ ବିଜେପି ସରକାର ଦାଦନ ସମସ୍ୟା ସମାଧାନ ଦିଗରେ ପ୍ରତିଶ୍ରୁତି ପାଳନରେ ବିଫଳ ହୋଇଥିବା ଅଭିଯୋଗ କରି ସରକାରଙ୍କ ଉପରେ ବର୍ଷିଛନ୍ତି।

ଶ୍ରୀ ଦାସବର୍ମା କହିଥିଲେ ଯେ ଦାଦନ ସମସ୍ୟାକୁ ନେଇ ବିଜେପି ପକ୍ଷରୁ ପୂର୍ବ ସରକାରଙ୍କୁ ସମାଲୋଚନା କରୁଥିଲା ଓ କ୍ଷମତାକୁ ଆସିଲେ ଏହି ସମସ୍ୟାର ସମାଧାନ କରିବ ବୋଲି ଗତ ନିର୍ବାଚନ ସମୟରେ ପ୍ରତିଶ୍ରୁତି ଦେଇଥିଲା। ମାତ୍ର କ୍ଷମତାକୁ ଆସିବାର ୧୫ ମାସ ଉତ୍ତର୍ ବିତି ଯାଇଥିଲେ ମଧ୍ୟ ସମସ୍ୟା କମିବା ପରିବର୍ତ୍ତେ ଅଧିକ ଉତ୍କଟ ହୋଇଛି। ଦାଦନ ସମସ୍ୟା ସମାଧାନ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଏକ ଟାସ୍କଫୋର୍ସ ଗଠନରେ ସୀମିତ।



ଗ୍ରାମାଞ୍ଚଳରେ ମନରେଗା ଯୋଜନା ମାଧ୍ୟମରେ କର୍ମ ଦିବସ ଯୋଗାଇଦେବା କମୁଥିବାରୁ ସମସ୍ୟା ରାଜ୍ୟରେ ଉତ୍କଟ ରୂପ ନେଉଛି। ୨୦୨୩-୨୪ ଆର୍ଥିକ ବର୍ଷରେ ରାଜ୍ୟରେ ସମୁଦାୟ ୧୭ କୋଟି ୬୧ ଲକ୍ଷ କର୍ମ ଦିବସ ଯୋଗାଇଦିଆ ଯାଇଥିବା ବେଳେ ବିଜେପି ସରକାର ସମୟରେ ଏହି ସଂଖ୍ୟା ୧୦ କୋଟି ତଳକୁ ଖସି ଆସିଛି। ସେହିପରି ୨୦୨୩-୨୪ ଆର୍ଥିକ ବର୍ଷରେ ୩.୩୯ ଲକ୍ଷ ପରିବାରଙ୍କୁ ୧୦୦ ଦିନର କର୍ମ ଦିବସ ଯୋଗାଯାଇଥିବା ବେଳେ ଏହା ବିଜେପି ସରକାରଙ୍କ ସମୟରେ ୧.୪୯ ଲକ୍ଷକୁ କମିଛି। ବ୍ରହ୍ମଗିରି ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ଅରକୁଦା ଓ ସାନପାଟଣା ଗ୍ରାମରୁ ପ୍ରାୟ ଏକ ହଜାର ଲୋକ ଗତ ମାସରେ ଦାଦନ ଖଟିବାକୁ ଗୋଆ, ମାଙ୍ଗାଲୋର ଓ ତାମିଲନାଡୁ ଯାଇଛନ୍ତି। ଏହି ଦୁଇ ଗ୍ରାମ ଏବେ ପୁରୁଷଶୂନ୍ୟ ହୋଇ ପଡିଛନ୍ତି। ଏମାନଙ୍କ ଭିତରୁ ଜଣଙ୍କର ସେଠାରେ ମୃତ୍ୟୁ ଘଟିଛି, ଯାହାର ମରଶରୀର ଆଜି ଗ୍ରାମକୁ ଅଣାଯାଉଛି। ରାଜ୍ୟ ବିଜେପି ସରକାର କେବଳ ରାଜ୍ୟବାସୀଙ୍କୁ ପ୍ରତିଶ୍ରୁତି ଦେଉଛନ୍ତି ଓ ବିକଶିତ ଓଡ଼ିଶା ଗଠନର ସୁନେଲି ସ୍ୱପ୍ନ ଦେଖାଉଛନ୍ତି, କିନ୍ତୁ ସମସ୍ୟା ସମାଧାନ ଦିଗରେ ସରକାରଙ୍କ କାର୍ଯ୍ୟାନୁଷ୍ଠାନ ଶୂନ ରହିଛି। ସେହିପରି ଧ୍ରୁବ ଚରଣ ସାହୁ କହିଥିଲେ ଯେ ବିଜେପିର ଓଡ଼ିଶାକୁ ଦାଦନମୁକ୍ତ କରିବା ଓ ରାଜ୍ୟର ଯୁବକମାନଙ୍କୁ ନିଯୁକ୍ତି ପ୍ରଦାନ କରିବା ପ୍ରତିଶ୍ରୁତି ଆଜି ପାଣିର ଗାର ପାଲଟିଛି। ପ୍ରତିଦିନ ରାଜ୍ୟ ବାହାରେ କେଉଁଠି ନା କେଉଁଠି ଓଡ଼ିଶାର ଶ୍ରମିକଙ୍କ ଦୁର୍ଦ୍ଦଶାର ଖବର ଗଣମାଧ୍ୟମରେ ଦେଖିବାକୁ ମିଳୁଛି। କେବଳ ପୁରୀ ଜିଲ୍ଲାରେ ନୁହେଁ, ବରଂ ସମଗ୍ର ଓଡ଼ିଶାରେ ଏଭଳି ଦୃଶ୍ୟ ଦେଖିବାକୁ ମିଳୁଛି। କେନ୍ଦ୍ରାପଡା ଜିଲ୍ଲାରେ ନବୀନ ସରକାରଙ୍କ ସମୟରେ ଏକ ବୃହତ ଇସ୍ପାତ ପ୍ରକଳ୍ପ ପ୍ରତିଷ୍ଠା ହେବ ବୋଲି ସ୍ଥିର ହୋଇଥିଲା ଯାହା ଏବେ ଅନ୍ୟ ରାଜ୍ୟକୁ ସ୍ଥାନାନ୍ତର ହୋଇଛି ବୋଲି ସେ କ୍ଷୋଭ ପ୍ରକାଶ କରିଥିଲେ।

■ ଅରକୁଦା, ସାନପାଟଣାରୁ ଦାଦନ ଯାଇଛନ୍ତି ହଜାରେ
■ ସରକାରଙ୍କ କାର୍ଯ୍ୟାନୁଷ୍ଠାନ ଟାସ୍କଫୋର୍ସ ଗଠନରେ ସୀମିତ
■ ରାଜ୍ୟରେ କମିବା ପରିବର୍ତ୍ତେ ଉତ୍କଟ ହେଉଛି ସମସ୍ୟା

ସକାଳ
THE SAKALA

ସମ୍ପାଦକୀୟ

ସ୍ୱାଧୀନତା ହେଉଛି ଆବଶ୍ୟକତାର ଚେତନା।
-କାର୍ଲମାର୍କସ୍

# ଯୋଗ୍ୟ ଓ ମେଧାଶକ୍ତିର ଅପଚୟ

ଶିକ୍ଷା ଓ ସ୍ୱାସ୍ଥ୍ୟ ଭଳି ନାଗରିକଙ୍କ ମୌଳିକ ଆବଶ୍ୟକତା ପ୍ରତି ଉଚିତ ଧ୍ୟାନ ଦିଆଯାଉନଥିବାରୁ ରାଜ୍ୟର ଏହି ଦୁଇଟି କ୍ଷେତ୍ର ଅବହେଳିତ ଅବସ୍ଥାରେ ରହିଛି। ଡାକ୍ତର ଅଭାବରୁ ରାଜ୍ୟର ଗ୍ରାମୀଣ ଜୀବନ ସ୍ୱାସ୍ଥ୍ୟ ସେବାରୁ ବଞ୍ଚିତ ହେବା ସହ ବ୍ୟୟବହୁଳ କର୍ପୋରେଟ ହସ୍ପିଟାଲ ଉପରେ ନିର୍ଭର କରିଛନ୍ତି। ନିକଟରେ ଏହି ସମସ୍ୟା ଓ ତା'ର ସମାଧାନ ସଂପର୍କରେ ହାଇକୋର୍ଟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଏବେ ରାଜ୍ୟର ଶିକ୍ଷା ବ୍ୟବସ୍ଥା ମଧ୍ୟ ଅନୁରୂପ ପରିସ୍ଥିତିର ସମ୍ମୁଖୀନ ହେଉଛି। ଆମ ରାଜ୍ୟରେ ଛାତ୍ରଛାତ୍ରୀ ସଠିକ ଶିକ୍ଷାଦାନରୁ ବଂଚିତ ହେଉଥିବାରୁ ଜାତୀୟ ସ୍ତରରେ ନିଜ ଦକ୍ଷତା ଓ ମେଧାଶକ୍ତି ପ୍ରଦର୍ଶନ କରିପାରୁନାହାନ୍ତି। ରାଜ୍ୟରେ ୧୭ଟି ସରକାରୀ ବିଶ୍ୱବିଦ୍ୟାଳୟ ଥିବାବେଳେ ଗୁଣାତ୍ମକ ମାନ ଦୃଷ୍ଟିରୁ ଜାତୀୟସ୍ତରରେ ପ୍ରତିଯୋଗୀକ୍ଷମ ହୋଇପାରୁନାହାନ୍ତି। ରାଜ୍ୟର ଉଚ୍ଚଶିକ୍ଷା କ୍ଷେତ୍ରର ଏହି ଦୁର୍ବଳ ସ୍ଥିତିକୁ ଦୃଷ୍ଟିରେ ରଖି ଅଭିଭାବକମାନେ ନିଜ ପିଲାଙ୍କୁ ଉଚ୍ଚତର ଶିକ୍ଷା ପାଇଁ ବାହାରକୁ ପଠାଉଛନ୍ତି। ଅଧ୍ୟାପନା ପାଇଁ ଯଦି ବିଶ୍ୱବିଦ୍ୟାଳୟରେ କ୍ରମାଗତ ଶିକ୍ଷକ ଅଭାବ ବଢ଼ିବାରେ ଲାଗିଛି ତେବେ ଛାତ୍ରଛାତ୍ରୀଙ୍କ ନିକଟରେ ଅଧ୍ୟୟନ ସୁଯୋଗ ହରାଇବ ଓ ସେମାନେ ସ୍ୱାଭାବିକ ଭାବେ ବିପଥଗାମୀ ହେବେ।

ଆମେ ଏଠାରେ ସରକାରୀ ତଥ୍ୟ ଆଧାରରେ ବିଶ୍ୱବିଦ୍ୟାଳୟର ଶୈକ୍ଷିକ ବାତାବରଣ କ'ଣ ସେ ସଂପର୍କରେ କିଛି ମତାମତ ଦେବାକୁ ଉଚିତ୍ ମନେ କରୁଛୁ। ବିଧାନସଭାରେ ମନ୍ତ୍ରୀଙ୍କ ଉତ୍ତରରୁ ସ୍ପଷ୍ଟ ଯେ ସରକାରୀ ବିଶ୍ୱବିଦ୍ୟାଳୟରେ ୧୪୦୪ ଅଧ୍ୟାପକ ପଦ ଖାଲି ପଡ଼ିଛି। ଏହା ମୋଟ ସରକାରୀ ମଞ୍ଜୁରୀ ପ୍ରାପ୍ତ ଅଧ୍ୟାପକ ପଦର ୬୮ ପ୍ରତିଶତ। ସରରେ କି ବିଚିତ୍ର ପରିସ୍ଥିତି ବିଶ୍ୱବିଦ୍ୟାଳୟରେ ସୃଷ୍ଟି ହେଉଥିବ। ଠିକା ନିଯୁକ୍ତି ଉପରେ ନିର୍ଭର କରି କର୍ତ୍ତୃପକ୍ଷ ଯେଉଁପ୍ରକାରେ କାମଚଳା ବ୍ୟବସ୍ଥା ଜାରି ରଖିଛନ୍ତି ସେଥିରେ ମୌଳିକ ବିକାଶ ଓ ଗବେଷଣାର ସୁଯୋଗ ସୃଷ୍ଟି ହେବା କଥା ସେଠାରେ ଯଦି ଠିକା ଅଧ୍ୟାପନା ଉପରେ ବ୍ୟବସ୍ଥା ନିର୍ଭରଶୀଳ ହେବ ଆମ ରାଜ୍ୟର ବିଶ୍ୱବିଦ୍ୟାଳୟ ଜାତୀୟସ୍ତର ମାନକ ଅନୁରୂପ ହେବ କିପରି? ସଚେତନ ଅଭିଭାବକଙ୍କ ପାଇଁ ଏହା ଚିନ୍ତା ଓ ଉଦବେଗର କାରଣ ହୋଇଛି। ସେତେପରି ମନେ ହେଉଛି ସରକାର ଏହି ବିଶ୍ୱବିଦ୍ୟାଳୟ ଖୋଲିଛନ୍ତି କେବଳ ଡିଗ୍ରୀ ବାଣ୍ଟିବା ପାଇଁ, ଯାହା ସାଧାରଣ ଓ ସାମାଜିକ ଜୀବନରେ ଦିନକୁ ଦିନ ଅଲୋଡ଼ା ହୋଇପଡ଼ୁଛି।

ସବୁଠାରୁ ଉଲ୍ଲେଖଯୋଗ୍ୟ ହେଲା, ରାଜ୍ୟର ସର୍ବପ୍ରାଚୀନ ତଥା ଗର୍ବଗୌରବ ରେଭେନ୍ସା ବିଶ୍ୱବିଦ୍ୟାଳୟରେ ସର୍ବାଧିକ ପଦ ଖାଲି ପଡ଼ିଥିବା ବେଳେ ଦ୍ୱିତୀୟ ସ୍ଥାନରେ ଅଛି ଉତ୍କଳ ବିଶ୍ୱବିଦ୍ୟାଳୟ। ରେଭେନ୍ସାରେ ୧୭୧ ଅଧ୍ୟାପକ ପଦ ପୂରଣ ହୋଇପାରୁନି। ରାଜ୍ୟରେ ଖାଲିପଡ଼ିଥିବା ଏହି ପଦବୀ ମଧ୍ୟରେ ଅଛି ୨୬୦ ପ୍ରାଧ୍ୟାପକ, ୪୫୩ ସହଯୋଗୀ ପ୍ରାଧ୍ୟାପକ ଓ ୬୭୬ ସରକାରୀ ପ୍ରାଧ୍ୟାପକ ପଦ। ସେହିଭଳି ବିଶ୍ୱବିଦ୍ୟାଳୟ ପ୍ରଶାସନର ପ୍ରମୁଖ ଅଂଶ ୭୨ ପ୍ରତିଶତ ଅଣଶିକ୍ଷକ ପଦ ମଧ୍ୟ ଶୂନ୍ୟ ପଡ଼ିଛି। ବିଭାଗୀୟ ମନ୍ତ୍ରୀ ଏକଥା ବିଧାନସଭାରେ କହିଛନ୍ତି। ଏହି ପରିସ୍ଥିତି କେବଳ ବିଶ୍ୱବିଦ୍ୟାଳୟ ସ୍ତରରେ ସୀମିତ ରହିନାହିଁ। ସରକାରୀ ମହାବିଦ୍ୟାଳୟ ସ୍ଥିତି ମଧ୍ୟ ତଦ୍ରୂପ। ରାଜ୍ୟର ମୋଟ ୮୫ଟି ସରକାରୀ ମହାବିଦ୍ୟାଳୟରେ ୬୫୪ ଅଧ୍ୟାପକ ପଦ ଖାଲିପଡ଼ିଛି। କିନ୍ତୁ ଏହି ଅଭାବ ସତ୍ତ୍ୱେ ପାଠପଢ଼ା ଚାଲିଛି। ଯେତେଦୂର ମନେ ହୁଏ ଠିକା ବ୍ୟବସ୍ଥାରେ ଅପେକ୍ଷାକୃତ କମ ଖର୍ଚ୍ଚ ହେଉଥିବାରୁ ସରକାର ଅଧ୍ୟାପକ ନିଯୁକ୍ତିକୁ ଗୁରୁତ୍ୱ ଦେଉନାହାନ୍ତି। ଉଚ୍ଚ ଶିକ୍ଷା କ୍ଷେତ୍ର ମଧ୍ୟ କାମଚଳା ବ୍ୟବସ୍ଥାରେ ଚାଲିଛି। ଯୋଗ୍ୟ ଓ ମେଧା ଶକ୍ତିର ଅପଚୟ ପାଇଁ ଏହା ଏକ ଷଡ଼ଯନ୍ତ୍ର ନୁହେଁ ତ?

# ନିରର୍ଥକ ପ୍ରୟାସ

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ନିକଟରେ ପୁଣି ଥରେ ନୋବେଲ ଶାନ୍ତି ପୁରସ୍କାର ପାଇବାକୁ ସେ ହକ୍‌ଦାର ବୋଲି ଯୁକ୍ତି ଦର୍ଶାଇଛନ୍ତି। ଭାରତ-ପାକିସ୍ତାନ ସମେତ ୬ଟି ଯୁଦ୍ଧକୁ ରୋକିବାରେ ତାଙ୍କର ବ୍ୟକ୍ତିଗତ ଉଦ୍ୟମରୁ ସଫଳତା ମିଳିଛି। ତାଙ୍କ ଦାବିର ଯଥାର୍ଥତାକୁ ବିଚାର କଲେ ସ୍ପଷ୍ଟ ପ୍ରତୀୟମାନ ହୁଏ ଯେ ସାମରିକ ଉତ୍ତେଜନାକୁ ସେ ଯୁଦ୍ଧର ମାନ୍ୟତା ଦେଇ ବାଗାଡ଼ମ୍ବର କରିଛନ୍ତି। 'ଅପରେସନ ସିନ୍ଦୂର' ପ୍ରସଙ୍ଗରେ ଭାରତ ଟ୍ରମ୍ପଙ୍କ ହସ୍ତକ୍ଷେପକୁ ଏପର୍ଯ୍ୟନ୍ତ ଅସ୍ୱୀକାର କରି ଆସିଥିବା ବେଳେ ନିକଟରେ ପାକିସ୍ତାନ ବୈଦେଶିକ ମନ୍ତ୍ରୀ ମଧ୍ୟ ତାହାକୁ ଖଣ୍ଡନ କରିଛନ୍ତି। ଅଥଚ ସେ ନିଜେ ପ୍ରତ୍ୟକ୍ଷ ବା ପରୋକ୍ଷ ଭାବେ ସଂଶ୍ଳିଷ୍ଟ ଥିବା ୭୦୦ ଦିନ ଧରି ଗାଜା ବିରୋଧରେ ଚାଲିଥିବା ଇସ୍ରାଏଲର ଆକ୍ରମଣ ଏବଂ ୧୩୦୦ ଦିନରୁ ଊର୍ଦ୍ଧ୍ୱକାଳ ଧରି ରୁଷିଆ – ୟୁକ୍ରେନ ଯୁଦ୍ଧର ଅବସାନ ଘଟାଇବାରେ ବିଫଳତା ସଂପର୍କରେ ନିରବ ରହିଛନ୍ତି। ଗାଜାରେ ଗଣହତ୍ୟା ଏବଂ ୟୁକ୍ରେନରେ ଯୁଦ୍ଧ ବିଭୀଷିକା ଓ ବୀଭତ୍ସତାର କୌଣସି ପଟାନ୍ତର ନାହିଁ। ସମଗ୍ର ବିଶ୍ୱ ସମୁଦାୟ ଯୁଦ୍ଧ ବିରତି ଓ ଶାନ୍ତି ପ୍ରତିଷ୍ଠା ସପକ୍ଷରେ ଦୃଢ଼ ମତ ପୋଷଣ କରୁଥିଲେ ହେଁ ଆମ ବ୍ୟବସ୍ଥା ଓ ଅହଂକାରୀ ନେତୃତ୍ୱଙ୍କ ପକ୍ଷପାତପୂର୍ଣ୍ଣ ଆଚରଣ ଏକ୍ଷେତ୍ରରେ ପ୍ରତିବନ୍ଧକ ହୋଇଛି। ଆମେ ଏଠାରେ ବ୍ୟବସ୍ଥା କହିଲେ ମିଳିତ ଜାତିସଂଘର ଭୂମିକା କିଭଳି ନିରର୍ଥକ ଓ ନିଷ୍ପ୍ରୟୋଜନ ହୋଇପଡ଼ିଛି ତାହା ଦର୍ଶାଇଛୁ।

ଏଥିମଧ୍ୟରେ ମିଳିତ ଜାତିସଂଘ ପ୍ରତିଷ୍ଠା ୮୦ ବର୍ଷରେ ପଦାର୍ପଣ କରିଛି। ଦ୍ୱିତୀୟ ବିଶ୍ୱଯୁଦ୍ଧ ପରେ ପରେ ଆନ୍ତର୍ଜାତିକ ସ୍ତରରେ ଶାନ୍ତି, ସଦ୍‌ଭାବ ଓ ସୁରକ୍ଷା ଅତୁଟ ରଖିବା ସହ ଆବଶ୍ୟକ ସ୍ଥଳରେ ମିଳିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଲକ୍ଷ୍ୟରେ ଏହି ବିଶ୍ୱ ପଞ୍ଚାୟତ ଗଠନ ହୋଇଥିଲା। କିନ୍ତୁ ଅଧିକାଂଶ ପ୍ରସଙ୍ଗରେ ଏହା ନ୍ୟାୟ ପ୍ରଦାନ କରିବାକୁ ଅସମର୍ଥ ହୋଇଛି। ତାହାର ପୃଷ୍ଠଭାଗରେ ରହିଛି ନିରାପତ୍ତା ପରିଷଦରେ ସ୍ଥାୟୀ ସଦସ୍ୟତା ହାସଲ କରିଥିବା ଆମେରିକା ରୁଷିଆ, ଚୀନ, ବ୍ରିଟେନ ଓ ଫ୍ରାନ୍ସର ଭୂମିକା। ଏମାନଙ୍କ ଭିଟୋ ପ୍ରୟୋଗ କ୍ଷମତା ପ୍ରସଙ୍ଗ ଭିତ୍ତିକ ବହୁମତକୁ କାର୍ଯ୍ୟକାରୀ କରିବାରେ ପ୍ରତିବନ୍ଧକ ହୋଇଛି। ତେଣୁ ନିରାପତ୍ତା ପରିଷଦରେ ସଦସ୍ୟତା ବୃଦ୍ଧି ଓ ଆବଶ୍ୟକ ସଂସ୍କାର ଆଣିବା ସକାଶେ ଭାରତ, ଜର୍ମାନୀ, ଜାପାନ ଓ ବ୍ରାଜିଲ ପକ୍ଷରୁ ଦୁଇ ଦଶନ୍ଧି ଧରି ଦାବି କରାଯାଉଥିଲେ ମଧ୍ୟ ଏକ୍ଷେତ୍ରରେ କୌଣସି ନିର୍ଣ୍ଣାୟକ ନିଷ୍ପତ୍ତି ଗ୍ରହଣ କରାଯାଇପାରିନାହିଁ। ସଂପ୍ରତି ସମଗ୍ର ବିଶ୍ୱ ଯୁଦ୍ଧ ଘନଘଟା ଓ ଆତଙ୍କବାଦୀଙ୍କ କାର୍ଯ୍ୟକଳାପରେ କ୍ଷତାକ୍ତ ଓ ପୀଡ଼ିତ। ଏହି ଦୁଇଟି ପ୍ରସଙ୍ଗରେ ଜାତିସଂଘର ଶୀର୍ଷ କ୍ଷମତାରେ ଥିବା ରାଷ୍ଟ୍ର ନିଜର ସ୍ୱାର୍ଥ ରକ୍ଷା ପାଇଁ ଚାପ ଓ ଭିଟୋ ପ୍ରୟୋଗ କରୁଥିବାରୁ ନିର୍ଣ୍ଣାୟକ ନିଷ୍ପତ୍ତି ଗ୍ରହଣ କରାଯାଇପାରୁନି। ଅନୁରୂପ ଭାବେ କୋଭିଡ ମହାମାରୀର ମୃତ୍ୟୁ ବିଭୀଷିକା ପାଇଁ କିଏ ଦାୟୀ ତାହା ନିର୍ଦ୍ଧାରଣ କରିବାରେ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନର ଅସାମର୍ଥ୍ୟ ବାରି ହୋଇପଡୁଛି।

ଜାତିସଂଘ ସାଧାରଣ ଆସେମ୍ବ୍ଲି ଅଧିବେଶନ ଚାଲିଥିବା ବେଳେ କେତୋଟି ପ୍ରସଙ୍ଗ ଆମେ ଏଠାରେ ଉପସ୍ଥାପନ କରିବାକୁ ଉଚିତ ମନେ କରୁଛୁ। ପାଲେଷ୍ଟାଇନର ଗାଜାପଟିରେ ଇସ୍ରାଏଲ ନରସଂହାର ଜାରି ରଖିଛି ବୋଲି ମିଳିତ ଜାତିସଂଘର ନିରପେକ୍ଷ ତଦନ୍ତକାରୀ ଆୟୋଗ ରିପୋର୍ଟରେ ଦର୍ଶାଇଛନ୍ତି। ଗାଜାରେ ତୁରନ୍ତ ନିଃସର୍ତ୍ତ ସ୍ଥାୟୀ ଯୁଦ୍ଧ ବିରତି ଏବଂ ତୁରନ୍ତ ପଣବନ୍ଦୀ ଓ ଯୁଦ୍ଧବନ୍ଦୀଙ୍କୁ ମୁକ୍ତ କରାଯିବାକୁ ପରାମର୍ଶ ଦିଆଯାଇଥିଲା। ଅଥଚ ୧୪-୧ ଭୋଟ ସତ୍ତ୍ୱେ ତାହା କାର୍ଯ୍ୟକାରୀ ହୋଇପାରିଲାନାହିଁ। ସେହି ଗୋଟିଏ ଭୋଟ ହିଁ ଥିଲା ଆମେରିକାର ଭିଟୋ। ଏହି ପ୍ରସଙ୍ଗର ଘଟଣାକ୍ରମକୁ ଅନୁଧ୍ୟାନ କଲେ ମଧ୍ୟପ୍ରାଚ୍ୟରେ ଆଗକୁ ବିସ୍ଫୋରଣାତ୍ମକ ପରିସ୍ଥିତି ସୃଷ୍ଟି ହେବାକୁ ଯାଉଥିବାର ମନେ ହୁଏ। ସାଉଦୀ ଆରବ ସହ ପାକିସ୍ତାନ ପ୍ରତିରକ୍ଷା ଚୁକ୍ତି କରି ପାରମାଣବିକ ଆତଙ୍କ ସୃଷ୍ଟି କରିଛି। ସେହିଭଳି ରୁଷ-ୟୁକ୍ରେନ ଯୁଦ୍ଧ ନେଇ ଜାତିସଂଘର ନିଷ୍ପତ୍ତି ଗ୍ରହଣ ପ୍ରକ୍ରିୟାକୁ ପୋଲାଣ୍ଡରେ ରୁଷର ଡ୍ରୋନ ପ୍ରବେଶ ଓ ଇସ୍ତୋନିଆରେ ଯୁଦ୍ଧବିମାନ ବାୟୁସୀମା ଉଲ୍ଲଙ୍ଘନ ଘଟଣା ପରିସ୍ଥିତିକୁ ଭିନ୍ନ ମୋଡ଼ ଦେଇଛି। ଯୁଦ୍ଧ ବିରତି ଓ ଶାନ୍ତି ପ୍ରତିଷ୍ଠା ସପକ୍ଷରେ ଜାତିସଂଘରେ ଗୃହୀତ ପ୍ରସ୍ତାବ ଅର୍ଥହୀନ ହୋଇପଡୁଥିଲେ ମଧ୍ୟ ତାହାର କୌଣସି ବିକଳ୍ପ ପନ୍ଥା ଦୃଶ୍ୟମାନ ହେଉନାହିଁ।

# ଚାଷୀର ସ୍ୱଭାବ ଓ ସାରର ଅଭାବ

ଡ. ସୀତାକାନ୍ତ ତ୍ରିପାଠୀ

'ଚାଷ ଅଛି ଯାହାର, କି ଆନନ୍ଦ ତାହାର' - ପିଲାଦିନେ ଏହି ଶିଶୁ କବିତାଟି ଶୁଣି ଏବଂ ନିଜେ ଗାଇ ଆମଭଳି ପିଲାମାନେ ଚାଷ କାର୍ଯ୍ୟ ପ୍ରତି ବେଶ୍ ଆଗ୍ରହୀ ହୋଇଥିଲୁ। ସେ ସମୟରୁ ଏପର୍ଯ୍ୟନ୍ତ ଯେତେବେଳେ ଆମେ ଚାଷୀମାନଙ୍କ ସହିତ ଆଳାପ ଆଲୋଚନା କରୁ ସେମାନଙ୍କ ମଧ୍ୟରୁ ଅଧିକାଂଶଙ୍କର ପ୍ରଥମ ଉତ୍ତର ହେଲା ଆମେ ଗରିବ। ଚାଷ କାର୍ଯ୍ୟକୁ ଆଧାର କରି ବଞ୍ଚିବା କଷ୍ଟକର। ବରଂ ଚାକିରି କରି ମାସକୁ ମାସ ଦରମା ପାଇବ; କିନ୍ତୁ ଚାଷକୁ ଆଧାର କରି ଜୀବନଧାରଣ କରିବା କଷ୍ଟକର। ତା'ଛଡ଼ା ଆମ ସମାଜରେ ସେମାନଙ୍କୁ ପାଞ୍ଚଜଣରେ ଜଣେ ଗଣିବା ଦୂରେ ଥାଉ ସଠିକ ଆଦର କିମ୍ବା ସମ୍ମାନ ଦିଆଯାଏ ନାହିଁ।

ବିଭିନ୍ନ ସ୍ଥାନରେ ଚାଷୀ ଆତ୍ମହତ୍ୟା ହେଉଥିଲେ ମଧ୍ୟ ତା'କୁ ପ୍ରମାଣ କରିବା ଜଣେ ଗରିବ ଚାଷୀ ପରିବାର ପକ୍ଷେ କଷ୍ଟକର। ଆଜିକାଲି ଯଦିଓ କିଛି ହାତଗଣତି ଚାଷୀ ସରକାରୀ ସାହାଯ୍ୟ ସହଯୋଗ ଏବଂ ନିଜସ୍ୱ ପୁଞ୍ଜି ନିବେଶ କରି ଚାଷକୁ ଏକ ଲାଭଦାୟକ ଜୀବିକା କରିପାରିଛନ୍ତି, ତଥାପି ଅଧିକାଂଶ ଲୋକ ଏଥିରୁ ନିଜକୁ ନିବୃତ୍ତ କରି ଅନ୍ୟାନ୍ୟ ବୃତ୍ତି କିମ୍ବା ଚୁକ୍ତିଭିତ୍ତିକ ଚାଷ ବା ଭାଗ ଚାଷରେ ମନ ଦେଲେଣି। ପୂର୍ବରୁ ସୀମିତ ଚାହିଦା ଭିତରେ ଚାଷୀର ଜୀବନ ଯେନତେନ ପ୍ରକାର ଚଳିଯାଉଥିଲେ ମଧ୍ୟ ଅଭାବୀ ବିକ୍ରୀ, କୃଷିଜାତ ଦ୍ରବ୍ୟର ସଂରକ୍ଷଣର ଅସୁବିଧା, ଋତୁଭିତ୍ତିକ ଚାଷକାର୍ଯ୍ୟ, ଦୈବୀ ଦୁର୍ବିପାକ ଆଦି ବିଭିନ୍ନ କାରଣ ଯୋଗୁଁ ତା'ର ଜୀବନ ଦୁର୍ବିସହ ହୋଇ ପଡୁଛି। ଏ ସବୁ ସମସ୍ୟାର ନିରାକରଣ ପାଇଁ ବିଭିନ୍ନ ସମୟରେ ବିଭିନ୍ନ ସରକାରମାନେ ପଦକ୍ଷେପମାନ ନେଇ ଆସୁଛନ୍ତି। କିନ୍ତୁ ସେଗୁଡ଼ିକ ପ୍ରଭାବୀ ହୋଇପାରୁ ନ ଥିବାରୁ ବର୍ତ୍ତମାନ ପର୍ଯ୍ୟନ୍ତ ସମସ୍ୟାଗୁଡ଼ିକ ଅସମାହିତ ଥିବା ଭଳି ମନେ ହୁଏ।

ବର୍ତ୍ତମାନର କୃଷି ବ୍ୟବସ୍ଥାରେ ଅଧିକାଂଶ ଭାଗଚାଷୀ। ଦୈବୀ ଦୁର୍ବିପାକ କିମ୍ବା ଅନ୍ୟାନ୍ୟ କୌଣସି କାରଣରୁ ଯଦି ଚାଷ କ୍ଷତିଗ୍ରସ୍ତ ହୁଏ, ତେବେ ଜମି ମାଲିକମାନଙ୍କର ସେମିତି କିଛି କ୍ଷତି ହୁଏନାହିଁ, ବରଂ ସେମାନେ ସରକାରଙ୍କ ଦ୍ୱାରା ନିର୍ଦ୍ଧାରିତ ସାହାଯ୍ୟ ସହଯୋଗ ପାଇବା ପାଇଁ ହକ୍‌ଦାର ହୋଇଥା'ନ୍ତି। କିନ୍ତୁ ଅଦ୍ୟାବଧି ଭାଗଚାଷୀ ଆଇନ୍ ସଠିକ୍ ଭାବେ ପ୍ରଣୟନ ହୋଇ ନ ପାରିବା କାରଣରୁ ସେମାନଙ୍କୁ ସାହାଯ୍ୟ କରିବା ଦୂରରେ ଥାଉ ଚିହ୍ନଟ କରିବା ମଧ୍ୟ କଷ୍ଟକର। ପୂର୍ବରୁ ଭାଗଚାଷୀମାନେ ସାଧାରଣ ଭାବେ ଜମିରୁ ଉତ୍ପାଦିତ ଫସଲକୁ ମାଲିକମାନଙ୍କ ସହିତ ଭାଗ କରୁଥିବା ବେଳେ ବର୍ତ୍ତମାନ ପ୍ରାୟତଃ ସେମାନେ ବର୍ଷକୁ ବର୍ଷ ଗୁଣ୍ଡପିଛା ଏକ ନିର୍ଦ୍ଦିଷ୍ଟ ରାଶି କର ହିସାବରେ ପ୍ରଦାନ କରୁଛନ୍ତି। ଯାହାଫଳରେ ସେମାନଙ୍କ ହାତରେ ଜମି ରହୁଛି। ତେଣୁ ସେଥିରୁ କେମିତି ଅଧିକରୁ ଅଧିକ ଉତ୍ପାଦନ କରିହେବ ସେଥିପାଇଁ ଅଧିକ ଅମଳକ୍ଷମ ବିହନ ସହିତ ଅତ୍ୟଧିକ କୃତ୍ରିମ ସାର ଓ କୀଟନାଶକ ଆଦି ପ୍ରୟୋଗ କରିବାରେ ବ୍ୟସ୍ତ। ଅନ୍ୟପକ୍ଷରେ ଆଜିକାଲି ଯଥେଷ୍ଟ ମାତ୍ରାରେ ଭାଗଚାଷୀ ମିଳୁ ନଥିବାରୁ ଜମି ମାଲିକମାନେ ଭାବୁଛନ୍ତି ଯାହାହେଉ ଜମି ପଡ଼ିଆ ପଡ଼ିବା କିମ୍ବା ଅଣାୟତ୍ତ ହୋଇଯିବାର ଭୟରୁ ଅନ୍ତତଃ ମୁକ୍ତି ମିଳିଯାଉଛି। କାରଣ କିଛି ଜମିମାଲିକ ନାମକୁ ମାତ୍ର ବର୍ଷକୁ ଥରେ ଦୁଇଥର ଗାଁକୁ ଯାଇ ବିଲବାଡ଼ିଆଡ଼େ ଆଖି ପକାଇ ଦେଇ ଭାଗଚାଷୀମାନଙ୍କଠାରୁ ଟଙ୍କା ଧରି ଫେରି ଆସିଥା'ନ୍ତି। ବେଳେବେଳେ ଭାଗଚାଷୀମାନେ ଜମି ମାଲିକମାନଙ୍କୁ କିଛି ପନିପରିବା, ଧାନ, ମୁଗ ଦେଇ ଖୁସି କରାଇବା ପାଇଁ ଚାହିଁଥା'ନ୍ତି। ପ୍ରକୃତପକ୍ଷେ ଚାଷର ଉନ୍ନତି ପାଇଁ ଜମି ମାଲିକ ଏବଂ ଭାଗଚାଷୀ ମଧ୍ୟରେ ଥିବା ସମନ୍ୱୟ ଅଭାବରୁ ଏହି ସମସ୍ୟା ବହୁଗୁଣିତ ହୋଇଥାଏ। ଅଧିକାଂଶ ସମୟରେ ଜମି ମାଲିକମାନେ ନିଜ ନିଜର ନାମ ପଞ୍ଜିକରଣ କରି ନ ଥିବାରୁ ଉତ୍ପାଦିତ ଧାନକୁ ସରକାରୀ ଧାର୍ଯ୍ୟ ମୂଲ୍ୟରେ ବିକିବା କଷ୍ଟକର ହୋଇଥାଏ। ତେଣୁ ଭାଗଚାଷୀମାନେ ବିଭିନ୍ନ ଲୋକଙ୍କ ନାଁ ନେଇ ଧାନ ବିଲ ଚାଷ କରିଥା'ନ୍ତି। ଯାହା ଫଳରେ ଉକ୍ତ ଧାନର ପ୍ରକୃତ ମୂଲ୍ୟ ପାଇବାରୁ ଏମାନେ ବଞ୍ଚିତ ହୁଅନ୍ତି।

ବର୍ତ୍ତମାନ ପରିପ୍ରେକ୍ଷୀରେ ସାରର ଅଭାବକୁ ନେଇ ରାଜ୍ୟସାରା ତୁମ୍ବିତୋଫାନ ଚାଲିଛି। ଏଥିପାଇଁ କିଛି ସ୍ଥାନରେ ଚାଷୀମାନେ ଆନ୍ଦୋଳନ କରିବାକୁ ରାଜରାସ୍ତାକୁ ଓହ୍ଲାଇଲେଣି। ତେବେ ପାରମ୍ପରିକ ବିହନ, କମ୍ପୋଷ୍ଟ ଖତ ଓ କୃଷି ପଦ୍ଧତି ଛାଡ଼ି ଆମେ ଯେତେବେଳେ ସଙ୍କରଜାତୀୟ ବିହନ, କୃତ୍ରିମ ସାର ଓ ବୈଜ୍ଞାନିକ କୃଷି ଯନ୍ତ୍ରପାତିର ବ୍ୟବହାର ଆରମ୍ଭ କରିଥିଲେ ସେତେବେଳେ ଆମ ଦେଶକୁ ଖାଦ୍ୟଶସ୍ୟର ବଳକା କରିବା ମୂଳଲକ୍ଷ୍ୟ ଥିଲା। ଯାହାଫଳରେ ମୁଖ୍ୟତଃ ଜଳସେଚିତ ଅଞ୍ଚଳମାନଙ୍କରେ ଧାନ ଓ ଗହମ ଚାଷକୁ ପ୍ରାଧାନ୍ୟ ଦିଆଗଲା। ପରବର୍ତ୍ତୀ ପର୍ଯ୍ୟାୟରେ ଦେଖାଗଲା ଏଥିଯୋଗୁଁ ପନିପରିବା, ତୈଳବୀଜ ଓ ଅନ୍ୟାନ୍ୟ ଅର୍ଥକରୀ ଫସଲ କ୍ଷତିଗ୍ରସ୍ତ ହେଲା। ତା' ଛଡ଼ା ଗାଁମାନଙ୍କରେ ଥିବା କୌଳିକ ବୃତ୍ତିଧାରୀ ଓ ଦିନମଜୁରିଆମାନଙ୍କର ଚାହିଦା କମିବାକୁ ଲଗିଲା। ଫଳରେ ସେମାନେ ବିଭିନ୍ନ ସ୍ଥାନକୁ ପ୍ରବାସୀ ଶ୍ରମିକ ବା ଦାଦନ ଶ୍ରମିକ ଭାବେ ଦେଶାନ୍ତର ହେବାକୁ ଲାଗିଲେ। ଏହାକୁ ଲକ୍ଷ୍ୟ କରି କେବଳ ଧାନ ଓ ଗହମ ଚାଷ ଉପରେ ପ୍ରାଧାନ୍ୟ ନ ଦେଇ ଚାଷୀମାନେ କିପରି ଅନ୍ୟାନ୍ୟ ଚାଷ ଓ ଉଦ୍ୟାନ କୃଷି ପାଇଁ ମନ ବଳାଇବେ ସେଥିପାଇଁ ସରକାରୀ ପ୍ରୟାସ ଆରମ୍ଭ ହେଲା। ଚାଷ କାର୍ଯ୍ୟରେ ଯାନ୍ତ୍ରିକ ବ୍ୟବହାର ହେତୁ ଚାଷୀମାନେ ଆଉ ଘରେ ବଳଦ ରଖୁ ନାହାନ୍ତି। ତା' ଛଡ଼ା ଗୋଚର ଜମିର କ୍ରମାଗତ ହ୍ରାସ, ଧାନ ଅମଳ ସମୟରେ ନଡ଼ାକୁ ଅଣଦେଖା କରିବା ହେତୁ ସେମାନେ ଆଉ ଗୋ-ପାଳନ ପ୍ରତି ମଧ୍ୟ ମନ ଦେଉନାହାନ୍ତି। ତେଣୁ ବାରିରେ ଥିବା ଖତଗଦା ଆଜିକାଲି କେବଳ ବହିରେ ପଢ଼ିବା କିମ୍ବା କାହାଣୀ ଶୁଣିବା ପ୍ରସଙ୍ଗ ପାଲଟି ଯାଉଛି। ଯଦିଓ ଜିଆଖତ ଉତ୍ପାଦନ ପାଇଁ ସରକାରୀ ପ୍ରୋତ୍ସାହନ ଦିଆଯାଇଛି, ତଥାପି ଏହା ଅଦ୍ୟାବଧି ଜନାଦୃତ ହୋଇପାରିନାହିଁ।

ବର୍ତ୍ତମାନ ପରିପ୍ରେକ୍ଷୀରେ ଧାନର ସର୍ବନିମ୍ନ ସହାୟତା ରାଶି ସହିତ ପ୍ରୋତ୍ସାହନ ରାଶି ଯୋଗାଇ ଦିଆଯିବା ଯୋଗୁଁ ତାହା ବର୍ତ୍ତମାନ କୁଇଣ୍ଟାଲ ପିଛା ଏକତିରିଶି ଶହ ଟଙ୍କାରେ ପହଞ୍ଚିଛି। ଯାହାଫଳରେ ଏବର୍ଷ ଚାଷୀ ଧାନଚାଷ ପାଇଁ ବିଶେଷ ଭାବେ ଆକୃଷ୍ଟ ହୋଇଛନ୍ତି। ତା'ସାଙ୍ଗକୁ ଅଦ୍ୟାବଧି ପ୍ରାୟତଃ ସନ୍ତୁଳିତ ବୃଷ୍ଟିପାତ ହେବା ଏହାକୁ ଆହୁରି ଅଧିକ ପ୍ରୋତ୍ସାହିତ କରିଆସିଛି, ଯାହାଫଳରେ ପୂର୍ବବର୍ଷମାନଙ୍କ ଅପେକ୍ଷା ଚଳିତ ବର୍ଷ ଅଧିକ ଜମିରେ ବ୍ୟାପକ ଭାବେ ଧାନଚାଷ ହୋଇଥିବା ଦାବି ହେଉଛି। ଏଥିଯୋଗୁଁ ସ୍ୱାଭାବିକ ଭାବେ ସାରର ଚାହିଦା ବଢ଼ିଛି। ଧାନରେ ଯେହେତୁ ୟୁରିଆ ଓ ଅନ୍ୟାନ୍ୟ ସାରର ବହୁଳ ବ୍ୟବହାର ହୁଏ, ଯୋଗାଣ ସୀମିତ ରହିବାରୁ ସାର ସଙ୍କଟ ଲାଗି ରହିଛି। ଯାହାକୁ ୟୁକ୍ରେନ-ରଷିଆ ଯୁଦ୍ଧ ମଧ୍ୟ ଆହୁରି ଅଧିକ ସଙ୍କଟାପନ୍ନ କରିଛି। ଏହାର ଫାଇଦା ନେଇଛନ୍ତି କଳାବଜାରୀ। ସରକାରୀ ନିୟନ୍ତ୍ରଣ ଅଭାବରୁ ସାର ସମସ୍ୟା ଉତ୍କଟ ହେବାରେ ଲାଗିଛି।

ଶେଷରେ ଏତିକି କୁହାଯାଇପାରେ ଚାଷୀମାନଙ୍କୁ ସାର ଯୋଗାଇଦେବା ସରକାରଙ୍କ ଦାୟିତ୍ୱ। କିନ୍ତୁ ଚାଷୀମାନେ କିପରି ବହୁମୁଖୀ ଚାଷ ପାଇଁ ଆଗ୍ରହୀ ହେବେ ସେଥିପାଇଁ ମଧ୍ୟ ସରକାର ଚେଷ୍ଟିତ ହେବା ଜରୁରୀ। ତେଣୁ କେବଳ ଧାନ ନୁହେଁ, ବରଂ ଅନ୍ୟାନ୍ୟ ସବୁ ଚାଷ ପାଇଁ ସର୍ବନିମ୍ନ ସହାୟତା ରାଶି ଏବଂ ସହଜ ଓ ସରଳ ଋଣ ଯୋଗାଇବାର ଆବଶ୍ୟକତା ରହିଛି। ଫଳରେ ଏକ ସନ୍ତୁଳିତ କୃଷି ବ୍ୟବସ୍ଥା ସୁଦୃଢ଼ ହୋଇପାରିବ। ଏହାଛଡ଼ା ପରିକଳ୍ପିତ ଯୋଜନା କେବଳ କାଗଜକଲମ, ଭାଷଣ, ଆକ୍ଷେପ ଓ ପ୍ରତ୍ୟାରୋପ ମଧ୍ୟରେ ସୀମିତ ନ ରହି ବାସ୍ତବ କ୍ଷେତ୍ରରେ ରୂପାନ୍ତରିତ ହେବା ଜରୁରୀ। ପଞ୍ଚାୟତସ୍ତରଠାରୁ ଆରମ୍ଭ କରି ଜିଲ୍ଲା ପର୍ଯ୍ୟନ୍ତ କାର୍ଯ୍ୟ କରୁଥିବା କୃଷି ଅଧିକାରୀମାନେ ପ୍ରକୃତରେ ଧାନଚାଷ ହୋଇଥିବା ଜମିର ପରିମାଣକୁ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ଆକଳନ କରି ରିପୋର୍ଟ ଦେଇ ପାରିଲେ ତାହା ସାରର ଚାହିଦା ଓ ଯୋଗାଣ ମଧ୍ୟରେ ସମତୁଲତା ପ୍ରତିଷ୍ଠା ହୋଇପାରନ୍ତା। କେବଳ କାର୍ଯ୍ୟାଳୟରେ ବସିରହିଲେ କିମ୍ବା ଗାଁ ମୁଣ୍ଡରୁ ତଥ୍ୟ ଯୋଗାଡ଼ କରିଦେଲେ ଏହା ସମ୍ଭବ ହୋଇପାରିବ ନାହିଁ। ପ୍ରକୃତ ଚାଷୀମାନଙ୍କ ସହିତ ଯୋଗାଯୋଗ କରିବାର ସମୟ ଏବେ ଉପଗତ। ଏହାଫଳରେ ଚାଷୀମାନେ ଉପକୃତ ହେବା ସହିତ ପରିବେଶ ପ୍ରଦୂଷଣକୁ କିଛିମାତ୍ରାରେ ରୋକାଯାଇ ପାରିବ। ଯେହେତୁ ସରକାରୀ ନଥିପତ୍ରରେ ଥିବା କୃଷକମାନଙ୍କ ସଂଖ୍ୟା ଏବଂ ଜମିର ପରିମାଣ ପ୍ରକୃତ ଚାଷୀ ଓ ଜମିର ପରିମାଣ ଭିତରେ ଫରକ ରହୁଛି, ତେଣୁ ସରକାରଙ୍କ ଦ୍ୱାରା ଯୋଗାଇ ଦିଆଯାଇଥିବା ସାରର ସୁବଣ୍ଟନ ହୋଇ ପାରୁନାହିଁ। ମନେରଖିବା ଦରକାର ଚାଷୀର ପରିବର୍ତ୍ତିତ ସ୍ୱଭାବ ସହିତ ସାରର ଅଭାବ ଅଙ୍ଗାଙ୍ଗୀ ଭାବେ ଜଡ଼ିତ।

ଅର୍ଣ୍ଣପାଳ(ଭଦ୍ରକ),
ମୋ: ୯୭୭୮୭୬୪୩୯୪

# ଶରୀର ଦାନ: ଏକ ଆନ୍ଦୋଳନ

ସୁଧାଂଶୁ ଶେଖର ଧଡ଼ା

ରାଷ୍ଟ୍ରର ବିଭିନ୍ନ ସମ୍ବଳ ମଧ୍ୟରୁ ମାନବ ସମ୍ବଳ ହେଉଛି ପ୍ରଥମ ଆବଶ୍ୟକତା। ସେଥିପାଇଁ ରାଷ୍ଟ୍ରର ନାଗରିକ ସୁସ୍ଥ, ସବଳ ଓ ଦୀର୍ଘଜୀବୀ ହେବା ନିହାତି ଆବଶ୍ୟକ। ଏଥିରେ ଡାକ୍ତରୀ ସେବା ଓ ଡାକ୍ତରଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ। ଦେଶ ସ୍ୱାଧୀନତା ହେବା ସମୟରୁ ଇତିମଧ୍ୟରେ ଓଡ଼ିଶାରେ ସ୍ୱାସ୍ଥ୍ୟସେବାରେ ଅନେକ ଉନ୍ନତି ଘଟିଥିଲେ ହେଁ ଜନସଂଖ୍ୟା ଓ ଡାକ୍ତର ଅନୁପାତରେ ବିଶ୍ୱସ୍ୱାସ୍ଥ୍ୟ ସଙ୍ଗଠନର ଧାର୍ଯ୍ୟ ମାନକଠାରୁ(୧୦୦୦:୧) ଯଥେଷ୍ଟ କମ୍ ରହିଛି। ଡାକ୍ତରୀ ଶିକ୍ଷା କ୍ଷେତ୍ର ଜଟିଳ। ସାଢ଼େ ପାଞ୍ଚବର୍ଷର ଡାକ୍ତରୀ ଶିକ୍ଷା ପାଠ୍ୟକ୍ରମର ପ୍ରଥମ ବର୍ଷ ହିଁ ମାନବ ଶରୀର ସମ୍ପର୍କିତ ଅଧ୍ୟୟନ ଓ ବ୍ୟବଚ୍ଛେଦର ଶିକ୍ଷାଦାନ ହୋଇଥାଏ। ପ୍ରତି ୧୦୦ ଜଣ ଛାତ୍ରଛାତ୍ରୀଙ୍କ ନିମିତ୍ତ ପ୍ରଥମ ବର୍ଷ ଶରୀରତତ୍ତ୍ୱ ଶିକ୍ଷା ଓ ବ୍ୟବଚ୍ଛେଦ ନିମିତ୍ତ ଛଅଟି ମୃତଦେହ ଆବଶ୍ୟକ ପଡ଼େ। ତାହା ପୁଣି ପଚିଶଢ଼ି ନଷ୍ଟ ହୋଇଯାଇଥିବା ଶରୀର ନୁହେଁ। ବର୍ତ୍ତମାନ ରାଜ୍ୟର ମେଡିକାଲ କଲେଜ ସଂଖ୍ୟା ଦୃଷ୍ଟିରୁ ଏହି ଆବଶ୍ୟକତା ପୂରଣ ହୋଇ ପାରୁନାହିଁ। ପ୍ଲାଷ୍ଟିକ ଶରୀରରେ ପାଠପଢ଼ା ହେଉଛି। ଡାକ୍ତରଖାନାଗୁଡ଼ିକରେ ମୃତ୍ୟୁ ଘଟୁଥିବା ବ୍ୟକ୍ତିମାନଙ୍କ ଶରୀରକୁ ଆତ୍ମୀୟମାନେ ଧର୍ମବିଶ୍ୱାସ ଆଧାରରେ ସତ୍କାର କରିବାକୁ ନେଇଯା'ନ୍ତି। ଦାବିଦାର ନଥିବା ମର ଶରୀର ସତ୍କାର କଲେ ସ୍ଥାନୀୟ ପ୍ରଶାସନ ପ୍ରାୟ ୩ ହଜାର ଟଙ୍କା ଆର୍ଥିକ ସହାୟତା ଦେବାର ବ୍ୟବସ୍ଥା ଥିବାରୁ ସ୍ୱେଚ୍ଛାସେବୀ ସଂସ୍ଥା ସତ୍କାର ନିମିତ୍ତ ନେଇଯା'ନ୍ତି। ତେଣୁ ଡାକ୍ତର ହେବା ପାଇଁ ପ୍ରଥମ ଆବଶ୍ୟକତା ବ୍ୟବଚ୍ଛେଦ ନିମିତ୍ତ ମର ଶରୀରଟିଏ ସହଜରେ ମିଳେନାହିଁ।

ବର୍ତ୍ତମାନ ରାଜ୍ୟରେ ୧୫ ଟି ସରକାରୀ ମେଡିକାଲ କଲେଜ ଏବଂ ତିନୋଟି ଘରୋଇ ମେଡିକାଲ କଲେଜର ପ୍ରଥମ ବର୍ଷ ଛାତ୍ରଛାତ୍ରୀଙ୍କ ନିମିତ୍ତ ଆବଶ୍ୟକ ୧୦୮ ଟି ଆଇନସଙ୍ଗତ ସତେଜ ମରଶରୀର ଏକ ମୌଳିକ ଓ ପ୍ରାଥମିକ ଆବଶ୍ୟକତା। ଓଡ଼ିଶା ଉଚ୍ଚ ନ୍ୟାୟାଳୟ ଏ ସମ୍ପର୍କି ପ୍ରତିବନ୍ଧକ ଦୂର କରିବାକୁ ଦାୟର ହୋଇଥିବା ଜନସ୍ୱାର୍ଥ ମାମଲାର ବିଚାର କରି ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଥିଲେ। ଏହି ରାୟ ଅନୁଯାୟୀ, 'ଦି ଓଡ଼ିଶା ଆନାଟୋମି ଆକ୍ଟ ୧୯୭୫'ର ସଂଶୋଧନ କରି 'ଦି ଓଡ଼ିଶା ଆନାଟୋମି (ଆମେଣ୍ଡମେଣ୍ଟ) ଆକ୍ଟ ୨୦୧୨'କୁ ରାଜ୍ୟ ସରକାର ୨୦୧୩ ମସିହାରେ କାର୍ଯ୍ୟକାରୀ କରିଛନ୍ତି। ଏହି ଆଇନର ଧାରା ୫-କ(୧) କାର୍ଯ୍ୟକାରୀ ହେବା ପରେ ଓଡ଼ିଶାରେ ମେଡିକାଲ ଶିକ୍ଷା ଉଦ୍ଦେଶ୍ୟରେ ସ୍ୱେଚ୍ଛାକୃତ ଭାବରେ ନିଜର ମୃତ୍ୟୁ ପରେ ମର ଶରୀର ଦାନ ଏବଂ ଆବଶ୍ୟକ କରୁଥିବା ଅନ୍ୟବ୍ୟକ୍ତିଙ୍କ ଶରୀରରେ ପ୍ରତିରୋପଣ ନିମିତ୍ତ ଅଙ୍ଗଦାନ ଏକ ଆଇନସିଦ୍ଧ ଜନଆନ୍ଦୋଳନରେ ପରିଣତ ହୋଇପାରିଛି।

ଇତିମଧ୍ୟରେ ମାନସିକତା ପରିବର୍ତ୍ତନ ହୋଇଛି। ହଜାର ହଜାର ମହାନୁଭବୀ ବ୍ୟକ୍ତି ଆଜି ଚିକିତ୍ସା ବିଜ୍ଞାନର ପ୍ରଗତି ଓ ଉତ୍ତମ ଡାକ୍ତର ସୃଷ୍ଟି ଉଦ୍ଦେଶ୍ୟରେ ମୃତ୍ୟୁ ପରେ ଶରୀରଦାନ ଇଚ୍ଛାପତ୍ର ପାଇଁ ଆଗ୍ରହ ପ୍ରକାଶ କଲେଣି। ଗତ ପାଞ୍ଚବର୍ଷ ମଧ୍ୟରେ ଶତାଧିକ ମର ଶରୀର ରାଜ୍ୟର ବିଭିନ୍ନ ମେଡିକାଲ କଲେଜକୁ ଦାନ କରାଗଲାଣି। ଅନ୍ୟପକ୍ଷରେ ମୃତ୍ୟୁ ପରେ ଶରୀରରୁ ବିଭିନ୍ନ ରୋପଣଯୋଗ୍ୟ ଅଙ୍ଗପ୍ରତ୍ୟଙ୍ଗ ଦାନ ପାଇଁ ମଧ୍ୟ ଲୋକେ ଆଗ୍ରହ ପ୍ରକାଶ କଲେଣି। 'ଶରୀର ଦାନ' ଓ 'ଅଙ୍ଗଦାନ' ଭାବରେ ପୃଥକ ସାମାଜିକ ଆନ୍ଦୋଳନ ଏବେ ରାଜ୍ୟରେ ଲୋକପ୍ରିୟତା ଲାଭ କରୁଛି। ରାଜ୍ୟ ସରକାର ଅଙ୍ଗଦାନକାରୀଙ୍କୁ ରାଷ୍ଟ୍ରୀୟ ସମ୍ମାନ ଦେବାର ବିଧି ଓ ପରମ୍ପରା ଆରମ୍ଭ କରିଛନ୍ତି।

ଭାରତରେ ମେଡିକାଲ କଲେଜଗୁଡ଼ିକ ନିମିତ୍ତ ଶରୀରଦାନର ଇଚ୍ଛାପତ୍ର ପ୍ରକାଶ କରିବାର ପରମ୍ପରା ବିଶ୍ୱବିଖ୍ୟାତ ହେତୁବାଦୀ ପ୍ରଫେସର ଆବ୍ରାହମ କଭୁର ଆରମ୍ଭ କରିଥିଲେ। ଶ୍ରୀଲଙ୍କା ରାଜଧାନୀ କଲମ୍ବୋରେ ଅଧ୍ୟାପନା ବୃତ୍ତିରୁ ଅବସରପରେ ବିଭିନ୍ନ ଅନ୍ଧବିଶ୍ୱାସ, ଗୁଣିଗାରେଡ଼ି, ଅଲୌକିକ ଅବଧାରଣା, ଆଧ୍ୟାତ୍ମିକତା ଆଦି ନାମରେ ସରଳବିଶ୍ୱାସୀ ଲୋକଙ୍କୁ ଶୋଷଣରୁ ରକ୍ଷା କରିବା ନିମିତ୍ତ ଅଲୌକିକତା ଅନାବରଣ ଅଭିଯାନ ଆରମ୍ଭ କରିଥିଲେ। ମୃତ୍ୟୁପରେ ମେଡିକାଲ କଲେଜଗୁଡ଼ିକୁ ମର ଶରୀର ଦାନ ତାଙ୍କଦ୍ୱାରା ଭାରତରେ ଆରମ୍ଭ କରାଯାଇଥିବା ଏକ ସାମାଜିକ ଆନ୍ଦୋଳନ। ତାଙ୍କ ଅନୁଗାମୀମାନେ ବିପୁଳ ସଂଖ୍ୟାରେ ଏଭଳି ଇଚ୍ଛାପତ୍ର ଲେଖିଥିଲେ। ପ୍ରଫେସର କଭୁର ନିଜେ ଏବଂ ତାଙ୍କ ପତ୍ନୀଙ୍କ ଶରୀରକୁ ମୃତ୍ୟୁ ପରେ ମେଡିକାଲ୍ ଶିକ୍ଷାର ବିକାଶ ପାଇଁ ଦାନ କରିବାକୁ ଇଚ୍ଛାପତ୍ର ଲେଖିଥିଲେ। ଭବିଷ୍ୟତକୁ ଦୃଷ୍ଟିରେ ରଖି ସେ ସତୁରୀ ଦଶକରେ ଲେଖିଯାଇଥିବା ଆକଳନ ଆଜି ବାସ୍ତବ ରୂପ ନେଇସାରିଛି।

ମନୁଷ୍ୟ ଶରୀରର ବ୍ୟବଚ୍ଛେଦ ନିମିତ୍ତ ପ୍ରତିବନ୍ଧକ ମୁକ୍ତ ପରିବେଶ ଷୋଡ଼ଶ ଶତାବ୍ଦୀରେ ନଥିଲା। ୧୫୬୪ ଖ୍ରୀଷ୍ଟାବ୍ଦରେ ବେଲଜିୟମ ଜନ୍ମିତ ଚିକିତ୍ସକ ଆଣ୍ଡ୍ରିଏସ ଭିସାଲିଉସ ସର୍ବପ୍ରଥମେ ମନୁଷ୍ୟ ଶରୀର ବ୍ୟବଚ୍ଛେଦ କରି ଶରୀରତତ୍ତ୍ୱ ବିଜ୍ଞାନକୁ କେତେକ ନିର୍ଭୁଲ ତଥ୍ୟ ଦେଇଥିଲେ। ଭିସାଲିଉସ୍ ମନୁଷ୍ୟ ଶରୀରର ଜୈବିକ କ୍ରିୟା ସମ୍ପର୍କରେ ପ୍ରତ୍ୟକ୍ଷ ଜ୍ଞାନ ନିମିତ୍ତ କବର ଖୋଳି ପ୍ରଥମେ ପଚାଶଢ଼ା ଶବ ଗୋପନୀୟ ଭାବରେ ବ୍ୟବଚ୍ଛେଦ କରିଥିଲେ। ସେ ସମୟର ଧର୍ମଧାରଣା ଅନୁଯାୟୀ ଏହା ଅପରାଧ ଥିଲା। ଈଶ୍ୱରଙ୍କ ଦାନ 'ଶରୀର'ର ବ୍ୟବଚ୍ଛେଦ ମନୁଷ୍ୟ କରିବା ଅପରାଧ ହୋଇଥିବା ଅବଧାରଣାରୁ ତାଙ୍କୁ ଦଣ୍ଡ ସ୍ୱରୂପ ପ୍ରବଳ ତୁଷାରପାତ ସମୟରେ ଖାଲି ପାଦରେ ତୀର୍ଥଯାତ୍ରାରେ ଯିବାକୁ ବାଧ କରାଯିବା ଫଳରେ ସେ ମୃତ୍ୟୁମୁଖରେ ପଡ଼ିଲେ। ସେ ଆଉ କିଛି ବର୍ଷ ବଞ୍ଚିରହିଥିଲେ ଆଜି ଚିକିତ୍ସାବିଜ୍ଞାନ ଆହୁରି ଉନ୍ନତ ହୋଇପାରିଥା'ନ୍ତା। ସେ ପ୍ରଥମେ ମାନବ ଶରୀର ବ୍ୟବଚ୍ଛେଦ କରିଥିବାରୁ ତାଙ୍କୁ ବ୍ୟବଚ୍ଛେଦ ବିଜ୍ଞାନର ଜନକ କୁହାଯାଇଛି। ମାନବ ସମାଜର ସ୍ୱାସ୍ଥ୍ୟଗତ ପ୍ରଗତି ନିମିତ୍ତ ଚିକିତ୍ସାବିଜ୍ଞାନର ପ୍ରଗତି ଆବଶ୍ୟକ।

ଭୁବନେଶ୍ୱର, ମୋ: ୯୩୩୭୦୧୫୮୮୨

# ଜଣେ ମା', ଦୁଇ ପ୍ରଜାତିର ଶିଶୁ

ଶ୍ରୀନନ

ବିଜ୍ଞାନ ବାର୍ତ୍ତା

ଜଣେ ମାତା ଦୁଇଟି ଭିନ୍ନ ଭିନ୍ନ ପ୍ରଜାତିର ଶିଶୁଙ୍କୁ ଜନ୍ମ ଦେବା କଥା ମନକୁ ଆଣିଥାଏ ପୌରାଣିକ କାହାଣୀଟିଏ, ଯେଉଁଥିରେ ଉଗ୍ରସେନଙ୍କ ପତ୍ନୀ ପଦ୍ମାବତୀ ଦାନବ କଂସାସୁର ଏବଂ ମାନବୀ ଦେବକୀଙ୍କୁ ଜନ୍ମ ଦେବା କଥା ଉଲ୍ଲେଖ ରହିଛି। ଏହା ଏବେ ବାସ୍ତବରେ ଦେଖାଯାଇଛି ଏକ ପ୍ରଜାତିର ପିମ୍ପୁଡ଼ିଠାରେ। ସାଧାରଣତଃ ଏକ ସଜୀବଠାରୁ ଜନ୍ମିତ ଶିଶୁଟି ତାହାରି ପ୍ରଜାତିର ହୋଇଥାଏ। ତେବେ ପିମ୍ପୁଡ଼ିମାନଙ୍କର 'ମେସର ଇବେରିକସ୍' ପ୍ରଜାତିଟି ଏହି ଧାରଣାକୁ ବଦଳାଇ ଦେଇଛି। ଏମାନଙ୍କର 'ରାଣୀ'ମାନେ 'ମେସର ଷ୍ଟ୍ରକ୍ଟର' ନାମକ ଭିନ୍ନ ଏକ ପ୍ରଜାତିର ଅଣ୍ଡିରା ପିମ୍ପୁଡ଼ିଙ୍କୁ ଜନ୍ମ ଦେଉଥିବା ଗବେଷକମାନେ ଜାଣିପାରିଛନ୍ତି।

ଏହି ଅଧ୍ୟୟନଟି କରାଯାଇଥିଲା ଫ୍ରାନସ, ଇଟାଲୀ, ବୁଲଗେରିଆ ଓ ଅଷ୍ଟ୍ରିଆର ବିଭିନ୍ନ ପ୍ରତିଷ୍ଠାନରେ କାର୍ଯ୍ୟରତ ବୈଜ୍ଞାନିକମାନଙ୍କ ଦ୍ୱାରା ଏବଂ ଏହାର ଫଳାଫଳ ପ୍ରକାଶିତ ହୋଇଥିଲା ଗବେଷଣା ପତ୍ରିକା 'ନେଚର' (୩, ସେପ୍ଟେମ୍ବର ୨୦୨୫)ରେ। ଉକ୍ତ ଗବେଷଣାପତ୍ରର ଅନ୍ୟତମ ଲେଖକ ଫ୍ରାନସର 'ୟୁନିଭରସିଟି ଅଫ୍ ମଣ୍ଟପେଲିଏର'ର ଜୈବବିଜ୍ଞାନୀ ଜୋନାଥନ୍ ରୋମିଂଗୁଇର ଗଣମାଧ୍ୟମକୁ ଦେଇଥିବା ସୂଚନା ଅନୁସାରେ ଏହି ପ୍ରଜାତିର ପିମ୍ପୁଡ଼ିମାନଙ୍କ କଲୋନୀଗୁଡ଼ିକରେ 'ରାଣୀ'ମାନେ ସନ୍ତାନ ଜନ୍ମ ଦିଅନ୍ତି ଏବଂ ପୁରୁଷମାନେ ଏଥିପାଇଁ ଶୁକ୍ରାଣୁ ଯୋଗାଇଥା'ନ୍ତି। ସେମାନଙ୍କ ମଧ୍ୟରେ ଥା'ନ୍ତି ଅଧିକ ସଂଖ୍ୟକ ବନ୍ଧ୍ୟା ମହିଳା ଶ୍ରମିକ, ଯେଉଁମାନେ ବସାବାନ୍ଧିବା, ଶିଶୁମାନଙ୍କ ଯତ୍ନ ନେବା ଆଦି କାର୍ଯ୍ୟ କରନ୍ତି। କିନ୍ତୁ ଯେତେବେଳେ ରୋମିଂଗୁଇର ଏବଂ ତାଙ୍କ ସହଯୋଗୀମାନେ 'ମେସର ଇବେରିକସ୍' ପ୍ରଜାତିର ମହିଳା ଶ୍ରମିକମାନେ ସମସ୍ତେ ସଂକର(ହାଇବ୍ରିଡ୍) ହୋଇଥିବାର ଦେଖିଲେ ସେମାନେ ବିସ୍ମୟାବିଭୂତ ହୋଇପଡ଼ିଲେ। ଏଗୁଡ଼ିକଙ୍କଠାରେ ଥିବା ଅର୍ଦ୍ଧେକ ଡିଏନ୍ 'ମେସର ଷ୍ଟ୍ରକ୍ଟର୍'ଙ୍କ ସହିତ ମେଳ ଖାଉଥିଲା।

ଅବଶ୍ୟ ପିମ୍ପୁଡ଼ି ପ୍ରଜାତିମାନଙ୍କ ମଧ୍ୟରେ ଏପ୍ରକାର ସଂକରୀକରଣ ଅଜଣା ନୁହେଁ। କାରଣ ଅନେକ ରାଣୀ ପିମ୍ପୁଡ଼ି ଅନ୍ୟପ୍ରଜାତିର ପୁରୁଷମାନଙ୍କ ସହିତ ସଂଗମ କରି ସଂକର ଶ୍ରମିକ ସୃଷ୍ଟି କରିବାର ଦେଖାଯାଏ। କିନ୍ତୁ ଭୂମଧ୍ୟସାଗରୀୟ ଅଞ୍ଚଳରେ ବାସ କରୁଥିବା 'ମେସର ଇବେରିକସ'ଙ୍କ କଲୋନୀଗୁଡ଼ିକର ସଂପର୍କ ସ୍ଥାପନ କରିହେଲା ଭଳି ଦୂରତା ମଧ୍ୟରେ କୌଣସି 'ମେସର ଷ୍ଟ୍ରକ୍ଟର' କଲୋନୀ ନଥିଲା। ଅତଏବ ଏହି ରାଣୀମାନେ ସେ ପ୍ରଜାତିର ପୁରୁଷମାନଙ୍କ ସଂପର୍କରେ ଆସିଲେ କିପରି?

ଏହାର ଉତ୍ତରଟିଏ ପାଇବା ପାଇଁ ରୋମିଂ ଗୁଇରଙ୍କ ଟିମ୍ 'ମେସର ଇବେରିକସ' କଲୋନୀମାନଙ୍କରୁ ଡିଏନ୍ଏ ନମୁନାମାନ ସଂଗ୍ରହ କରିବାକୁ ଲାଗିଲେ। ସେମାନେ ଏଥିମଧ୍ୟରେ ଅନେକ 'ମେସର ଷ୍ଟ୍ରକ୍ଟର' ବାସ କରୁଥିବାର ଦେଖିବାକୁ ପାଇଲେ। ପରବର୍ତ୍ତୀ ଅଧ୍ୟୟନରୁ ଜଣାପଡ଼ିଲା ଯେ ଏଗୁଡ଼ିକର ଜୀବକୋଷସ୍ଥ ମିଟୋକୋଣ୍ଡ୍ରିଆରେ ଥିବା ଡିଏନ୍ଏ ଆସିଛି 'ମେସର ଇବେରିକସ'ଙ୍କଠାରୁ। ଏଭଳି ଡିଏନ୍ଏ କେବଳ ମା'ଠାରୁ ହିଁ ଆସିଥାଏ। ଅତଏବ ଏହାର ଅର୍ଥ ହେଲା ଯେ ଏବର 'ମେସର ଷ୍ଟ୍ରକ୍ଟର' ପୁରୁଷମାନଙ୍କର ମା'ହେଲେ 'ମେସର ଇବେରିକସ୍' ପ୍ରଜାତିର ରାଣୀ। ତପ୍ରରେ ବୈଜ୍ଞାନିକମାନେ କିଛି 'ମେସର ଇବେରିକସ୍' 'ରାଣୀ'ମାନଙ୍କୁ ଅଲଗା ରଖି ସେମାନଙ୍କ ଅଣ୍ଡାଗୁଡ଼ିକୁ ପରୀକ୍ଷା କଲେ। ତହିଁରୁ ୧୦ ଶତାଂଶ ସଂପୂର୍ଣ୍ଣ ରୂପେ 'ମେସର ଷ୍ଟ୍ରକ୍ଟର' ଅନୁରୂପ ହୋଇଥିବାର ଜଣାପଡ଼ିଲା। ଏହା ତାଙ୍କୁ ବିସ୍ମୟକର ମନେ ହେଲା ସତେଯେପରି ମଣିଷର ଗର୍ଭାଶୟରେ ସିଂପାଞ୍ଜିର ଭ୍ରୂଣ ଭଳି।

ଏହି ଅଧ୍ୟୟନରୁ ବୈଜ୍ଞାନିକମାନେ ସିଦ୍ଧାନ୍ତରେ ଉପନୀତ ହେଲେ ଯେ 'ମେସର୍ ଇବେରିକସ୍' ପ୍ରଜାତିର ରାଣୀମାନେ ଦୁଇଟି ଅଲଗା ଅଲଗା ପ୍ରଜାତିକୁ ଜନ୍ମ ଦିଅନ୍ତି। ଏଥିପାଇଁ ସେମାନେ ପିଢ଼ି ପିଢ଼ି ଧରି ଜନ୍ମଗତ ଭାବେ 'ସ୍ପର୍ମାଥେକା' କୁହାଯାଉଥିବା ଏକ ବିଶେଷ ଧରଣର ଅଙ୍ଗରେ କ୍ଲୋନିଂ ମାଧ୍ୟମରେ ସଂଚୟ କରି ରଖିଥା'ନ୍ତି। 'ମେସର ଷ୍ଟ୍ରକ୍ଟର' ପୁରୁଷମାନଙ୍କ ଶୁକ୍ରାଣୁର ଜିନୀୟପଦାର୍ଥ। ଏହି ଅଣ୍ଡାଗୁଡ଼ିକରେ କେବଳ 'ମିଟୋକୋଣ୍ଡ୍ରିଆ' ବ୍ୟତୀତ ଅନ୍ୟତ୍ର 'ମେସର ଇବେରିକସ' ଡିଏନଏ ନଥିଲା। ଦୁଇଟି ପ୍ରଜାତିର ପୁରୁଷ ସୃଷ୍ଟି କରିବା ଦ୍ୱାରା ରାଣୀମାନେ ନିଶ୍ଚିତ କରୁଥିଲେ ଯେ ସେମାନଙ୍କ କନ୍ୟାମାନେ ଯେତେବେଳେ ନୂତନ 'ରାଣୀ' ପାଲଟିବେ ସେମାନେ ଉଭୟ ପ୍ରଜାତିର ପୁରୁଷମାନଙ୍କ ସହିତ ସଂଗମ କରିବାର ସୁଯୋଗ ପାଇପାରିବେ। ନୂଆ 'ରାଣୀ' ଜନ୍ମଦେବାକୁ 'ମେସର ଇବେରିକସ' ପୁରୁଷଙ୍କ ଶୁକ୍ରାଣୁ ଏବଂ ମହିଳା ସଂକର ଶ୍ରମିକ ତଥା 'ମେସର ଷ୍ଟ୍ରକ୍ଟର' ପୁରୁଷ ପାଇଁ ସେହି ପ୍ରଜାତିର ଶୁକ୍ରାଣୁ ବ୍ୟବହାର କରିପାରିବେ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଅବଶିଷ୍ଟାଂଶ

### ବିକ୍ରିହେବ ସରକାରୀ...

ପ୍ରାରମ୍ଭିକ ପବ୍ଲିକ୍ ଅଫର (ଆଇପିଓ) ଆଣିବା ଯୋଜନାରେ ରହିଛନ୍ତି ବୋଲି ଶ୍ରୀ ଚାୱାଲା କହିଛନ୍ତି । ଯଦିଓ ସେ କୌଣସି କମ୍ପାନୀର ନାମ ଘୋଷଣା କରିନାହାନ୍ତି, ତଥାପି ସବୁଜ ଶକ୍ତିର ଉତ୍ସ କ୍ଷେତ୍ରରେ କାର୍ଯ୍ୟ ଆରମ୍ଭ କରିଥିବା ଓଏନ୍‌ଜିସି ବା ଏନ୍‌ଏଚ୍‌ପିସିର ଗ୍ରୀନ୍ ଏନର୍ଜି କମ୍ପାନୀକୁ ଏହା ଇଙ୍ଗିତ କରିଛି । ଉଭୟ କମ୍ପାନୀ ସେମାନଙ୍କର ସବୁଜ ଶକ୍ତି ୟୁନିଟ୍ ଷ୍ଟକ୍ ବଜାରରେ ତାଲିକାଭୁକ୍ତ କରିବାକୁ ଯୋଜନା କରୁଛନ୍ତି ।

ଚଳିତ ବର୍ଷ ପ୍ରାରମ୍ଭରେ ସରକାର ବିଭିନ୍ନ ରାଷ୍ଟ୍ରାୟତ୍ତ ଉଦ୍ୟୋଗରୁ କିଛି ଅଂଶଧନ ବିକ୍ରି କରିଥିଲେ, ମାତ୍ର ଏହା ଅସ୍ଥିର ବଜାରକୁ ସାମୟିକ ଆଶ୍ୱସ୍ତି ଦେଇଥିଲା । ବର୍ତ୍ତମାନ ବଜାର ସ୍ଥିର ହୋଇଥିବାରୁ, ସରକାର ପୁଣି ପୁଞ୍ଜି ପ୍ରତ୍ୟାହାର କାର୍ଯ୍ୟକ୍ରମକୁ ତ୍ୱରାନ୍ୱିତ କରିବେ ବୋଲି କୁହାଯାଉଛି । ସରକାର ବୀମା, ପ୍ରତିରକ୍ଷା ଏବଂ ମହାକାଶ ଭଳି ପ୍ରମୁଖ କ୍ଷେତ୍ରଗୁଡ଼ିକରେ ସ୍ୱଳ୍ପ ଅଂଶଧନ ବିକ୍ରି କରିବାକୁ ମଧ୍ୟ ଲକ୍ଷ୍ୟ ରଖିଛନ୍ତି । ଶ୍ରୀ ଚାୱଲା କହିଛନ୍ତି ଯେ ଏହି କ୍ଷେତ୍ରଗୁଡ଼ିକରେ ଅଂଶଧନ ବିକ୍ରି ମଧ୍ୟ ଷ୍ଟକ୍ ବଜାର ନିୟମାବଳୀ ଅନୁଯାୟୀ କରାଯିବ । ଲକ୍ଷ୍ୟ ହେଉଛି ନିବେଶକମାନଙ୍କୁ ନୂତନ ସୁଯୋଗ ପ୍ରଦାନ କରିବା ଏବଂ ଏହି କ୍ଷେତ୍ରଗୁଡ଼ିକରେ ଘରୋଇ ନିବେଶ ବୃଦ୍ଧି କରିବା । ସରକାର ଚଳିତ ବର୍ଷ ତାଙ୍କର ପୁଞ୍ଜି ପ୍ରତ୍ୟାହାର ଲକ୍ଷ୍ୟ ଅତିକ୍ରମ କରିବାକୁ ଆଶା ରଖିଛନ୍ତି । ଚଳିତବର୍ଷ ପାଇଁ ସରକାର ୪୭,୦୦୦ କୋଟି ଟଙ୍କାର ପୁଞ୍ଜି ପ୍ରତ୍ୟାହାର ଲକ୍ଷ୍ୟ ଧାର୍ଯ୍ୟ କରିଛନ୍ତି । ଅନ୍ୟପକ୍ଷରେ କେନ୍ଦ୍ର ଅର୍ଥ ରାଷ୍ଟ୍ରମନ୍ତ୍ରୀ ପଙ୍କଜ ଚୌଧୁରୀ କହିଛନ୍ତି ଯେ ପୁଞ୍ଜି ପ୍ରତ୍ୟାହାର ଜରିଆରେ ସରକାର ଚଳିତବର୍ଷ ୧.୨୦ ଲକ୍ଷ କୋଟିରୁ ଅଧିକ ଲାଭାଂଶ ଲକ୍ଷ୍ୟ ରଖିଛନ୍ତି ।

### ୨୦୨୨-୨୩ରେ ଓଡ଼ିଶାର...

ସୁସ୍ଥ ଭାବେ ଗଢ଼ି ତୋଳିଥିଲେ । ବ୍ୟାପକ ସଂସ୍କାର ଫଳରେ ୨୦୦୬ ମସିହା ପରଠାରୁ ଓଡ଼ିଶା କ୍ରମାଗତ ଭାବେ ନିଜର ଆର୍ଥିକ ବଳକା ସ୍ଥିତି ବଜାୟ ରଖି ଆସୁଛି । ଏହାକୁ ନେଇ ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ନବୀନ ଖୁସିବ୍ୟକ୍ତ କରିଛନ୍ତି । ସେ କହିଛନ୍ତି ଯେ ସୁଚିନ୍ତିତ ଯୋଜନା, ଆର୍ଥିକ ସୁପରିଚାଳନା ଓ ୫-ଟି ନୀତିର ସଫଳ ପ୍ରଣୟନ କାରଣରୁ ଓଡ଼ିଶା ନିଜସ୍ୱ ଆର୍ଥିକ ସ୍ଥିତି ସୁଦୃଢ଼ କରିବାରେ ସଫଳତା ପାଇଥିଲା । ନିରନ୍ତର ଭାବେ ରାଜସ୍ୱ ଅଭିବୃଦ୍ଧି ଘଟିବା ସହ କେନ୍ଦ୍ର ଉପରେ ନିର୍ଭରଶୀଳତା ମଧ୍ୟ ଦ୍ରୁତ ହ୍ରାସ ପାଇଥିଲା । ଯାହାଫଳରେ ରାଜ୍ୟ ସରକାର ବହୁବିଧ ଜନକଲ୍ୟାଣକାରୀ ଯୋଜନା ପ୍ରଣୟନ କରିପାରିଥିଲେ । ଏଥିରେ ବିଏସ୍‌କେୱାଇ, ମିଶନ ଶକ୍ତି, କାଳିଆ, ଦକ୍ଷତା ବିକାଶ, ୫-ଟି ସ୍କୁଲ, ଜନଜାତି ବିକାଶ, ବିପର୍ଯ୍ୟୟ ପରିଚାଳନା, ଭିତ୍ତିଭୂମି ବିକାଶ, ଜଳସେଚନ ସୁବିଧା ଓ ଦାରିଦ୍ର୍ୟ ଦୂରୀକରଣ ଭଳି କାର୍ଯ୍ୟକ୍ରମ ଅନ୍ତର୍ଭୁକ୍ତ ଥିଲା । ସେହିପରି ନିଜସ୍ୱ ପାଣ୍ଠିରେ ତତ୍କାଳୀନ ସରକାର ଖାଦ୍ୟ ସୁରକ୍ଷା ଯୋଜନା ଆରମ୍ଭ କରିଥିଲେ । ଦୁଇ ଦଶନ୍ଧିରୁ ଅଧିକ ଏଭଳି ସଫଳତା ପାଇଁ ସାଢ଼େ ଚାରି କୋଟି ଓଡ଼ିଆଙ୍କର ନିରନ୍ତର ସମର୍ଥନ ବିନା ସମ୍ଭବପର ହୋଇପାରି ନ ଥାନ୍ତା । ଏଥିପାଇଁ ନବୀନ ଓଡ଼ିଶାବାସୀଙ୍କୁ ଧନ୍ୟବାଦ ଜଣାଇଛନ୍ତି ।

### ଚୌଦ୍ୱାର ଥାନାରେ...

ତାଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରି କଟକ ବଡ଼ ମେଡ଼ିକାଲ(ଏସ୍‌ସିବି)କୁ ପଠାଇଥିଲେ । ସେଠାରେ ଟ୍ରମା କେୟାର୍‌ରେ ତାଙ୍କୁ ଭର୍ତ୍ତି କରାଯାଇଥିବା ବେଳେ ଆଜି ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଛି । ଖବର ପାଇ ରସାନନ୍ଦଙ୍କ ପରିବାରଲୋକେ ଏସ୍‌ସିବିରେ ପହଞ୍ଚି ପୁଲିସ ତାଙ୍କୁ ପିଟିପିଟି ମାରିଦେଇଥିବା ଅଭିଯୋଗ କରିଛନ୍ତି ।

ଅନ୍ୟପକ୍ଷରେ, ଏ ସଂକ୍ରାନ୍ତରେ ଚୌଦ୍ୱାର ପୁଲିସ ମୁହଁ ଖୋଲୁନାହିଁ । ଯେକୌଣସି ଅଧିକାରୀଙ୍କୁ ପଚାରିଲେ ବି ସେ ଥାନାରେ ନଥିଲେ ବୋଲି କହି ପ୍ରସଙ୍ଗକୁ ଏଡ଼ାଇ ଦେଉଛନ୍ତି । ପ୍ରତି ଥାନାରେ ସିସିଟିଭି ରହିବା ବାଧ୍ୟତାମୂଳକ କରାଯାଇଥିବା ବେଳେ ଚୌଦ୍ୱାର ଥାନାରେ କେଉଁଠି ସିସିଟିଭି ଲାଗିଛି, ସେନେଇ ମଧ୍ୟ ପ୍ରଶ୍ନ ଉଠିଛି । ପୁଲିସର ଅବହେଳା ଓ ଦାୟିତ୍ୱହୀନତା ଯୋଗୁଁ ଅଭିଯୁକ୍ତ ଆତ୍ମହତ୍ୟା କରିଥିଲେ ମଧ୍ୟ କମିସନରେଟ୍ ପୁଲିସ ଏ ବାବଦରେ ସ୍ପଷ୍ଟ କରିନାହିଁ । ଗୋଟିଏପଟେ, ଅଭିଯୁକ୍ତକୁ ଜଣେ ଥାନା କର୍ମଚାରୀ ଜଗିବାର ନିୟମ ରହିଥିବା ବେଳେ କିଭଳି ସେ ହାଜତରୁ ଖସି ନିଜ ବେଲ୍ଟ ଦ୍ୱାରା ବାରାକ୍ ପାଇଖାନାରେ ଆତ୍ମହତ୍ୟା କଲେ, ସେନେଇ ନିରପେକ୍ଷ ତଦନ୍ତ ହେବା ସହ ଏହି ଘଟଣାରେ ଦାୟୀ ପୁଲିସ ବିରୋଧରେ ଦୃଢ଼ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ସାଧାରଣରେ ଦାବି ହେଉଛି । ଏଡିସିପି ଅମରେନ୍ଦ୍ର ପଣ୍ଡା ଓ ଏସିପି ଅରୁଣ ସ୍ୱାଇଁ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଥିବା ଜଣାପଡ଼ିଛି ।

### ଗୃହ ଚାଲିଲା...

ସରକାର ନିଷ୍ପତ୍ତି ନେଇ ସାରିଛନ୍ତି । ପଞ୍ଚାୟତିରାଜ ବ୍ୟବସ୍ଥାରେ ନିର୍ବାଚିତ ପ୍ରତିନିଧିଙ୍କର ସର୍ବାଧିକ କ୍ଷମତା ରହିବା ଆବଶ୍ୟକ । ଏନେଇ ସମ୍ବିଧାନରେ ବ୍ୟବସ୍ଥା କରାଯାଇଛି । ମାତ୍ର, ରାଜ୍ୟ ବିଜେପି ସରକାର ନିର୍ବାଚିତ ପ୍ରତିନିଧିଙ୍କ କ୍ଷମତା ସଙ୍କୁଚିତ କରି ଐତିହାସିକ ତ୍ରୁଟି କରିଛନ୍ତି । ଏହା ଓଡ଼ିଶା ପାଇଁ 'କଳା ଦିନ' ବୋଲି ଶ୍ରୀ ଦାସ କ୍ଷୋଭ ପ୍ରକାଶ କରିଛନ୍ତି । ଏଭଳି ପ୍ରସଙ୍ଗରେ ଆମେ ବିଧାନସଭାରେ ଆଲୋଚନା କରିବାକୁ ଚାହିଁଥିଲୁ ବେଳେ ବାଚସ୍ପତି ଏହାକୁ ଅନୁମତି ଦେଲେନାହିଁ । ଏହି ପ୍ରସଙ୍ଗ ସମ୍ପୂର୍ଣ୍ଣ ରାଜ୍ୟବାସୀଙ୍କ ପ୍ରସଙ୍ଗ ଅଟେ । ଯଦି ଜିଲ୍ଲା ପରିଷଦ ସଭ୍ୟ, ଅଧ୍ୟକ୍ଷ, ବ୍ଲକ ଅଧ୍ୟକ୍ଷଙ୍କର କ୍ଷମତା ରହିବ ନାହିଁ, ସବୁଯାକ ଯଦି ବାବୁରାଜରେ ଚାଲିବ, ତା'ହେଲେ ଏହାକୁ ବରଦାସ୍ତ କରାଯିବ ନାହିଁ ବୋଲି ବିଧାୟକ ଶ୍ରୀ ଦାସ ମତବ୍ୟକ୍ତ କରିଛନ୍ତି ।

### ଆଜିର ରାଶିଫଳ

**ମେଷ:** ଆର୍ଥିକ ସମସ୍ୟା ଦେଖା ଦେବ । ଚିନ୍ତାରେ ରହିପାରନ୍ତି । ପେଟ ଜନିତ ସମସ୍ୟା ଦେଖା ଦେବ । ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ହୋଇପାରେ । ଛାତ୍ରଛାତ୍ରୀ ପଢ଼ାରେ ମନ ଦେବେ ।

**ବୃଷ:** ଭାଇ ଭଉଣୀଙ୍କ ସହଯୋଗ ମିଳିବ । ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିବେ । ସନ୍ଧ୍ୟାରେ ବନ୍ଧୁଙ୍କ ସହ ବୁଲିବାକୁ ଯିବେ । ନିବେଶ କରିବା ପାଇଁ ଉପଯୁକ୍ତ ସମୟ ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ । ପରିବାର ପାଇଁ ସମୟ ବାହାର କରିବେ । ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତଭେଦ ସୃଷ୍ଟି ହେବ । ନିବେଶରୁ ଲାଭ ପାଇବେ । ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି ।

**କର୍କଟ:** ଧାର୍ମିକ ସ୍ଥାନକୁ ଯାତ୍ରା ଯୋଗ ଅଛି । ମନ ପ୍ରସନ୍ନ ରହିବ । ମାନସିକ ଚିନ୍ତା ଦୂର ହେବ । ନୂଆ କାମ ଆରମ୍ଭ କରିବେ । ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିବେ । ଅର୍ଥ ନିବେଶରୁ ଦୂରେଇ ରହିବେ । ନୂଆ କାମ ପାଇଁ ଉପଯୁକ୍ତ ସମୟ । କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ । ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ ।

**କନ୍ୟା:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ । କର୍ମ ଚଞ୍ଚଳ ରହିବେ । ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ । ଜୀବନସାଥୀଙ୍କଠାରୁ ଉପହାର ପାଇବେ ।

**ତୁଳା:** ଦିନଟି ଶୁଭଫଳ ପ୍ରଦାନ କରିବ । ବ୍ୟବହାରରେ ସଂଯମତା ରକ୍ଷା କରିବେ । ମନରୁ ନକାରାତ୍ମକ ଚିନ୍ତାଧାର ଦୂର ହେବ । ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ । ଚକ୍ଷୁ ସମସ୍ୟା ଦେଖା ଦେବ ।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ । ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ । ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ । ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି । ଦାମ୍ପତ୍ୟ ଜୀବନ ସୁଖମୟ ହେବ ।

**ଧନୁ:** ଘର ପାଇଁ ନୂଆ ଜିନିଷ କିଣିବେ । ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ । ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ । ଜୀବନସାଥୀଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ । ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ । ଭଗବାନ ଶିବଙ୍କୁ ପୂଜା କରିବେ । ପରିବାର ସଦସ୍ୟଙ୍କ ସହ ହସ ଖୁସିରେ ସମୟ ଅତିବାହିତ କରିବେ ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ । ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ । ପଡ଼ୋଶୀଙ୍କ ସହ ମତାନ୍ତର ହେବ । ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ । ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ ।

**ମୀନ:** ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ । ଗୀତ, ନାଚରେ ସମୟ ଅତିବାହିତ କରିବେ । ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ । ଘରେ ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ । ସମସ୍ତ ଇଚ୍ଛା ପୂରଣ ହେବ ।

### କଂଗ୍ରେସର ଅନାସ୍ଥା...

ଅଗ୍ରାହ୍ୟ କରାଯାଇଛି ବୋଲି ବାଚସ୍ପତି କହିଛନ୍ତି । ବାଚସ୍ପତି ଅନାସ୍ଥା ନୋଟିସ ଅଗ୍ରାହ୍ୟ କରାଯାଇଥିବା ଘୋଷଣାରେ ବିଧାନସଭା ଗୃହ ତ୍ୟାଗ କରିଛନ୍ତି କଂଗ୍ରେସ ବିଧାୟକ । ବିଧାନସଭା ପରିସରରେ ଗାନ୍ଧୀ ମୂର୍ତ୍ତି ତଳେ ବିଧାୟକମାନେ ଧାରଣାରେ ବସିଛନ୍ତି । କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡ଼ାମ କହିଛନ୍ତି ଯେ ଆମେ ସାଢ଼େ ୪ କୋଟି ଜନତାଙ୍କ କଥା ବିଧାନସଭାରେ କହିବାକୁ ଚାହୁଁଥିଲୁ; ଗଣତନ୍ତ୍ରକୁ ସୁରକ୍ଷା ଦେବା ବାଚସ୍ପତିଙ୍କ ଦାୟିତ୍ୱ । ବିଧିବ୍ୟବସ୍ଥା ଅନୁଯାୟୀ କଂଗ୍ରେସ ଅନାସ୍ଥା ନୋଟିସ୍ ଆଣିଥିଲା । କିନ୍ତୁ ଶାସକ ବିଜେପି ବାଚସ୍ପତିଙ୍କ ଜରିଆରେ ଗଣତନ୍ତ୍ରକୁ ହତ୍ୟା କରିଛି । କଂଗ୍ରେସ ବିଧାୟକ ଦଳ ଉପନେତା ଅଶୋକ ଦାସ କହିଛନ୍ତି ଯେ ସରକାର ଭୟଭୀତ ହୋଇ ଏହି ନିଷ୍ପତ୍ତି ନେଇଛନ୍ତି । ଆମକୁ ସଂଖ୍ୟାହୀନ କହି ସେମାନେ ସମାଲୋଚନା କରୁଥିଲେ, ମାତ୍ର ଭୟ କରି ଅନାସ୍ଥା ନୋଟିସକୁ ଅଗ୍ରାହ୍ୟ କଲେ । ପିମ୍ପୁଡ଼ି ମଧ୍ୟ ହାତୀକୁ ନଚାଇବାକୁ ସମର୍ଥ । ନ୍ୟାୟ ପାଇଁ ଆମେ କକ୍ଷତ୍ୟାଗ କରିଛୁ । ଆଗକୁ ରଣକୌଶଳ ପ୍ରସ୍ତୁତ ହେବ ଓ କିପରି ସରକାରଙ୍କୁ ଉଚିତ ଜବାବ ଦିଆଯିବ ବୋଲି ଶ୍ରୀ ଦାସ କହିଛନ୍ତି ।

ବିଧାନସଭା ମୌସୁମୀ ଅଧିବେଶନର ପ୍ରଥମ ଦିନରେ ପୂର୍ବ ଘୋଷଣା ଅନୁଯାୟୀ ରାଜ୍ୟ ସରକାରଙ୍କ ବିରୋଧରେ ଅନାସ୍ଥା କଂଗ୍ରେସ ଅନାସ୍ଥା ପ୍ରସ୍ତାବ ଆଣିଥିଲା । ଦଳର ୧୪ ବିଧାୟକଙ୍କ ସମେତ ସିପିଆଇ(ଏମ୍) ବିଧାୟକ ଲକ୍ଷ୍ମଣ ମୁଣ୍ଡାଙ୍କ ସମର୍ଥନରେ ମୋଟ୍ ୧୫ ଜଣ ବିଧାୟକଙ୍କ ଦସ୍ତଖତରେ କଂଗ୍ରେସ ଏହି ପ୍ରସ୍ତାବ ଆଣିଥିଲା । ଅନାସ୍ଥାରେ ସମର୍ଥନ ଦେବାକୁ କଂଗ୍ରେସ ବିଜେଡିର ସହଯୋଗ ଲୋଡ଼ିଥିବା ବେଳେ ଏନେଇ କଂଗ୍ରେସର ଏକ ପ୍ରତିନିଧି ଦଳ ବିରୋଧୀ ଦଳ ନେତାଙ୍କ କାର୍ଯ୍ୟାଳୟକୁ ଯାଇ ଅନାସ୍ଥା ସପକ୍ଷରେ ସହଯୋଗ ଲୋଡ଼ିଥିଲେ । ମାତ୍ର ଏହା ଆଜି ଅଗ୍ରାହ୍ୟ ହୋଇଯିବା ପରେ କଂଗ୍ରେସ ଦଳକୁ କ୍ଷୁବ୍ଧ କରିଛି ।

### ବଣ୍ଡାଘାଟି ରାଜପଥ...

ଅତଡା ଖସିବା ଯୋଗୁଁ ଲମ୍ବା ସମୟ ପର୍ଯ୍ୟନ୍ତ ବଣ୍ଡାଘାଟି ଯାତାୟାତ ବାଧାଗ୍ରସ୍ତ ହୋଇଥିଲା । ପୁଣିଥରେ ସେଇ ପରିସ୍ଥିତି ପୁନରାବୃତ୍ତି ହେବାରୁ ସ୍ଥାନୀୟ ଲୋକଙ୍କ ମଧ୍ୟରେ ଅସନ୍ତୋଷ ସହିତ ଭୟର ପରିବେଶ ସୃଷ୍ଟି ହୋଇଛି ।

### କଳିଙ୍ଗା ଘାଟିରୁ...

ପ୍ରତିଦିନ ବର୍ଷାରେ ୫୦ କି.ମି ବୁଲି ଚକାପାଦ ଘାଟିରେ ବଡ଼ବଡ଼ ଗାଡ଼ି ଆସିବା କଷ୍ଟକର ହୋଇଥିବା ବେଳେ ଅଧିକ ସମୟ ସହ ଅଧିକ ଯାତ୍ରୀ ଭଡ଼ା ଦେବାକୁ ପଡୁଛି । ଚକାପାଦ ରାସ୍ତାରେ ମଧ୍ୟ ବିଭିନ୍ନ ସ୍ଥାନରେ ଘାଟି ରାସ୍ତା ଦୁର୍ବଳ ଥିବା ଅଭିଯୋଗ ହେଉଛି ।

### ଏଥର ଫିକା...

ମଙ୍ଗଳବାର ସୁନ୍ଦରଗଡ଼ ଓ ସମ୍ବଲପୁରରେ ସବୁଠୁ ଅଧିକ ବର୍ଷା ହୋଇପାରେ । ଅନ୍ୟପଟେ ପାଣିପାଗ କେନ୍ଦ୍ରର ବୈଜ୍ଞାନିକ ସଞ୍ଜୀବ ଦ୍ୱିବେଦୀ କହିଛନ୍ତି ଯେ ସେପ୍ଟେମ୍ବର ୨୫ ତାରିଖ ବେଳକୁ ଆଉ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି । ଏହି ଲଘୁଚାପ ପୂର୍ବକେନ୍ଦ୍ରୀୟ ଓ ସଂଲଗ୍ନ ଉତ୍ତର ବଙ୍ଗୋପସାଗରରେ ସୃଷ୍ଟି ହେବାର ଯଥେଷ୍ଟ ସମ୍ଭାବନା ରହିଛି । ଏହା ପଶ୍ଚିମ-ଉତ୍ତରପଶ୍ଚିମ ଦିଗକୁ ଗତି କରି ସେପ୍ଟେମ୍ବର ୨୬ ତାରିଖ ପାଖାପାଖି ଉତ୍ତର-ପଶ୍ଚିମ ଏବଂ ସଂଲଗ୍ନ ପଶ୍ଚିମକେନ୍ଦ୍ରୀୟ ବଙ୍ଗୋପସାଗର, ଦକ୍ଷିଣ ଓଡ଼ିଶା-ଉତ୍ତର ଆନ୍ଧ୍ରପ୍ରଦେଶ ଉପକୂଳରେ ଏକ ଅବପାତରେ ପରିଣତ ହେବାର ଅଧିକ ସମ୍ଭାବନା ରହିଛି । ଏହା ସେପ୍ଟେମ୍ବର ୨୭ ତାରିଖ ପାଖାପାଖି ଦକ୍ଷିଣ ଓଡ଼ିଶା-ଉତ୍ତର ଆନ୍ଧ୍ରପ୍ରଦେଶ ଉପକୂଳ ଅତିକ୍ରମ କରିବାର ସମ୍ଭାବନା ରହିଥିବା ଯୋଗୁଁ ରାଜ୍ୟର ଅନେକ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ଆଶଙ୍କା କରାଯାଉଛି । ଏଥିପାଇଁ କିଛି ଜିଲ୍ଲା ପାଇଁ ପ୍ରବଳ ବର୍ଷା ଜନିତ ଅରେଞ୍ଜ ଆଲର୍ଟ ଜାରି କରାଯାଇଥିବା ବେଳେ କିଛି ଜିଲ୍ଲା ପାଇଁ ୟେଲୋ ଆଲର୍ଟ ଜନିତ ଚେତାବନୀ ଜାରି ହୋଇଛି ।

ଅନ୍ୟପଟେ ଲଘୁଚାପ ପ୍ରଭାବରେ ସମୁଦ୍ର ମଧ୍ୟରେ ପବନର ବେଗ ୪୦-୫୦ କିମି ଓ ଝଟକା ପବନ ୬୦ କିମି ପର୍ଯ୍ୟନ୍ତ ପହଞ୍ଚିବା ଆଶଙ୍କା ରହିଛି । ଏହା ପ୍ରଭାବରେ ସମୁଦ୍ର ଅଶାନ୍ତ ରହିବ । ତେଣୁ ଆସନ୍ତା ୨୬ ତାରିଖ ପର୍ଯ୍ୟନ୍ତ ମତ୍ସ୍ୟଜୀବୀମାନଙ୍କୁ ଉତ୍ତର ବଙ୍ଗୋପସାଗର ମଧ୍ୟକୁ ନ ଯିବା ପାଇଁ ପାଣିପାଗ କେନ୍ଦ୍ର ପରାମର୍ଶ ଦେଇଛି ।

**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ.SNTPSBPSIG-KAVACH-092025

**କାର୍ଯ୍ୟର ନାମ:** ପୂର୍ବ ତଟ ରେଳପଥର ସମ୍ବଲପୁର ମଣ୍ଡଳର ଝାରସୁଗୁଡ଼ା ରୋଡ଼ (JSGR)-ଏକ୍ସ-ସିଙ୍ଗାପୁର ରୋଡ଼ ଜଂକ୍ସନ (SPRD), ଏକ୍ସ-ଲାଖୋଲି (LAE)-ଟିଟିଲାଗଡ଼ (TIG) ଏବଂ ସମ୍ବଲପୁର ଜଂକ୍ସନ (SBP)-ଏକ୍ସ-କେରେଜଙ୍ଗା (KPJG) ସେକ୍ସନ ମଧ୍ୟରେ କବଚ ଉପକରଣଗୁଡ଼ିକର ସର୍ବେକ୍ଷଣ, ଡିଜାଇନ୍, ଯୋଗାଣ, ସଂସ୍ଥାପନ, ପରୀକ୍ଷଣ ଏବଂ ପ୍ରଚଳନ ତଥା ଅନ୍ୟ ଆନୁଷଙ୍ଗିକ କାର୍ଯ୍ୟ ସମୂହ ।"

**ଆନୁମାନିକ ବିଜ୍ଞାପିତ ମୂଲ୍ୟ (ଟଙ୍କାରେ):** 129,93,43,287.32, EMD (ଟଙ୍କାରେ): 66,46,700/-, କାର୍ଯ୍ୟ ଶେଷ ହେବା ଅବଧି : 30 ମାସ ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ:** ତା.07.11.2025 ରିଖ 1500 ଘଟିକାରେ ।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ । ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ http://www.ireps.gov.in ରେ ଉପଲବ୍ଧ ଅଟେ ।

ଦ୍ରଷ୍ଟବ୍ୟ: ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି ।

PR-111/CI/25-26 — ଉପ ସଂକେତ ଏବଂ ଦୂରସଂଚାର ଯନ୍ତ୍ରୀ/କବଚ/ମୁଖ୍ୟାଳୟ/ଭୁବନେଶ୍ୱର

# ନିଯୁକ୍ତି ପରୀକ୍ଷା ପରିଚାଳନା ପାଇଁ ନୂଆ ଏସ୍‌ଓପି

- ୩ ବରିଷ୍ଠ ଅଧିକାରୀଙ୍କ ଉପସ୍ଥିତିରେ ହେବ ପ୍ରଶ୍ନପତ୍ର ପ୍ରିଣ୍ଟିଂ
- ପରୀକ୍ଷାକେନ୍ଦ୍ରକୁ ପ୍ରଶ୍ନପତ୍ର ନେବା ବେଳେ ହେବ ଭିଡିଓଗ୍ରାଫି
- ଅନ୍‌ଲାଇନ୍ ପରୀକ୍ଷାରେ ସୁରକ୍ଷା ଜଗିବ ଏଆଇ

ଭୁବନେଶ୍ୱର, ୨୨।୯(ସମିସ): ନିଯୁକ୍ତି ପରୀକ୍ଷାରେ ବିଭ୍ରାଟ ରୋକିବାକୁ ସରକାର ବଡ଼ ପଦକ୍ଷେପ ନେଇଛନ୍ତି । ନିଯୁକ୍ତି ପରୀକ୍ଷା ପରିଚାଳନା କରୁଥିବା ସମସ୍ତ ସଂସ୍ଥା ପାଇଁ ଏକକ ନିୟମ ପ୍ରଣୟନ କରିଛନ୍ତି । ପ୍ରଶ୍ନପତ୍ର ଛପାଠାରୁ ଆରମ୍ଭ କରି ପରୀକ୍ଷା ସରିବା ପର୍ଯ୍ୟନ୍ତ ବରିଷ୍ଠ ଅଧିକାରୀଙ୍କ ଏକ ଦଳ ଦାୟିତ୍ୱରେ ରହିବେ । ଅନ୍‌ଲାଇନ୍ ପରୀକ୍ଷା ପାଇଁ ଆହୁରି କଠୋର୍ ନିୟମ ଅଣାଯାଇଛି । ସୁରକ୍ଷା ପାଇଁ କୃତ୍ରିମ ବୁଦ୍ଧିମତା (ଏଆଇ)ର ଉପଯୋଗ ହେବ । ପରୀକ୍ଷାକେନ୍ଦ୍ରକୁ ପ୍ରଶ୍ନପତ୍ର ନେବା ସମୟରେ ଭିଡିଓଗ୍ରାଫି କରାଯିବ । ପ୍ରଶ୍ନପତ୍ର ପ୍ରସ୍ତୁତିଠାରୁ ଆରମ୍ଭ କରି ପରୀକ୍ଷା କେନ୍ଦ୍ରରେ ସୁରକ୍ଷା ଓ ପରିଚାଳନା ବ୍ୟବସ୍ଥା ସୁଧାର ଆଣି ସ୍ୱଚ୍ଛତାର ସହ ପରୀକ୍ଷା କରିବାକୁ ସୋମବାର ସରକାର ନୂତନ ଏସ୍‌ଓପି ଜାରି କରିଛନ୍ତି । ଅଫ୍‌ଲାଇନ୍ ପରୀକ୍ଷା ପାଇଁ ପ୍ରଶ୍ନପତ୍ର ପ୍ରସ୍ତୁତି ଓ ପ୍ରିଣ୍ଟିଂ ସମୟରେ ଗୋପନୀୟତାକୁ ଅଧିକ ଗୁରୁତ୍ୱ ଦିଆଯାଇଛି । ତିନିଜଣିଆ ଏକ ବରିଷ୍ଠ ଅଧିକାରୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପ୍ରଶ୍ନପତ୍ର ପ୍ରିଣ୍ଟିଂ ହେବ । ଜଣେ ବରିଷ୍ଠ ଓଏଏସ୍ ଅଧିକାରୀଙ୍କ ସମେତ ଜଣେ ବରିଷ୍ଠ ପୁଲିସ୍ ଅଧିକାରୀ ଏବଂ ଯେଉଁ ବିଭାଗର ପରୀକ୍ଷା ହୋଇଥିବ, ସେହି ବିଭାଗର ଜଣେ ବରିଷ୍ଠ ଅଧିକାରୀ ମଧ୍ୟ କମିଟିରେ ରହିବେ । ପୁଲିସ୍ ନିଯୁକ୍ତି ସଂକ୍ରାନ୍ତୀୟ ପରୀକ୍ଷା ହୋଇଥିଲେ ଜଣେ ଆଇଜି ରାଙ୍କର ପୁଲିସ୍ ଅଧିକାରୀ ପ୍ରିଣ୍ଟିଂ ସମୟରେ ଉପସ୍ଥିତ ରହିବା ବାଧ୍ୟତାମୂଳକ କରାଯାଇଛି । ଓଏମ୍‌ଆର୍ ସିଟ୍‌ରେ ପରୀକ୍ଷାର୍ଥୀଙ୍କ ରୋଲ୍ ନମ୍ବର ସହ ପରୀକ୍ଷା ବିଷୟର କୋଡ୍ ଓ ପରୀକ୍ଷା ତାରିଖ ଲେଖା ପୂର୍ବରୁ ହିଁ ରହିବ । ପ୍ରଥମଥର ପାଇଁ ଓଏମ୍‌ଆର୍ ସିଟ୍‌ରେ ଏପରି ପରିବର୍ତ୍ତନ କରାଯାଇଛି । ଫଳରେ ଓଏମ୍‌ଆର୍ ସିଟ୍ ପରିବର୍ତ୍ତନ ବା ଅଦଳବଦଳ ଆଶଙ୍କା ଆଉ ରହିବ ନାହିଁ । ପ୍ରଶ୍ନପତ୍ର ପ୍ୟାକେଟ୍‌ରେ ହିଁ ଓଏମ୍‌ଆର୍ ସିଟ୍ ରହିବାକୁ ମଧ୍ୟ ବାଧ୍ୟତାମୂଳକ କରାଯାଇଛି । ସେହିପରି ଯେଉଁ କମ୍ପାନୀର ନିଜସ୍ୱ ସ୍ଥାୟୀ କର୍ମଚାରୀ ନଥାଇ ଠିକାରେ ଲୋକ ଆଣି ପରୀକ୍ଷା କରିବେ, ସେମାନଙ୍କୁ ଆଉ ଅନୁମତି ମିଳିବ ନାହିଁ ।

**Office of the Principal**
**SCIENCE HIGHER SECONDARY SCHOOL, GUDARI, DIST. RAYAGADA**
Email ID – principalinchargesgic@gmail.com

**RECRUITMENT NOTICE**

Applications are invited from eligible candidates for filling up of 2 (Two) numbers of 4th grade (Peon) employee against the existing vacancy on 89 days basis. The appointment is purely temporary and with a consolidated remuneration of **Rs. 5000/- per month.** The minimum educational qualification of the applicants is H.S.C. or equivalent with Odia as a language subject and must be within the age group of 21–38 years.

Applicants should send their resume with necessary self-attested documents to the Principal-in-Charge, Science Higher Secondary School, Gudari, Dist- Rayagada, PIN-765026 within 20 days from the date of publication of this advertisement by Speed post only.

The interview will be held on 15.10.2025 at 11 AM in the institution premises. No TA/DA will be admissible for attending the interview. The authority reserves the right to cancel/modify/postpone the interview without assigning any reason thereof.

**Principal-in-Charge-cum-Secretary**
**Science Higher Secondary School**
**Gudari, Dist- Rayagada**

**OFFICE OF THE NODAL PRINCIPAL, KORAPUT**
Dist-Koraput (Odisha)
(WORKING UNDER ODISHA ADARSHA VIDYALAYA SANGATHAN)
Phone : 7978897651
E-mail : principalomavjeypore@gmail.com

Letter No. 014/25 — Date : 20-09-2025

**EMPANELMENT OF PART TIME CONTRACTUAL TEACHER PGT(CHEMISTRY) (EXTENSION OF DATE IN THE ADVERTISEMNET PUBLISHED IN "THE SAKALA" ODIA NEWS PAPER DAILY DATED 17-09-2025)**

It is hereby notified that a Walk-in-Interview(Document Verification) will be conducted for one post of PGT(CHEMISTRY) currently vacant at OAV, Nilabadi of Bandhugaon Block as well as for empanelment for the said post for future vacancy in the District of Koraput purely on contractual basis for the academic session 2025-26. The prescribed application form can be downloaded by scanning the attached QR code and eligibility details can be referred from the Archival Section of Koraput District Website (https://koraput.odisha.gov.in/notice/recruitment/archive-recruitment) published on 25 March 2025. Deserving candidate will have to be physically present along with prescribed filled-in application form along with all self attested copies of relevant documents on 26 September 2025,.10 AM at OAV, Machhara, near Koraput Town.

**Current Vacancy : PGT (CHEMISTRY) - 01 number at OAV, Nilabadi of Bandhugaon Block**

(By order of Collector & DM, Kora put)
Sd/-
Principal, OMAV, Jeypore
& Nodal Principal, OAVs. Koraout

**ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ, ସମ୍ବଲପୁର**
**ODISHA STATE OPEN UNIVERSITY,SAMBALPUR**
Established by an Act of Government of Odisha.

No. 2230/OSOU/2025 — Dt. 22.09.2025

**NOTICE FOR EXTENSION OF EOI-CUM-RFP SUBMISSION DATE**

Ref No.: **EOI- Notice No. 1999/OSOU/2025 Dtd. 26-08-2025**

With reference to the notice cited above, this is for the information of all concerned that last date for submission of EOI and RFP documents for implementation of e-Evaluation of Answer scripts in Odisha State Open University, Sambalpur, Odisha is being extended till **09th October, 2025 (05.00 PM)**.

All other Terms and Conditions of the EOI documents / Corrigendum shall remain unchanged and Prospective Bidders are advice to visit the University website www.osou.ac.in regularly for any updates.

Sd-
Registrar

**OFFICE OF THE DISTRICT PROJECT COORDINATOR**
**SAMAGRA SHIKSHA, BOUDH**
Circuit House Campus, Boudh, P.O./Dist- BOUDH- 762 014
website : www.opepa.in email: dpcboudhssa.opepa@nic.in

ସମଗ୍ର ଶିକ୍ଷା / समग्र शिक्षा / Samagra Shiksha

No. 1367 — Date 20.09.2025

**TENDER CALL NOTICE**

Sealed tenders are invited from the intending registered suppliers/ vendors having valid GSTIN and PAN for supply of Resource Materials for the Saksham Resource Centre for the CWSN to be opened at 3 (three) nos. of PM SHRI Schools of Boudh District. The supplier shall have to furnish their offer price item wise as mentioned in the bid after going through the terms and conditions of the tender published in **Boudh district website** www.boudh.odisha.gov.in **and OSEPA website** www.osepa.odisha.gov.in.

The tender should reach the office through Registered / Speed Post to the undersigned on or before 07.10.2025 by 5.00 P.M. The tenders shall be opened on **08.10.2025 at 10.00 A.M** in the presence of bidders or their authorized representatives. The undersigned reserves all rights to reject any or all tenders without assigning any reason thereof.

*By the order of Collector-cum-Chairman, SS,Boudh*
DEO-cum-DPC
Samagra Shiksha, Boudh

OIPR-27138/11/0001/2526 n-162

**GOVERNMENT OF ODISHA, "e"-PROCUREMENT NOTICE OFFICE OF THE BLOCK DEVELOPMENT OFFICER, NANDAPUR ON P.R & D.W DEPARTMENT**

i-318

**Tender call Notice**
E-mail-ori-nandapur@nic.in
Tender Call Notice No.-eTcn03/NANDAPUR/2025-26

Letter no: — Dated:-

**Bid Identification No. B.D.O, Nandapur -eTcn03/Nandapur/2025-26**

The Block Development Officer, Nandapur on behalf of Governor of Odisha inviting percentage rate bid in Single cover system in ONLINE MODE from eligible contractors for construction of Building work as detailed in the table below:

| | | |
|---|---|---|
| 1. | Nature of Work | : Building Works. |
| 2. | No of Work | : 4 Nos |
| 3. | Tender Cost & EMD | : To be remitted online through a process as mentioned In DTCN |
| 4. | Class of Contractor | : As mentioned in DTCN |
| 5. | Available of Bid Document in the Website | : From Dt.26.09.2025 11.00 AM to 10.10.2025 Upto 5.30 pm. |
| 6. | Date of opening of Bid | : Dt.15.10.2025 at 11.00 AM |

7. They have to participate in ONLINE bidding only. Further details can be seen From the Website: https://tenderodisha.gov.in. Any Addendum / Corrigendum /Cancellation of tender can also be seen in the said website.

Sd/- Block Development Officer, Nandapur

OIPR-19118/11/0005/2526

**କବଲା ହଜିଛି**

ମୁଁ ସୁବାଷ ଚନ୍ଦ୍ର ସାହୁ, ପିତା - ମାଟିଆ ସାହୁ, ପୋ- ଓଡଗାଁ, ଜିଲ୍ଲା- ନୟାଗଡରେ ବାସ କରେ । ମୁଁ ଜଣାଉଛି କି ମୁଁ ମୋ ଘରୁ ବଜାରକୁ ଯାଉଥିବା ସମୟରେ ଅରକ୍ଷିତ ସାହୁଙ୍କ ମୂଳ କବଲା ଡିଡ ନଂ. ୧୬୦୬, ତାରିଖ ୧୮.୦୮.୧୯୯୨ ଓ ତା ସହିତ ଅନ୍ୟାନ୍ୟ କାଗଜପତ୍ର ସହିତ ମୋର ବ୍ୟାଗଟି ସ୍କୁଟିରେ ଝୁଲୁଥିବା ସମୟରେ ତା.୦୫.୦୯.୨୦୨୫ରିଖ ଦିନ ୨ ଘଟିକା ସମୟରେ ହଜିଯାଇଛି । ଯଦି କେହି ପାଇଥାନ୍ତି ଦୟାକରି ଉପରୋକ୍ତ ଠିକଣାରେ ଯୋଗାଯୋଗ କରନ୍ତୁ ।

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**AFFIDAVIT**

I, Balaram Khemundu, S/o- Mangaraj Khemundu, resident of Vill./Po.- Attanda, Ps.- Padwa, Dist.- Koraput, Odisha, Pin-764041 declare by this affidavit No-88, dtd- 22.09.2025 that, I have changed my daughter's name from **Suramilata Khemundu** to **Sarmilata Khemundu**. Henceforth she will be known as **Sarmilata Khemundu** for all future purposes.
Sd/- Balaram Khemundu

**AFFIDAVIT**

By virtue of an affidavit C.F.No.1266 sworn before the executive Magistrate, Kuchinda, Dist: Sambalpur dated 04-09-2025, Somanath Kallo S/O Mayadhar Kallo resident of Vill: Gulujipali (Kalopada) PO: Katarkela, P.S: Jamankira Dist: Sambalpur declared that my correct name is Somanath Kallo and my wife's correct name is Bebby Pradhan in all documents but my sons birth certificate my name wrongly mentioned as Somanatha Kallo and my wife's name wrongly mentioned as Bebby Kallo. Henceforth, I declare that my real, actual name is Somanath Kallo and my wife's correct name is **Bebby Pradhan** for all purposes.

**AFFIDAVIT**

I, Mehboob Bano Abidi, W/o- Syed Ali Abidi, resident of Danial Apartment, Medical Road, Akbar Market Dodhpur, Civil Lines, Aligarh, Uttar Pradesh, India vide affidavit no.123 dated 20.09.2025 state that, I have changed my name from **Mehboob Bano** to **MEHBOOB BANO ABIDI**. Henceforth I shall be known as **MEHBOOB BANO ABIDI** for all future purposes.
Sd/- **Mehboob Bano Abidi**

**AFFIDAVIT**

By virtue of an affidavit sworn before the Executive Magistrate Jajpur, Dated 22nd. September 2025, No-9383, I, Kanakalata Kar, D/o-Late Madhusudan Mishra, Vill- Ghantiali, Post- Baniapal, Ps- Binjharpur, Dist- Jajpur, Odisha, Pin-755027 declare that I have changed my name from Ki-anaklata Kar to Kanakalata Kar. Henceforth,I shall be known as Kanakalata Kar for all Purposes.
**Sd/- Kanakalata Kar**

**AFFIDAVIT**

By virtue of an affidavit sworn before Executive Magistrate ,Bhubaneswar dated 16.9.2025 CF no. 7 . I Smt. Pinki Patra, W/o- Sanjay Kumar Patra, At- Tamudia, P.o- Shyamsundar, Ps.: Rairangapur, Dist.: Mayurbhanj , Odisha, Pin-757050 have changed my minor son's name from Samanath Patra to Somanath Patra. Henceforth, he shall be known as Somanath Patra for all purposes.
**Pinki Patra**

**AFFIDAVIT**

By virtue of an affidavit before Executive Magistrate, Cuttack, I do hereby solemnly affirm that my actual name is Tilotama Naik wife of Chandan Naik as per my Aadhaar card No.891932006157. But in my Punjab National Bank Passbook No. 08682191038950 my name has been mentioned as Puja Nayak. I hereby declare that Tilotama Naik and Puja Nayak is one and same person i.e myself. That the aforesaid Passbook has been lost and inspite of my best effort I could not trace it out.

**SALE**

TATA LPT 1512,MODEL 2023, Regn. No -OD-02-CH-6412, in as is where is condition. Contact: M/S Sundaram Finance Limited, NAYAGARH BRANCH, Ph:0675-3299916, MOB - 9437560891 within 7 days.

**SALE**

TATA LPT 1512,MODEL 2023, Regn. No -OD-02-CJ-9801, in as is where is condition., Contact: M/S Sundaram Finance Limited, NAYAGARH BRANCH, Ph:0675-3299916, MOB - 9437560891 within 7 days.

**AFFIDAVIT**

I Silalipi Sahoo W/o Srikant Kumar Sahoo, Resident of Plot No 1184/4, Nayapalli, Nilakantha Nagar, Near Debroy college, Bhubaneswar Urban, Odisha, PIN-751012, declare by this affidavit No.32 dtd 26.08.2025 that now onwards I shall be known as **SILALIPI SAHU** for all future purposes.

**କବଲା ହଜିଛି**

ମୁଁ ସୁମନ କୁମାର ମହାପାତ୍ର, ପିତା- ସୁବାଷ ଚନ୍ଦ୍ର ମହାପାତ୍ର, ମହିପୁର, ଜିଲ୍ଲା: ନୟାଗଡରେ ବାସ କରେ । ମୁଁ ଜଣାଇବାକୁ ଚାହୁଁଛି ଯେ, ମୋ ମା ମଞ୍ଜୁବାଳା ମହାପାତ୍ରଙ୍କର ମୂଳ କବଲା ନଂ. ୧୧୩୭୧୧୦୫୬୭୪, ତା.୦୪.୧୧.୨୦୧୧ରିଖ ଏବଂ ଅନ୍ୟାନ୍ୟ କାଗଜପତ୍ର ସହିତ ମୋର ବ୍ୟାଗଟି ସ୍କୁଟି ରେ ଲାଗିଥିବା ସମୟ ରେ ତା.୧୫.୦୫.୨୦୨୫ରିଖ ଦିନ ୧୨ଘ.୩୦ମି. ସମୟରେ ଚୋରି ହୋଇଯାଇଛି । ଯଦି କେହି ପାଇଥାନ୍ତି ଦୟାକରି ଉପରୋକ୍ତ ଠିକଣାରେ ଯୋଗାଯୋଗ କରନ୍ତୁ ।

**AFFIDAVIT**

By virtue of an affidavit sworn before the Executive Magistrate, Bargarh vide No.1193 dated. 20.09.2025, I Nakul Podh, S/o- Sadananda Podh, resident of Ghulipali, Ward no.-18, Bargarh, Po./Ps./Dist.- Bargarh state that, my daughter's name is **Jagyasini Podh** but in her Aadhar card her name is mentioned as **Titiska Podh**, which is her nick name. Hence **Jagyasini Podh** and **Titiska Podh**, D/o- Nakul Podh is same and one person.

**AFFIDAVIT**

By virtue of an affidavit No- *5680* sworn before Executive Magistrate,Angul,dated - 22/09/2025 . I Jitu Behera, Address At-Sabalabanga PO- Kumurisingha Ps-Angul Sadar Dist- Angul PIN-759129 declare that I have changed my name from Jitendra Behera to Jitu Behera .Henceforth, I shall be known as **Jitu Behera** for all purposes.
**Jitu Behera**

**AFFIDAVIT**

By virtue of an affidavit before the Executive Magistrate, Titilagarh, on dated- 02/09/2025. I, **Sai Swayam Sahu** (new name), formerly called as **Swayam Kumar Sahu** (old name), S/o- Biswa Ranjan Sahu, permanent resident of At- Sargiguda, W. No. 4, PO- Titilagarh, PS- Titilagarh, Dist- Balangir, (Odisha), PIN- 767033 declare that I have changed my name from **Swayam Kumar Sahu** (old name) to **Sai Swayam Sahu** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Sai Swayam Sahu** (new name).
**Sai Swayam Sahu**

**AFFIDAVIT**

By virtue of an affidavit before the Executive Magistrate, Titilagarh, on dated- 20/09/2025. I, **Neelima Panigrahi,** aged about 30 years, W/O Omkar Hota, permanent resident of R.T.O. Chowk, PO/PS/Dist- Balangir, Odisha, PIN- 767001 at present residing At/PO/PS- Titilagarh, Dist- Balangir, Odisha, PIN- 767033 declare that, now I want to change my name from **Neelima Panigrahi** (old name) to **Neelima Hota** (new name). Henceforth, I shall be known as **Neelima Hota** (new name) for all purposes.

ଜବରଦଖଲକାରୀଙ୍କ କବ୍‌ଜାରେ କେନାଲ

# ଜଳସେଚନ ସମସ୍ୟା ନେଇ ଚାଷୀ ଅତିଷ୍ଠ

ନିଶ୍ଚିନ୍ତକୋଇଲି, ୨୨।୯ (ସମିସ)



ନିଶ୍ଚିନ୍ତକୋଇଲି ବ୍ଲକ ଅନ୍ତର୍ଗତ କେନ୍ଦୁପାଟଣା ଜଳସମ୍ପଦ ବିଭାଗର ଦାୟିତ୍ୱହୀନତା ପାଇଁ ନିଶ୍ଚିନ୍ତକୋଇଲି ଅଞ୍ଚଳ ଦେଇ ଯାଇଥିବା ଏକ କେନାଲକୁ ଜବରଦଖଲ କରାଯାଇଛି। ଉକ୍ତ କେନାଲର ସଠିକ୍ ରକ୍ଷଣାବେକ୍ଷଣ ଅଭାବରୁ ଏହା ପରିତ୍ୟକ୍ତ ଅବସ୍ଥାରେ ପଡ଼ି ରହିଛି। ଫଳରେ କେନାଲରେ ପାଣି ଯାଉ ନ ଥିବାରୁ କ୍ଷେତରେ ଜଳସେଚନର ସମସ୍ୟା ଯୋଗୁଁ ଚାଷୀମାନେ ନାହିଁ ନ ଥିବା ହୀନସ୍ଥା ହେଉଥିବା ଦେଖାଯାଇଛି। କେନାଲରେ ସଠିକ୍ ଭାବେ ପାଣି ଯାଇପାରୁ ନ ଥିବାରୁ ଏଥିରେ ଥିବା ଅଳିଆ ଆବର୍ଜନା ଦୁର୍ଗନ୍ଧମୟ ପାଣି ରାସ୍ତାରେ ମାଡିଥିବା ଦେଖାଯାଇଛି। କେନ୍ଦୁପାଟଣା ଜଳ ସମ୍ପଦ ବିଭାଗ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କ ଅଧୀନରେ ୮ ଇ(୧) କେନାଲ ରହିଛି। ଏହି କେନାଲଟି ନିଶ୍ଚିନ୍ତକୋଇଲି ବଜାର ଦେଇ ବହି ଯାଇଥିବା ୮-ଇ ଶାଖା କେନାଲରୁ ବାହାରି ଓଥକା କୁମ୍ଭାର ସାହି ପର୍ଯ୍ୟନ୍ତ ଯାଇଛି। ଏହି କେନାଲ ଉପରେ ଜଳସେଚନ ନିମନ୍ତେ ସ୍ଥାନୀୟ ନିଶ୍ଚିନ୍ତକୋଇଲି, ଓଥକା ପ୍ରଭୃତି ଗ୍ରାମର ଶହ ଶହ ଚାଷୀ ନିର୍ଭର କରିଥାନ୍ତି। ଏହି କେନାଲକୁ ଜବରଦଖଲ କରାଯାଇ ବିଭିନ୍ନ ଦୋକାନ ହୋଇଥିବାରୁ ଏଥିରେ ପାଣି ଯାଇପାରୁ ନାହିଁ। ଦୀର୍ଘ ଦିନ ହେଲା ଏହି କେନାଲଟି ଅଳିଆ ଆବର୍ଜନା, ପଚାସଢା ବର୍ଜ୍ୟବସ୍ତୁରେ ପରିପୂର୍ଣ୍ଣ ହୋଇ ରହିଛି। ଏପରିକି ଏହି କେନାଲରେ ପୋକଜୋକ ସାଲୁବାଲୁ ହେଉଛନ୍ତି। ପ୍ରତିବର୍ଷ ସରକାରୀ କାଗଜକଲମରେ ଏହି କେନାଲକୁ ସଫେଇ ଓ ମରାମତି କରାଯାଉଥିବା ବେଳେ ପ୍ରକୃତ ପକ୍ଷେ ଏହା କରାଯାଉ ନାହିଁ ବୋଲି ଚାଷୀମାନେ ଅଭିଯୋଗ କରିଛନ୍ତି। ଫଳରେ ଏହି କେନାଲରେ ପାଣି ଯାଉ ନ ଥିଲା ବେଳେ ହାଟ ଓ ବଜାରର ପଚାସଢା ଓ ନର୍ଦ୍ଦମା ପାଣି ଜମି ରହିବାରୁ ନିକଟସ୍ଥ ଗ୍ରାମ ଏବଂ ସ୍ଥାନୀୟ ନିଶ୍ଚିନ୍ତକୋଇଲି ଅହମ୍ମଦ ବକ୍ସ ସରକାରୀ ଉଚ୍ଚ ବିଦ୍ୟାଳୟର ପରିସର ଦୁର୍ଗନ୍ଧରେ ଫାଟି ପଡୁଛି। ଯାହାଦ୍ୱାରା ଏଠାକାର ପରିବେଶ ଦୂଷିତ ହେବାରୁ ଲୋକମାନେ ଚଳପ୍ରଚଳ କରିବା ପାଇଁ ଅଣନିଶ୍ୱାସୀ ହୋଇପଡୁଛନ୍ତି। ଦୁର୍ଗନ୍ଧମୟ ପରିବେଶ ଯୋଗୁଁ ଏହି ଅଞ୍ଚଳରେ ସଂକ୍ରାମକ ରୋଗ ବ୍ୟାପିବା ଆଶଙ୍କାକୁ ଏଡାଇ ଦିଆଯାଇ ନ ପାରେ ବୋଲି ସାଧାରଣରେ ମତ ପ୍ରକାଶ ପାଇଛି। ଅପରପକ୍ଷରେ ସରକାର ଚାଷୀଙ୍କ ଠାରୁ ଜଳକର ଓ ରାଜସ୍ୱ ଆଦାୟ କରୁଥିଲା ବେଳେ ଚାଷୀଙ୍କ ବିଲକୁ ପାଣି ଯୋଗାଇବାରେ ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି। ଫଳରେ ପ୍ରତିବର୍ଷ ଏହି ଅଞ୍ଚଳର ଚାଷୀମାନେ ଜଳସେଚନର ଉପଯୁକ୍ତ ସୁବିଧା ସୁଯୋଗରୁ ବଞ୍ଚିତ ହେଉଥିବାରୁ ସେମାନଙ୍କ କ୍ଷେତରେ ଧାନ ଫସଲ ହାନୀ ହେଉଥିବାର ଅଭିଯୋଗ ହୋଇଛି। ପ୍ରଶାସନ ପକ୍ଷରୁ ତୁରନ୍ତ ଏହାର ପ୍ରତିକାର ବ୍ୟବସ୍ଥା କରାଯିବା ପାଇଁ ସ୍ଥାନୀୟ ଗ୍ରାମବାସୀ ଓ ଚାଷୀମାନେ ଦାବି କରିଛନ୍ତି।



ମା' ଭଗବତୀଙ୍କର ଶୈଳପୁତ୍ରୀ ବେଶ

ଜିଲ୍ଲାପାଳଙ୍କ ଜନ ଅଭିଯୋଗ ଶୁଣାଣି

## ୨୮୪ଟି ଅଭିଯୋଗ ପଞ୍ଜିକୃତ



**ଟାଙ୍ଗୀ, ୨୨।୯ (ସମିସ):** ଜିଲ୍ଲାପାଳ କଟକଙ୍କ ଜନ ଅଭିଯୋଗ ଶୁଣାଣି ଶିବିର ଟାଙ୍ଗୀ-ଚୌଦ୍ୱାର ବ୍ଲକ ପରିସରରେ ସୋମବାର ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳଙ୍କ ଅନୁପସ୍ଥିତି ଯୋଗୁଁ ଅତିରିକ୍ତ ଜିଲ୍ଲାପାଳ ଶିବ ଟପ୍ପୋଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଶିବିରରେ ବ୍ୟକ୍ତିଗତ ୨୮୩ ଓ ଗୋଟିଏ ସାମୁହିକ ଅଭିଯୋଗକୁ ମିଶାଇ ମୋଟ ୨୮୪ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ବ୍ୟକ୍ତିଗତ ଅଭିଯୋଗରେ ଭତ୍ତା, ରାସନ କାର୍ଡ଼ ଓ ଆବାସ ଯୋଜନା ସ୍ଥାନ ପାଇଥିବାବେଳେ ସାମୁହିକ ଅଭିଯୋଗରେ ଚାଷୀଙ୍କୁ ସାର ଯୋଗାଣ ସ୍ଥାନ ପାଇଥିଲା। ତେବେ ତୁରନ୍ତ ବ୍ୟବସ୍ଥା ନିମନ୍ତେ ପ୍ରତିଶ୍ରୁତି ମିଳିଥିଲା। ସେହିପରି ନବଗଠିତ ତଥା ୨୫ ସଦସ୍ୟ ବିଶିଷ୍ଟ ବ୍ଲକ କୃଷି ଓ ବୈଷୟିକ ପରାମର୍ଶଦାତା କମିଟି (ଆତ୍ମା)ରେ ୨୪ ପଞ୍ଚାୟତ ମଧ୍ୟରୁ ୧୧ ପଞ୍ଚାୟତକୁ ବାଦ ଦେବା ଓ ଆତ୍ମା ଅଧ୍ୟକ୍ଷ ନିର୍ବାଚନକୁ ଅସିଦ୍ଧ ଘୋଷଣା ନିମନ୍ତେ ଅଭିଯୋଗ ଦାଖଲ ହୋଇଥିଲା। ଜାତୀୟ ରାଜପଥରେ ଟ୍ରାଫିକ ବ୍ୟବସ୍ଥା ଓ ଗୋମାତାଙ୍କ ସୁରକ୍ଷା ନିମନ୍ତେ ଯୁବ ସଂଗଠକ ଆକାଶ ପାତ୍ର ଦାବି କରିଥିଲେ। ବିଡ଼ିଓ ଏନ୍ ରାଜଲକ୍ଷ୍ମୀ ଓଝା କାର୍ଯ୍ୟକ୍ରମ ପରିଚାଳନା କରିଥିବାବେଳେ ଉପଜିଲ୍ଲାପାଳ ଦିବ୍ୟଜ୍ୟୋତି ସ୍ମୃତି ରଞ୍ଜନ ଦେଓ, ଗ୍ରାମୀଣ ଏସପି ଭିନିତ ଅଗ୍ରୱାଲ, ସିଡିଓ କମ ଇଓ ଜିଲ୍ଲା ପରିଷଦ ପ୍ରଶାନ୍ତ ନାୟକ, ପଞ୍ଚାୟତ ସମିତି ଉପାଧ୍ୟକ୍ଷା ସୁପ୍ରିୟା ଜେଠୀ, ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ, ଜିଲ୍ଲା ଶିକ୍ଷା ଅଧିକାରୀ, ଜିଲ୍ଲା କୃଷି ଅଧିକାରୀ ତଥା ବିଭିନ୍ନ ବିଭାଗର ଜିଲ୍ଲା, ଉପଖଣ୍ଡ ଓ ବ୍ଲକସ୍ତରୀୟ ଅଧିକାରୀ ଉପସ୍ଥିତ ଥିଲେ। ଶେଷରେ ଏବିଡିଓ ଶାଶ୍ୱତ ଜେନା ଧନ୍ୟବାଦ ଦେଇଥିଲେ।

ଦିନ ଦ୍ୱିପ୍ରହରରେ ଦୋକାନରୁ ଲୁଟ୍ ଉଦ୍ୟମ ବିଫଳ

## ଚୋରକୁ ଗୋଡ଼ାଇବାରୁ ଭୟରେ ଟଙ୍କାକୁ ରାସ୍ତାରେ ଫିଙ୍ଗିଦେଲା



**ସାଲେପୁର, ୨୨।୯ (ସମିସ):** ସାଲେପୁର ହାଉସିଂବୋର୍ଡ ମାର୍କେଟ୍ କମ୍ପ୍ଲେକ୍ସ ଶ୍ରୀଜଗନ୍ନାଥ ବାସନକୁସନ ଦୋକାନ ଖୋଲିଥିବା ଦୋକାନୀଙ୍କୁ ସୋମବାର ଦିନ ୩ ଘଟିକା ସମୟରେ ଜଣେ ଯୁବକ ହଠାତ୍ ଆସି ୫ଟା ହାତଘଣ୍ଟି କିଣିବାକୁ ଚାହିଁଥିଲା। ଏହି ଘଟଣାରେ ଦୋକାନ ମାଲିକ ନାରାୟଣ ସାହୁ ସଙ୍ଗେ ସଙ୍ଗେ ଦୋକାନ ଭିତରେ ଥିବା ହାତଘଣ୍ଟି ଆଣିବାକୁ ଯାଇଥିବାବେଳେ ଏହି ସୁଯୋଗରେ ଯୁବକ ଜଣକ ହଠାତ୍ ଦୋକାନରେ ଥିବା କ୍ୟାସ୍ ବକ୍ସକୁ ଖୋଲି ସେଥିରେ ଥିବା ପ୍ରାୟ ୩୫ହଜାରରୁ ଅଧିକ ଟଙ୍କା ଧରି ଚମ୍ପଟ ମାରିଥିଲା। ଏହି ଘଟଣାରେ ଦୋକାନୀ ଜଣକ ହଠାତ୍ ବୁଲିପଡ଼ି ଦେଖିଲାବେଳକୁ ଘଣ୍ଟି ନେବାକୁ ଅପେକ୍ଷା କରିଥିବା ଦୁର୍ବୃତ୍ତ ସେଠାରୁ ଦୌଡ଼ି ପଳାଉଛି। ସଙ୍ଗେ ସଙ୍ଗେ ଦୋକାନୀ ଜଣକ ପଡ଼ି ଉଠି ହେଇ ଚୋର ଚୋର କହି ତା' ପଛରେ ଦୌଡ଼ିଲାବେଳକୁ ଚୋର ଜଣକ ନେଇଥିବା ୩୫ହଜାର ଟଙ୍କାକୁ ବାଟରେ ଫିଙ୍ଗିଦେଇ ଛୁ ମାରିଥିଲା। ଶେଷରେ ଦୋକାନୀ ଟଙ୍କାଗୁଡିକ ଗୋଟାଇ ଖଣ୍ଡିଆ ଖାବରା ହୋଇ ଦୋକାନକୁ ଫେରିଥିଲେ। ଏହି ଘଟଣାରେ ଦୋକାନୀ ଭୟଭୀତ ହୋଇଯାଇଥିବାବେଳେ ଦୋକାନ ବାହାରେ ଲାଗିଥିବା ସିସିଟିଭି କ୍ୟାମେରାରେ ଚୋରର ସମ୍ପୂର୍ଣ୍ଣ ଫଟୋ କଏଦ ହୋଇଥିବା ଜଣାଯାଇଛି। ଯାହାକି ସାଧାରଣରେ ଚର୍ଚ୍ଚାର ବିଷୟ ହୋଇଛି।

## ନୂଆପାଟଣା ଦଶହରା ଯାତ୍ରା ପାଇଁ ପ୍ରସ୍ତୁତି ବୈଠକ



**ତିଗିରିଆ, ୨୨।୯ (ସମିସ):** ତିଗିରିଆ ବ୍ଲକର ନୂଆପାଟଣାରେ ପ୍ରତ୍ୟେକ ବର୍ଷ ଭଳି ଚଳିତ ମାସ ୨୮ ତାରିଖରୁ ଆରମ୍ଭ ହେବାକୁ ଯାଉଥିବା ପ୍ରସିଦ୍ଧ ଦଶହରା ଯାତ୍ରାକୁ ଶାନ୍ତିଶୃଙ୍ଖଳାର ସହ ପରିଚାଳନା କରିବା ପାଇଁ ଏକ ପ୍ରସ୍ତୁତି ବୈଠକ ସୋମବାର ଅପରାହ୍ନରେ ନୂଆପାଟଣା ନୋଡାଲ ସ୍କୁଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ନୂଆପାଟଣା ୪ ବଜାର ସଭାପତି ପ୍ରକାଶ କୁମାର ଦାସଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି ବୈଠକରେ ମୁଖ୍ୟଅତିଥି ଭାବେ ତହସିଲଦାର ଅକ୍ଷୟ ପରିଡ଼ା ଯୋଗଦେଇଥିଲେ। ସମ୍ମାନିତ ଅତିଥି ଭାବେ ତିଗିରିଆ ଥାନା ଏଏସଆଇ ବିକାଶ ରଞ୍ଜନ ବିଶ୍ୱାଳ, ବିଦ୍ୟୁତ ବିଭାଗ କନିଷ୍ଠ ଯନ୍ତ୍ରୀ ମହମ୍ମଦ ଖାଲିଦ, ପଞ୍ଚାୟତ ସରପଞ୍ଚ ସୋମନାଥ ଦାସ, ପୂର୍ବତନ ପଞ୍ଚାୟତ ସମିତି ଅଧ୍ୟକ୍ଷ ଭାଗିରଥି ନନ୍ଦ, ପୂର୍ବତନ ସରପଞ୍ଚ ପ୍ରଫୁଲ୍ଲ ଦତ୍ତ, ସମାଜସେବୀ ପ୍ରଦୀପ ବର୍ଦ୍ଧନ, ଚଣ୍ଡୀବଜାରର ସମ୍ପାଦକ ଧ୍ରୁବଚରଣ ଦାସ, ଦୁର୍ଗାବଜାର ସଭାପତି ଚିତ୍ତରଞ୍ଜନ ସାହୁ, ସମ୍ପାଦକ ଅଭୟ ସାହୁ, କଳାପାଟ ବଜାର ସଭାପତି ଗଙ୍ଗାଧର ସାହୁ, ସମ୍ପାଦକ ତପନ ଦାସ, ମଙ୍ଗଳା ବଜାର ପରିଚାଳନା କମିଟିର ସଦସ୍ୟ ରାଜକିଶୋର ବାରିକ ଓ ପ୍ରଦୀପ କୁମାର ସାଥୁଆ ପ୍ରମୁଖ ଯୋଗଦେଇଥିଲେ। ବୈଠକରେ ଯାତ୍ରାକୁ କିଭଳି ଶାନ୍ତିଶୃଙ୍ଖଳାର ସହ ପାଳନ କରାଯିବ ସେ ନେଇ ଉପସ୍ଥିତ ସମସ୍ତ ବଜାର କମିଟିର ସଦସ୍ୟ, ୯ ମୌଜା ମୁରବୀ ନିଜର ମତାମତ ଦେଇଥିଲେ। ଯାତ୍ରା ସମୟରେ ଅତ୍ୟଧିକ ଭିଡକୁ ଆଖିରେ ରଖି ଚଳାଚଳ କରୁଥିବା ହାଇୱା ଗାଡିକୁ ସମ୍ପୂର୍ଣ୍ଣ ଭାବେ ବନ୍ଦ କରିବା, ଯାତ୍ରା ସମୟରେ ନିରବଚ୍ଛିନ୍ନ ବିଦ୍ୟୁତ ସେବା ଯୋଗାଇବା, ନିଶାକୁ ସମ୍ପୂର୍ଣ୍ଣ ଭାବେ ବନ୍ଦ କରିବା ପାଇଁ ଆଲୋଚନା ହୋଇଥିଲା। ୪ ତାରିଖ ଦିନ ହେବାକୁ ଥିବା ଭସାଣି ଯାତ୍ରାରେ ଡିଜେକୁ ସମ୍ପୂର୍ଣ୍ଣ ନିଷେଧ ସହ ପାରମ୍ପରିକ ବାଜାକୁ ପ୍ରାଧାନ୍ୟ, ନିଶା ସେବନକୁ ବାରଣ ଆଦି ପ୍ରସ୍ତାବ ଉପରେ ଆଲୋଚନା କରାଯାଇଥିଲା। ଏଥି ସହିତ ଉପସ୍ଥିତ ସମସ୍ତ ୯ ମୌଜାର ସଭ୍ୟଙ୍କ ପକ୍ଷରୁ ମଧ ଯାତ୍ରାକୁ ଅଧିକ ଆକର୍ଷଣୀୟ ଢଙ୍ଗରେ କରାଯିବା ନେଇ ବିଭିନ୍ନ ପ୍ରସ୍ତାବ ଦିଆଯାଇଥିଲା। ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ବିଭିନ୍ନ ପରିଚାଳନା କମିଟିର ସଦସ୍ୟ, ସ୍ଥାନୀୟ ଜନସାଧାରଣ ଓ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ବିଶେଷ ଉପସ୍ଥିତ ଥିଲେ।

## ଡ୍ରିମ୍ସ ନର୍ସିଂ ଛାତ୍ରଛାତ୍ରୀଙ୍କ ସଚେତନତା ବାର୍ତ୍ତା




**କଟକ, ୨୨।୯ (ସମିସ):** ବିଶ୍ୱ ଆଲଜିମର୍ସ ଦିବସ ପାଳନ ଅବସରରେ ଡ୍ରିମ୍ସ ସ୍କୁଲ ଅଫ ନର୍ସିଂର ମେଣ୍ଟାଲ ହେଲଥ୍ ନର୍ସିଂ ବିଭାଗ ପକ୍ଷରୁ ଛତିଆ ସୋଲରସ୍ଥିତ 'ସେବକ' ଜରାଶ୍ରମରେ ବିଶେଷ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଡ୍ରିମ୍ସ ବିଶ୍ୱବିଦ୍ୟାଳୟର ପ୍ରତିଷ୍ଠାତା ଅଧ୍ୟକ୍ଷ ଡ. ପ୍ରମୋଦ ଚନ୍ଦ୍ର ରଥ ଆଭାସୀ ମାଧ୍ୟମରେ ଉଦ୍‌ଘାଟନ କରି ଜରାଶ୍ରମର ଅନ୍ତେବାସୀଙ୍କୁ ସମ୍ମାନ ଜଣାଇଥିଲେ। ନାଟକ ଓ ନୃତ୍ୟଗୀତ ମାଧ୍ୟମରେ ଛାତ୍ରଛାତ୍ରୀମାନେ ଜରାଗ୍ରସ୍ତ ବ୍ୟକ୍ତିଙ୍କ ଭୁଲାପଣଜନିତ ସମସ୍ୟାର ସମାଧାନ ଓ ସେବାଯନ୍ତ୍ରଣ ସମ୍ପର୍କରେ ସଚେତନତାର ବାର୍ତ୍ତା ଦେବା ସହ ଅନ୍ତେବାସୀଙ୍କୁ ବିଭିନ୍ନ ଉପହାର ପ୍ରଦାନ କରିଥିଲେ। ଡ୍ରିମ୍ସ ସ୍କୁଲ ଅଫ ନର୍ସିଂର ଅଧ୍ୟକ୍ଷା ଡ. ପ୍ରଥିମା ପ୍ରକାଶମ୍ କାର୍ଯ୍ୟକ୍ରମରେ ପୌରୋହିତ୍ୟ କରିଥିବାବେଳେ ନିର୍ଦ୍ଦେଶକ ଲୋକନାଥ ବେହେରା, ଜରାଶ୍ରମର ଉପଦେଷ୍ଟା ମନ୍ଦରଧର ସ୍ୱାଇଁ, ନିତ୍ୟାନନ୍ଦ ପ୍ରଧାନ, ସଭାପତି ସୁରେଶ ଚନ୍ଦ୍ର ବିଶ୍ୱାଳ, ପ୍ରାଧ୍ୟାପକ ସତୀଶ ରାଜମଣି, ଲୋକ ସମ୍ପର୍କ ଅଧିକାରୀ ନିରାକାର ସାହୁ ବକ୍ତବ୍ୟ ପ୍ରଦାନ କରିଥିଲେ। ଏହି ଅବସରରେ ଜରାନିବାସ କର୍ମକର୍ତ୍ତାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ବିଭାଗୀୟ ସହକାରୀ ପ୍ରାଧ୍ୟାପିକା ସ୍ମୃତିଶ୍ରୀ ପ୍ରିୟଦର୍ଶିନୀ ଦଳାଇ ପ୍ରାରମ୍ଭିକ ସୂଚନା ଓ ସହକାରୀ ପ୍ରାଧ୍ୟାପିକା ସ୍ମୃତିରେଖା ପରିଡ଼ା ଧନ୍ୟବାଦ ଦେଇଥିଲେ। ଛାତ୍ରୀ ଶ୍ରାବଣୀ ପଣ୍ଡା ଓ ଗାୟତ୍ରୀ ଦାଶ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ଶିକ୍ଷାନୁଷ୍ଠାନର ଅଧ୍ୟାପକ, ଅଧ୍ୟାପିକା ଏବଂ ସ୍ଥାନୀୟ ବିଶିଷ୍ଟ ବ୍ୟକ୍ତି କାର୍ଯ୍ୟକ୍ରମରେ ଯୋଗଦେଇଥିଲେ।

## ରକ୍ତଦାନ ଶିବିର; ୩୨୦ ୟୁନିଟ୍ ରକ୍ତ ସଂଗ୍ରହ

**ନିଶ୍ଚିନ୍ତକୋଇଲି, ୨୨।୯ (ସମିସ):** ନିଶ୍ଚିନ୍ତକୋଇଲି ବ୍ଲକ ଅନ୍ତର୍ଗତ ସୁକରପଡ଼ା ଡାକବଙ୍ଗଳାରେ ମାହାଙ୍ଗା ବିକାଶ ପରିଷଦ ଆନୁକୂଲ୍ୟରେ ଏକ ମେଗା ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଛି। ପରିଷଦର ଅଧ୍ୟକ୍ଷ ତଥା ମାହାଙ୍ଗା ବିଧାୟକ ଶାରଦା ପ୍ରସାଦ ପ୍ରଧାନଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱବଧାନାରେ ଏହି ଶିବିରରେ ନିଶ୍ଚିନ୍ତକୋଇଲି ବ୍ଲକର ୨୭ଟି ପଞ୍ଚାୟତର ଲୋକମାନେ ସ୍ୱେଚ୍ଛାକୃତ ଭାବେ ୩୨୦ ୟୁନିଟ୍ ରକ୍ତ ଦାନ କରିଛନ୍ତି। ଏହି ଶିବିରକୁ ନିଶ୍ଚିନ୍ତକୋଇଲି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଅଧୀକ୍ଷକ ଡାକ୍ତର ଅମିତ ଜେନା ଏହାକୁ ଉଦ୍‌ଘାଟନ କରିଥିଲେ। ବ୍ଲକର ପ୍ରାକ୍ତନ ଉପାଧ୍ୟକ୍ଷ ଅଶୋକ ଓଝା ଓ ଉପାଧ୍ୟକ୍ଷ ନୃସିଂହ ଚରଣ ମିଶ୍ରଙ୍କ ସଂଯୋଜନାରେ କଟକ ବଡ ମେଡିକାଲ ରକ୍ତ ଭଣ୍ଡାରର ଡାକ୍ତର ଓ କର୍ମଚାରୀମାନେ ରକ୍ତଦାତାଙ୍କ ଠାରୁ ରକ୍ତ ସଂଗ୍ରହ କରିଥିଲେ। ଏହି ଶିବିରରେ ମୁଖ୍ୟଅତିଥି ଭାବେ ଖଣ୍ଡପଡ଼ା ବିଧାୟକ ଦୁଷ୍ମନ୍ତ ସ୍ୱାଇଁ ଓ ନିଶ୍ଚିନ୍ତକୋଇଲି ତହସିଲଦାର ଦମୟନ୍ତୀ ସାହୁ ଯୋଗଦେଇ ରକ୍ତଦାତାଙ୍କୁ ଉତ୍ସାହିତ କରିଥିଲେ। ନାରୀନେତ୍ରୀ ଯାଜ୍ଞସେନୀ ଜେନା, ପ୍ରାକ୍ତନ ବ୍ଲକ ଅଧ୍ୟକ୍ଷା କମଳା ବସ୍ତିଆ, ଆତ୍ମା ସଭାପତି ଅଶୋକ ସାହୁ, ପିତାମ୍ବର ମହାନ୍ତି, ମଣ୍ଡଳ ସଭାପତି କୈଳାସ ବେହେରା, ସଞ୍ଜୟ ବେହେରା, ବିନୋଦ ସାମଲଙ୍କ ସମେତ ବହୁ ସରପଞ୍ଚ, ସମିତିସଭ୍ୟ ସଭ୍ୟା ଓ ବିଧାୟକଙ୍କ ସମର୍ଥକମାନେ ଯୋଗଦେଇଥିଲେ।



## ୪୨ମୌଜା ସେତୁ ଉପରୁ ବାଲି ସଫେଇ କଲେ ସ୍ୱେଚ୍ଛାସେବୀ



**କନ୍ଦରପୁର, ୨୨।୯ (ସମିସ):** ୪୨ ମୌଜାର ପ୍ରଥମ ସେତୁ ଉପରୁ ସ୍ୱେଚ୍ଛାସେବୀଙ୍କ ଦ୍ୱାରା ବାଲି ସଫେଇ କାର୍ଯ୍ୟ ସମ୍ପନ୍ନ ହୋଇଛି। ପ୍ରକାଶ ଥାଉକି ବ୍ରିଜରୁ ବାଲି ସଫେଇ ହେବାର ମାତ୍ର ୭ ଦିନ ମଧ୍ୟରେ ପ୍ରତ୍ୟେହ ବହୁ ସଂଖ୍ୟାରେ ବାଲି ଲୋଡ ଟ୍ରାକ୍ଟର, ଟ୍ରକ ଓ ହାଇୱା ଇତ୍ୟାଦି ଭାରୀଯାନରେ ବାଲି ଲୋଡ ହୋଇ ଯିବାଦ୍ୱାରା ସପ୍ତାହ ମଧ୍ୟରେ ପୁନର୍ବାର ବ୍ରିଜ ଉପରେ ମାତ୍ରାଧିକ ବାଲି ଜମି ଜନସାଧାରଣଙ୍କ ଯିବା ଆସିବା ପାଇଁ ନାହିଁ ନ ଥିବା ବିପଦ ସୃଷ୍ଟି ହେଉଛି। ସ୍ୱେଚ୍ଛାସେବୀଙ୍କ ଦ୍ୱାରା ଏ ସପ୍ତାହର ବାଲିକଢ଼ା ଅଭିଯାନ ୩ ଦିନରେ ସମ୍ପନ୍ନ ହୋଇଛି। ଏହି କାର୍ଯ୍ୟକ୍ରମରେ ଅର୍ଜୁନ ଚରଣ ମୁଦୁଲି, ରବୀନ୍ଦ୍ର ଦେବତା, ବରିଷ୍ଠ ସାମ୍ବାଦିକ ବୁଲେଇ ବେହେରା, ଆଲୋକ ରାଉତ, ବିଷ୍ଣୁ ସ୍ୱାଇଁ, ପ୍ରକାଶ ଭୋଳ, ରଶ୍ମିକାନ୍ତ ଭୋଇ, କ୍ରୀଷ୍ଣା ମୁଦୁଲି, ସୁମିତା ଦେବତା, ରଞ୍ଜିତ ଦାସ, ପ୍ରଭାକର ବେହେରା, କର୍ନେନ୍ଦ୍ର ବେହେରା, ଅଭିରାମ ଦଳାଇ, ବସନ୍ତ ଦେବତା, ସନ୍ତୋଷ ବେହେରା, ବିଶ୍ୱନାଥ ସାହୁ, ପ୍ରଭାତ ଲେଙ୍କା, ମିଟୁ ମିଥୁନ, ଅମନ ନାୟକ, ଅକ୍ଷୟ ବିଷୋୟୀ, ସନାତନ ବେହେରା, ଅଜୟ ବେହେରା, ବିଭୁଦତ୍ତ ସାହୁ, ରିଟନ ବାରିକ, ଅମନ ଦାସ, ଅଶୋକ କୁମାର, ପ୍ରଦ୍ୟୁମ୍ନ ରାଉତ, ସୁବ୍ରତ ବେଜ୍, ଉପେନ୍ଦ୍ର ତ୍ରିପାଠୀ ଓ ପପୁନା ଦାସ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

## ତିଗିରିଆ ଥାନା ଆଇଆଇସିଙ୍କ ବଦଳି



**ତିଗିରିଆ, ୨୨।୯ (ସମିସ):** ତିଗିରିଆ ଥାନା ଆଇଆଇସି ସମରେନ୍ଦ୍ର ପାଇକରାୟଙ୍କର ସୋମବାର ପୁରୀ ଜିଲ୍ଲା ନିମାପଡ଼ା ଥାନାକୁ ବଦଳି ହୋଇଛି। ଗତବର୍ଷ ଡିସେମ୍ବର ମାସ ୧୬ ତାରିଖରେ ତିଗିରିଆ ଥାନା ଆଇଆଇସି ଭାବେ ଯୋଗଦେଇଥିବା ଶ୍ରୀ ପାଇକରାୟ ସ୍ୱଳ୍ପ କାର୍ଯ୍ୟକାଳ ମଧ୍ୟରେ ଜଣେ ଦକ୍ଷ, ସଚ୍ଚୋଟ, ନିର୍ଭୀକ ଅଫିସର ଭାବେ ତିଗିରିଆରେ ସୁନାମ ଅର୍ଜନ କରିଛନ୍ତି। ତିଗିରିଆରେ ଗୋରୁ ମାଫିଆଙ୍କୁ ସାବାଡ଼ କରିବା ସହ ତାଙ୍କର ସାମ୍ରାଜ୍ୟକୁ ସମ୍ପୂର୍ଣ୍ଣ ଭାବେ ଧ୍ୱଂସ କରିଦେବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା କାରଣରୁ କେବଳ ତିଗିରିଆ ନୁହେଁ ସାରା ରାଜ୍ୟରେ ଜଣେ ଚର୍ଚ୍ଚିତ ଅଫିସର ଭାବେ ଶ୍ରୀ ପାଇକରାୟ ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଛନ୍ତି। ଶ୍ରୀ ପାଇକରାୟ ଭଳି ଜଣେ ଦକ୍ଷ ଅଫିସରଙ୍କ ଏଭଳି ଅପ୍ରତ୍ୟାଶିତ ବଦଳିରେ ସ୍ଥାନୀୟ ଜନସାଧାରଣ ଓ ବୁଦ୍ଧିଜୀବୀ ମହଲରେ ଦୁଃଖ ପ୍ରକାଶ ପାଇବା ସହ ସରକାର ଏହାର ପୁନର୍ବିଚାର କରନ୍ତୁ ବୋଲି ଦାବି କରିଛନ୍ତି।

## ୨୧୫ ଲିଟର ବିଦେଶୀ ମଦ ଜବତ

**ବଡମ୍ବା, ୨୨।୯ (ସମିସ):** ବଡମ୍ବା ଥାନା ଅନ୍ତର୍ଗତ ଗୋପୀନାଥପୁର ଗାଁର ଏକ ପାନ ଦୋକାନରୁ ୨୧୫ ଲିଟର ବିଦେଶୀ ମଦ ଜବତ ହୋଇଛି। ଅନେକଙ୍କ ନାମୀ ଦାମୀ ବ୍ରାଣ୍ଡର ମଦ ପାନ ଦୋକାନରେ ରଖି ବିକ୍ରି କରୁଥିଲେ। ଖବର ପାଇ ବଡମ୍ବା ପୁଲିସ ଚଢ଼ଉ କରି ଫ୍ରିଜର ସହ ମଦ ଜବତ କରିଛି। ଏହି ଘଟଣାରେ ପାନ ଦୋକାନୀ ପ୍ରମୋଦ ସାହୁଙ୍କୁ ବଡମ୍ବା ପୁଲିସ ଗିରଫ କରି ଆଣି କୋର୍ଟ ଚାଲାଣ କରିଛି।

ଆଞ୍ଚଳିକ ଶାନ୍ତି କମିଟି ପକ୍ଷରୁ ପ୍ରସ୍ତୁତି ବୈଠକ

# ୬ରେ ମା' ଗଜଲକ୍ଷ୍ମୀଙ୍କ ପୂଜା, ୧୨ରେ ଭସାଣି

ଫୁଲନଖରା, ୨୨।୯ (ସମିସ)



ଆଞ୍ଚଳିକ ଶାନ୍ତି କମିଟି, ସଇନ୍ଧା-ନଛିପୁର ପକ୍ଷରୁ ଆସନ୍ତା ୬ ତାରିଖରେ ମା' ଗଜଲକ୍ଷ୍ମୀ ପୂଜା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। କମିଟିର ସଭାପତି ପ୍ରଦୀପ କୁମାର ଦାସଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉକ୍ତ ବୈଠକରେ କଟକ ସଦର ଆଇଆଇସି ତୁଷାରକାନ୍ତ ସେଠୀ ମୁଖ୍ୟଅତିଥି ଭାବରେ ଯୋଗଦେଇଥିବା ବେଳେ ୪ନଂ ଜୋନ୍ ଜିଲ୍ଲା ପରିଷଦ ସଦସ୍ୟା ଆଶାଲତା ବେହେରା, ସ୍ଥାନୀୟ ସମିତିସଭ୍ୟ ଶୁକଦେବ ମଲ୍ଲିକ, ସଦର ଥାନାଞ୍ଚଳ ଆଞ୍ଚଳିକ ଶାନ୍ତି କମିଟିର ସମ୍ପାଦକ ସୁରେନ୍ଦ୍ର ମହାପାତ୍ର ଓ ବିବେକାନନ୍ଦ ଗଜଲକ୍ଷ୍ମୀ ପୂଜା କମିଟିର ସଭାପତି ପ୍ରକାଶ ନାୟକ ସମ୍ମାନିତ ଅତିଥି ଭାବରେ ଯୋଗଦେଇଥିଲେ। ଉକ୍ତ ଶାନ୍ତି କମିଟି ଦ୍ୱାରା ପରିଚାଳିତ ୧୧ଟି ପୂଜା ମଣ୍ଡପରେ ମା' ଗଜଲକ୍ଷ୍ମୀଙ୍କ ପୂଜା ୭ଦିନ ଧରି ବହୁ ଆଡମ୍ବର ସହକାରେ କରାଯାଇଥାଏ। ଭସାଣୀ ଦିନ ମା' ଜାଗେଶ୍ୱରୀ ପୂଜା କମିଟି, ବାପୁଜୀ ସ୍ମାରକୀ ପୂଜା କମିଟି, ମା' ଜୟନ୍ତୀ ପୂଜା କମିଟି, ମା' ଗୁପ୍ତେଶ୍ୱରୀ ପୂଜା କମିଟି, ମା' ଦୁଲାଦେଇ ପୂଜା କମିଟି, ମା' ବିମଳା ପୂଜା କମିଟି, ବାଲୁତ କୁମର ପୂଜା କମିଟି, ମା' ଜାଗୁଳାଇ ପୂଜା କମିଟି, ବାବା ବଳରାମ ପୂଜା କମିଟି, ମା' ମଙ୍ଗଳା ପୂଜା କମିଟିର ମେଢ଼ ଗୁଡିକ ନଛିପୁରସ୍ଥିତ ମଙ୍ଗଳା ମନ୍ଦିରରୁ ଭୋଗହାଣ୍ଡି ପାଇଲା ପରେ ସେଠାରୁ ଶୋଭଯାତ୍ରାରେ ବାହାରି ସଇନ୍ଧା-ବାଲିସାହିସ୍ଥିତ ଏକ ଅସ୍ଥାୟୀ ଜଳାଶୟରେ ମୃଣ୍ମୟ ମୂର୍ତ୍ତି ଗୁଡିକୁ ବିସର୍ଜନ କରାଯାଇଥାଏ। ୭ଦିନ ଧରି ଅନୁଷ୍ଠିତ ଏହି ପୂଜାପାର୍ବଣକୁ ଶାନ୍ତିଶୃଙ୍ଖଳା ସହିତ ପାଳନ କରିବାକୁ ସମସ୍ତ ପୂଜା କମିଟିର କର୍ମକର୍ତ୍ତାମାନଙ୍କର ସହଯୋଗ କାମନା କରିବା ସହିତ ଶୃଙ୍ଖଳା ରକ୍ଷା ନିମନ୍ତେ ଅଧିକ ପୁଲିସ ମୁତୟନ କରାଯିବ ବୋଲି ଆଇଆଇସି ଶ୍ରୀ ସେଠୀ କହିଥିଲେ। ଏତଦ୍ ବ୍ୟତିତ ପ୍ରତ୍ୟେକ ପୂଜା କମିଟିରୁ ୫ଜଣ ଲେଖାଁଏ ସ୍ୱେଚ୍ଛାସେବୀଙ୍କୁ ଥାନା ପକ୍ଷରୁ ପରିଚୟ ପତ୍ର ପ୍ରଦାନ କରାଯିବ ଓ ପ୍ରତ୍ୟେକ ମଣ୍ଡପରେ ସିସି କ୍ୟାମେରା ଲଗାଇବା ପାଇଁ ପରାମର୍ଶ ଦେଇଥିଲେ। ପ୍ରଶାସନର ପୂଜା ସମ୍ପର୍କିତ ସମସ୍ତ ନୀତିନିୟମକୁ ସମ୍ମାନ ଜଣାଇ ପର୍ବଟିକୁ ପାଳନ କରିବା ପାଇଁ ସବୁ କ୍ଷେତ୍ରରେ ପ୍ରଶାସନକୁ ସହଯୋଗ କରିବେ ବୋଲି ଶାନ୍ତି କମିଟିର କର୍ମକର୍ତ୍ତାମାନେ ପ୍ରତିଶ୍ରୁତି ଦେଇଥିଲେ।

ଏହି ଅବସରରେ ଶାନ୍ତି କମିଟି ପକ୍ଷରୁ ୧୧ଟି ପୂଜା କମିଟିର ସଭାପତି ଓ ସମ୍ପାଦକମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଶାନ୍ତି କମିଟିର ସମ୍ପାଦକ ସଞ୍ଜୟ ମୁଦୁଲି, ଉପସଭାପତି ପ୍ରମୋଦ ସାହୁ, ସହସମ୍ପାଦକ ବିଭୂତି ଭୂଷଣ ତରାଇ ଓ କୋଷାଧ୍ୟକ୍ଷ ଭାବଗ୍ରାହୀ ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ମହେନ୍ଦ୍ର ପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

# ବିରାଟ ଅଜଗର ଉଦ୍ଧାର

ଫୁଲନଖରା,୨୨।୯ (ସମିସ): କଟକ ସଦର ଥାନା ଅନ୍ତର୍ଗତ କୁରାଙ୍ଗଶାସନ (ଇନ୍ଦିରାଗ୍ରାମ) ଠାରୁ ଏକ ବିରାଟ ଅଜଗର ସାପ ଉଦ୍ଧାର ହୋଇଛି। ଘଟଣାରୁ ପ୍ରକାଶ କଲିକତାରୁ ଆସିଥିବା ଏକ କଣ୍ଟେନର କୁରାଙ୍ଗଶାସନସ୍ଥିତ ଏକ ଶୀତଳଭଣ୍ଡାର ନିକଟରେ ରାସ୍ତାକଡରେ ଦୁଇଦିନ ହେଲା ରହିଥିଲା। କଣ୍ଟେନର ଡ୍ରାଇଭର ସୋମବାର ସଂଧ୍ୟା ସମୟରେ ଗାଡିଟିକୁ ଷ୍ଟାର୍ଟ କଲାବେଳେ ଗାଡିଟି ଷ୍ଟାର୍ଟ ହୋଇ ନ ଥିଲା। ଗାଡିର ଫ୍ୟାନ୍ ବେଲ୍ଟ ଜାମ୍ ହୋଇଥିବା ସନ୍ଦେହ କରି ଡ୍ରାଇଭର ଗାଡି ତଳେ ପଶିଥିଲେ। ଫ୍ୟାନ୍‌ରେ ଏକ ବିରାଟ ସାପକୁ ଦେଖି ଭୟରେ ବାହାରକୁ ବାହାରି ଆସିଥିଲେ। ସାପ ବିଷୟରେ ସ୍ଥାନୀୟ ଲୋକମାନଙ୍କୁ କହିଥିଲେ। ସ୍ଥାନୀୟ ଲୋକମାନେ ସଙ୍ଗେ ସଙ୍ଗେ ସ୍ନେକ୍ ହେଲପ୍ ଲାଇନ୍‌କୁ ଖବର ଦେଇଥିଲେ। ଖବର ପାଇ ସ୍ନେକ୍ ହେଲ୍‌ପ ଲାଇନ୍‌ର ସଦସ୍ୟମାନେ ଗାଡି ତଳେ ଫ୍ୟାନ୍‌ରେ ଗୁଡାଇ ହୋଇ ରହିଥିବା ସାପଟିକୁ ବାହାର କରିବା ପାଇଁ ନାକେଦମ୍ ହୋଇଥିଲେ ସୁଦ୍ଧା ପ୍ରାୟ ୮ ଫୁଟ ଲମ୍ବର ଅଜଗର ସାପଟିକୁ ବାହାର କରିବାକୁ ସକ୍ଷମ ହୋଇଥିଲେ। ସାପଟିକୁ ଦେଖିବା ପାଇଁ ରାସ୍ତାରେ ଯାଉଥିବା ଯାତ୍ରୀ ଓ ଅଞ୍ଚଳବାସୀଙ୍କ ପ୍ରବଳ ଭିଡ ହୋଇଥିଲା। ସ୍ନେକ୍ ହେଲପ ଲାଇନ୍‌ର ସଦସ୍ୟମାନେ ଉକ୍ତ ଅଜଗର ସାପଟିକୁ ଉଦ୍ଧାର କରିବା ସହିତ ଜଙ୍ଗଲରେ ଛାଡିବା ପାଇଁ ନେଇ ଯାଇଥିଲେ।

# ତିନିମାସ ପରେ ପୂରଣ ହେଲା ଅତିରିକ୍ତ ତହସିଲଦାର ପଦ

କିଶୋରନଗର,୨୨।୯ (ସମିସ): କଟକ ସଦର ଅନ୍ତର୍ଗତ କିଶନନଗର ତହସିଲରେ ଆଜକୁ ତିନିମାସ ହେବ ଅତିରିକ୍ତ ତହସିଲଦାର ପଦ ଖାଲି ପଡିଥିବାରୁ ଲୋକେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଥିବା ଅଭିଯୋଗ ହୋଇଆସୁଥିଲା। ଏଠାରେ କାର୍ଯ୍ୟରତ ତହସିଲଦାର ବିଭିନ୍ନ ସମୟରେ ବିଭିନ୍ନ ସରକାରୀ କାର୍ଯ୍ୟରେ ତହସିଲରେ ଅନୁପସ୍ଥିତ ରହୁଥିବାରୁ ଲୋକମାନେ ସେମାନଙ୍କ କାର୍ଯ୍ୟ ପାଇଁ ଆସି ନିରାଶରେ ଫେରୁଥିଲେ। ଏହି ପରିପ୍ରେକ୍ଷୀରେ ଆଜି ସୋମବାର ଦିନ କଟକ ଜିଲ୍ଲା କାର୍ଯ୍ୟାଳୟରେ କାର୍ଯ୍ୟରତ ଓଆରଏସ ଅଧିକାରୀ ସୌମେନ୍ଦ୍ର କୁମାର ତେଜ ଅତିରିକ୍ତ ତହସିଲଦାର ଭାବେ କାର୍ଯ୍ୟଭାର ଗ୍ରହଣ କରିଥିବା ଜଣାଯାଇଛି। ନୂଆ ଅତିରିକ୍ତ ତହସିଲଦାରଙ୍କୁ ଆଜି ତହସିଲ କର୍ମଚାରୀମାନେ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଥିଲେ।

# ବାଣ ତିଆରି ସାମଗ୍ରୀ ଜବତ; ଜଣେ ଗିରଫ

କଣ୍ଟାପଡ଼ା,୨୨।୯ (ସମିସ): ଗୋବିନ୍ଦପୁର ଥାନା ଅନ୍ତର୍ଗତ ଡିମିରି ଫାଣ୍ଡି ଅଧିନସ୍ଥ କନ୍ଦଳ ଗ୍ରାମରେ ଚାଲିଥିଲା ବେଆଇନ ବାଣ ତିଆରି। ଏ ନେଇ ଡିମିରି ଫାଣ୍ଡି ଅଧିକାରୀ ସମିର ଲେଙ୍କା ଗୋବିନ୍ଦପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଫାଣ୍ଡି ଅଧିକାରୀ ଶ୍ରୀ ଲେଙ୍କାଙ୍କ ରିପୋର୍ଟକୁ ଭିତ୍ତିକରି ଗୋବିନ୍ଦପୁର ଥାନା ଓ ଆଇଆଇସି ସୋନିଲା ଆନନ୍ଦଙ୍କ ନେତୃତ୍ୱରେ ଗୋବିନ୍ଦପୁର ପୁଲିସ ଗତକାଲି ରାତିରେ କନ୍ଦଳ ଗ୍ରାମର ଜଚିନ୍ଦ୍ର ମଲ୍ଲିକ (୪୫) ବାଣ ପ୍ରସ୍ତୁତି ପାଇଁ ଗଚ୍ଛିତ ରଖିଥିବା ଏକ ଘର ଉପରେ ଚଢଉ କରି ବିପୁଳ ପରିମାଣର ବାଣ ପ୍ରସ୍ତୁତି ସରଞ୍ଜାମ ଓ ବାରୁଦ ଜବତ କରିବା ସହିତ ଅଭିଯୁକ୍ତ ଜଚିନ୍ଦ୍ରଙ୍କୁ ୨୮୮ ବିଏନ୍‌ଏସ୍ ଏବଂ ବେଆଇନ ବିସ୍ଫୋରକ ଦ୍ରବ୍ୟ ଦଫା ୪ ଓ ୫ ଲଗାଇ ଆଜି କୋର୍ଟଚାଲାଣ କରିଛି।



# ସରପଞ୍ଚ ପ୍ରାର୍ଥୀଙ୍କ ବିରୋଧରେ ସଙ୍ଗୀନ ଅଭିଯୋଗ ଆଣିଲେ ମହିଳା

ତିଗିରିଆ,୨୨।୯ (ସମିସ): ତିଗିରିଆ ବ୍ଲକ ଅଧୀନ ସୋମପଡା ପଞ୍ଚାୟତର ଗତ ପଞ୍ଚାୟତ ନିର୍ବାଚନରେ ସରପଞ୍ଚ ପ୍ରାର୍ଥୀ ଓ ବର୍ତ୍ତମାନର କଣ୍ଟ୍ରୋଲ ଡିଲର ତ୍ରିଲିପ ସାମନ୍ତରାୟଙ୍କ ନାମରେ ସଙ୍ଗୀନ ଅଭିଯୋଗ ଆଣିଛନ୍ତି ଜୈନିକ ମହିଳା। ଅଭିଯୋଗ ଅନୁଯାୟୀ ତାଙ୍କ ସ୍ୱାମୀଙ୍କ ମୃତ୍ୟୁପରେ ତ୍ରିଲିପ ତାଙ୍କ ପାଖରେ ଥିବା ୪ ଲକ୍ଷ ଟଙ୍କା ନେଇଯିବା ସହ ତାଙ୍କ ଅସହାୟତାର ସୁଯୋଗ ନେଇ ତାଙ୍କ ସହ ଅନେକ ଥର ଶାରୀରିକ ସମ୍ପର୍କ ରଖିଛନ୍ତି। ବର୍ତ୍ତମାନ ସମୟରେ ତ୍ରିଲିପ ଉକ୍ତ ମହିଳାଙ୍କ ଟଙ୍କା ଫେରସ୍ତ କରୁ ନ ଥିବା, ଫୋନ ଉଠାଉ ନ ଥିବା ବେଳେ ତ୍ରିଲିପ ଜଣେ ପ୍ରଭାବଶାଳୀ ବ୍ୟକ୍ତି ହୋଇଥିବାରୁ ମହିଳାଙ୍କୁ ଜୀବନରୁ ମାରିଦେବାକୁ ଧମକ ଦେଉଥିବା ନେଇ ମହିଳା ଜଣକ ତିଗିରିଆ ଥାନାରେ ଅଭିଯୋଗ କରିଛନ୍ତି। ତାଙ୍କ ଘର ସୋମପଡା ଗ୍ରାମରେ ହୋଇଥିବା ବେଳେ ସେ ନରସିଂହପୁର ବ୍ଲକ ଅନ୍ତର୍ଗତ ସୋଲବନ୍ଧ ଗ୍ରାମରେ ବିବାହ କରିଥିଲେ। ସ୍ୱାମୀଙ୍କର ମୃତ୍ୟୁ ହୋଇଯିବା ପରେ ଆଜକୁ ସାଢେ ୩ ବର୍ଷ ତଳେ ମହିଳା ଜଣକ ନିଜ ଗ୍ରାମର ଜଣେ ପ୍ରଭାବଶାଳୀ ରାଜନୈତିକ ବ୍ୟକ୍ତି ଭାବେ ପରିଗଣିତ ତ୍ରିଲିପଙ୍କ ନିକଟକୁ ସାହାଯ୍ୟ ପାଇଁ ଯାଇଥିଲେ। ତ୍ରିଲିପ ମହିଳାଙ୍କ ନିକଟରେ ଟଙ୍କା ଥିବା ଜାଣି ତାଙ୍କୁ ମାଗି ମୋଟ ୪ ଲକ୍ଷ ଟଙ୍କା ନେବା ସହ ବାରମ୍ବାର ଯିବା ଆସିବା ଭିତରେ ତାଙ୍କ ସହ ସମ୍ପର୍କ ରଖିଥିଲେ। ପୂର୍ବରୁ ଗ୍ରାମ ଭଦ୍ରଲୋକଙ୍କ ଉପସ୍ଥିତିରେ ନେଇଥିବା ୪ ଲକ୍ଷ ଟଙ୍କାରୁ ଦେଢ଼ ଲକ୍ଷ ଟଙ୍କା ଫେରାଇଥିବା ବେଳେ ଅବଶିଷ୍ଟ ଅଢେଇ ଲକ୍ଷ ଟଙ୍କା ଫେରାଇ ନାହାନ୍ତି। ଅବଶିଷ୍ଟ ଟଙ୍କା ମାଗିଲେ ତାଙ୍କୁ ଜୀବନରେ ମାରିଦେବାକୁ ଧମକ ଦେଉଥିବା ମହିଳା ଜଣଙ୍କ ଅଭିଯୋଗ କରିଛନ୍ତି।

## କୁମ୍ଭକର୍ଣ୍ଣ ନିଦ୍ରାରେ ବଡମ୍ବା ପୂର୍ତ୍ତ ବିଭାଗ

# ଦୁଇ ପଞ୍ଚାୟତର ସଂଯୋଗ ରାସ୍ତା ପାଲଟିଛି ମରଣଯନ୍ତା

ବଡମ୍ବା,୨୨।୯ (ସମିସ)

ବଡମ୍ବା ବ୍ଲକ ସଦର ମହକୁମା ଠାରୁ ପ୍ରାୟ ୭ କିଲୋମିଟର ଦୂରତ୍ୱରେ ଗୋପୀନାଥପୁର ଗ୍ରାମ ପଞ୍ଚାୟତ। ଏହି ପଞ୍ଚାୟତରୁ ଭାୟା ଗୋପମଥୁରା ଦେଇ ସଂଯୋଗ ହୋଇଛି ଗୋପୀନାଥପୁର ପଞ୍ଚାୟତ। ତେବେ ବଡମ୍ବାରୁ ଗୋପୀନାଥପୁର ରାସ୍ତାରେ ଖାଲଖମାରେ ଭର୍ତ୍ତି ହୋଇଥିବାର ଦେଖିବାକୁ ମିଳିଛି। ବଡମ୍ବା ବଙ୍ଗଳା ମୁଣ୍ଡିଆରୁ ଗଡ଼ାଣି ଗଡ଼ିଲା ବେଳେ ସ୍ଥାନୀୟ ଜନସାଧାରଣ ଗଡ଼ାଣୀର ପିଚୁ ରାସ୍ତା ତାଡି ପାଣି ପାଇପ ନେଇଥିବାରୁ ଗଡ଼ାଣି ରାସ୍ତାରେ ଖାଲ ସୃଷ୍ଟି ହୋଇଛି। ଲୋକେ ଗାଡ଼ିରେ ଗଡ଼ାଣି ଗଡ଼ିଲା ବେଳେ ଗଡ଼ାଣି ରାସ୍ତାରେ ଖାଲଥିବାରୁ ବିଭିନ୍ନ ସମୟରେ ଦୁର୍ଘଟଣାର ଶିକାର ହେଉଛନ୍ତି। ସେପଟେ ଗୋପମଥୁରା ଠାରୁ ଗୋପୀନାଥପୁର ପର୍ଯ୍ୟନ୍ତ ରାସ୍ତା ଏକ ବର୍ଷରୁ ଊର୍ଦ୍ଧ୍ୱ ସମୟ ହେବ କାମ ଚାଲିଛି ଯେ ସରିବାର ନାମ ଧରୁନାହିଁ। ବଡ଼ବଡ଼ ଟ୍ରକରେ ବାଲି, ଗୋଡି ଆଦି ଓଭରଲୋଡ଼ ହୋଇ ଯାତାୟାତ କରିବା ଦ୍ୱାରା



ରାସ୍ତାରେ ଗାତ ସୃଷ୍ଟି ହେଉଛି। ବର୍ଷା ହେଲେ ରାସ୍ତା ଉପରେ ପାଣି ଜମିବା ଦ୍ୱାରା ଯାତାୟାତରେ ନାନା ସମସ୍ୟା ସୃଷ୍ଟି ହେଉଛି। ପୂର୍ତ୍ତ ବିଭାଗ ପକ୍ଷରୁ ରାସ୍ତା କାମ କେବେ ସରିବ ତାହାର କୌଣସି ସୂଚନା ମିଳୁପାରୁନାହିଁ। ଗୋପୀନାଥପୁର ଗ୍ରାମର ପ୍ରବେଶ ପଥ ମୁଖ୍ୟରାସ୍ତାରେ ବଡ଼ ବଡ଼ ଖାଲ ସୃଷ୍ଟି ହୋଇଛି। ବର୍ଷା ହେଲେ ମୁଖ୍ୟ ରାସ୍ତାରେ ପାଣି ଜମିରହିବା ଦ୍ୱାରା ବାହାର ଅଞ୍ଚଳରୁ ଆସୁଥିବା ଯାତ୍ରୀମାନେ ଦୁର୍ଘଟଣାର ଶିକାର ହେଉଛନ୍ତି। ସୂଚନାଯୋଗ୍ୟ ଯେ, ଗୋପୀନାଥପୁର ନିକଟରେ ଟି-ସେତୁ ହେବା ପରେ ଏହି ରାସ୍ତା ଦେଇ ଯାତାୟତ ଓ ଯାନବାହାନ ସଂଖ୍ୟା ବଢିଛି। ଟି-ବ୍ରିଜ ଦେଇ ବାଙ୍କୀ, ଭୁବନେଶ୍ୱର, ନୟାଗଡ଼, ଖୋର୍ଦ୍ଧା, ପୁରୀ ଆଦି ଅଞ୍ଚଳକୁ ଦିନକୁ ଶହ ଶହ ଗାଡିମଟର ଯାତାୟାତ କରୁଥିବା ବେଳେ ଟି-ବ୍ରିଜ ଦେଇ ସିଂହନାଥ ପୀଠକୁ ରାଜ୍ୟ ତଥା ରାଜ୍ୟ ବାହାରୁ ଭକ୍ତମାନେ ବାବାଙ୍କୁ ଦର୍ଶନ କରିବା ପାଇଁ ଆସିଥାନ୍ତି। ବଡମ୍ବାରୁ ଟି-ବ୍ରିଜକୁ ଯୋଗାଯୋଗ କରୁଥିବା ଏକମାତ୍ର ରାସ୍ତା ସମ୍ପ୍ରତି ସଂକୁଚିତ ହେବାରେ ଲାଗିଛି। ଫଳରେ ସ୍ଥାନୀୟ ଜନସାଧାରଣ ନାନାଦି ସମସ୍ୟା ଭୋଗୁଛନ୍ତି। ଗୋପୀନାଥପୁର ବଜାର ରାସ୍ତା ସଂପ୍ରସାରଣ ହେବା ପାଇଁ ମାପଚୁପ ସରିଥିବା ବେଳେ ତାହା ଆଜି ପର୍ଯ୍ୟନ୍ତ କାର୍ଯ୍ୟକାରୀ ହୋଇ ନାହିଁ। ବିଭାଗୀୟ କର୍ତ୍ତୃପକ୍ଷ ଏହି ରାସ୍ତା ପ୍ରତି ଦୃଷ୍ଟି ଦେବାପାଇଁ ସାଧାରଣରେ ଦାବି ହେଉଛି।

# ଛତୁ ବ୍ୟବସାୟୀଙ୍କ ମୃତ୍ୟୁକୁ ନେଇ ଉତ୍ତେଜନା

## ମହୁଲିଆ ନିକଟରେ ରାସ୍ତାରେ ଶବ ରଖି ରାସ୍ତାରୋକ



ବଡମ୍ବା,୨୨।୯ (ସମିସ): ସୋମବାର ଅପରାହ୍ନରେ କଟକ- ନରସିଂହପୁର ୬୫ନଂ ରାଜ୍ୟ ରାଜପଥର ବଡ଼ମ୍ବା ଥାନା ଅନ୍ତର୍ଗତ ମହୁଲିଆ ଠାରେ ନ୍ୟାୟ ପାଇବା ଦାବିରେ ମହୁଲିଆ ଗ୍ରାମବାସୀଙ୍କ ପକ୍ଷରୁ ଶବ ରଖି ଟାୟାର ଜାଳି ରାସ୍ତା ଅବରୋଧ କରାଯାଇଛି। ଫଳରେ ଶହ ଶହ ଗାଡି ମୋଟର ଅଟକି ରହିଥିଲା। ଘଟଣାରୁ ପ୍ରକାଶ ଯେ, ମୃତ କୃଷ୍ଣଚନ୍ଦ୍ର ପ୍ରଧାନ ଜଣେ ଛତୁ ବ୍ୟବସାୟୀ। ମହୁଲିଆ ଠାରେ ସେ ଓ ତାଙ୍କ ସହଯୋଗୀ ନାନୁ ପାତ୍ରଙ୍କ ସହ ବ୍ୟବସାୟକୁ ନେଇ ଉଭୟଙ୍କ ଭିତରେ ରବିବାର ବଚସା ହେବା ପରେ ନାନୁ କୃଷ୍ଣଚନ୍ଦ୍ରଙ୍କୁ ଏକ ବାଡ଼ିରେ ବାଡ଼େଇ ଗୁରୁତର କରିଦେଇଥିଲେ। ସ୍ଥାନୀୟ ଲୋକମାନେ ଘଟଣାସ୍ଥଳରେ ପହଞ୍ଚିବାରୁ ସେଠାରୁ ଆସାମୀ ଫେରାର ହୋଇଯାଇଥିଲା। ଲୋକଙ୍କ ସହାୟତାରେ କୃଷ୍ଣଚନ୍ଦ୍ରଙ୍କୁ ଚିକିତ୍ସା ପାଇଁ ସ୍ଥାନୀୟ ମାଣିଆବନ୍ଧ ମେଡ଼ିକାଲକୁ ନିଆଯାଇଥିଲା ମାତ୍ର ତାଙ୍କ ଛାତିରେ ଅଧିକ ଯନ୍ତ୍ରଣା ହେବାରୁ ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ କଟକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ରେଫର କରାଯାଇଥିଲା। ସେଠାରେ ଡାକ୍ତର କୃଷ୍ଣଚନ୍ଦ୍ରଙ୍କୁ ମୃତ ବୋଲି ଘୋଷଣା କରିଥିଲେ। ଆସାମୀ ବିରୁଦ୍ଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଓ ଅସହାୟ ପରିବାରକୁ ସରକାରୀ ସହାୟତା ଦାବିରେ ଆଜି ଗ୍ରାମବାସୀଙ୍କ ପକ୍ଷରୁ ରାସ୍ତାରୋକ କରାଯାଇଛି। ଘଟଣାସ୍ଥଳରେ ମାଣିଆବନ୍ଧ ଥାନା ଅଧିକାରୀଙ୍କ ସହ ଆଠଗଡ ଏସଡିପିଓ ବିଶ୍ୱଜିତ ମହାନ୍ତି ପହଞ୍ଚି ଉତ୍ତ୍ୟକ୍ତ ଲୋକଙ୍କୁ ବୁଝାଇବା ସହିତ ମାଣିଆବନ୍ଧ ପୁଲିସ ଆଜି ଆସାମୀ ନାନୁକୁ ଗିରଫ କରି କୋର୍ଟ ଚାଲାଣ କରିଛି ବୋଲି ସୂଚନା ମିଳିଛି। ବଡ଼ମ୍ବା ତହସିଲଦାର ଶ୍ୱାଶତ ଦାସ ପହଞ୍ଚି ସମସ୍ତ ଦାବି ପୂରଣ ନେଇ ଆଲୋଚନା ପରେ ରାସ୍ତା ରୋକ ହଟିଥିଲା।

# ୟୁରିଆ ସାର ପାଇଁ ଲମ୍ବା ଲାଇନରେ ଚାଷୀ

ତିଗିରିଆ,୨୨।୯ (ସମିସ): ତିଗିରିଆ ବ୍ଲକରେ ଚଳିତ ଖରିଫ ଋତୁରେ ହୋଇଥିବା ଧାନ ଫସଲ ପାଇଁ ଆବଶ୍ୟକ ହେଉଥିବା ୟୁରିଆ ସାର ଯୋଗାଇବାରେ ପ୍ରଶାସନ ବିଫଳ ହୋଇଛି। ବର୍ତ୍ତମାନ ସୁଦ୍ଧା ବ୍ଲକରେ ଆ ବ ଶ ୟକ ଥିବା ସାରର ପ ରି ମା ଣ ରୁ ଯଥେଷ୍ଟ କମ ପ ରି ମା ଣ ର ସାର ବ୍ଲକରେ ଥିବା ସମସ୍ତ ୧୧ଟି ସେବା ସମବାୟ ସମିତି ମାଧ୍ୟମରେ ପ୍ରଶାସନ ପକ୍ଷରୁ ଯୋଗାଇ ଦିଆଯାଇଛି। ଫଳରେ ସାର ଅଭାବ ଯୋଗୁଁ ସ୍ଥାନୀୟ ଚାଷୀ ନିର୍ଦ୍ଧାରିତ ମୂଲ୍ୟଠାରୁ ଦୁଇଗୁଣାରୁ ଊର୍ଦ୍ଧ୍ୱ ମୂଲ୍ୟ ଦେଇ ସାର କିଣୁଥିବା ନେଇ ଅଭିଯୋଗ ହୋଇଛି। ଉକ୍ତ ଅଭିଯୋଗ ପରେ ଆଜି ତିଗିରିଆର ବିଭିନ୍ନ ସେବା ସମବାୟ ସମିତିକୁ ସାର ଆସିଛି। ଏହି ପରିପ୍ରେକ୍ଷୀରେ ନୂଆପାଟଣା ସେବା ସମବାୟ ସମିତିକୁ ପ୍ରାୟ ୧୦ ମେଟ୍ରିକ ଟନ ସାର ଆସିଥିବା ବେଳେ ଏହି ସାର କ୍ରୟ କରିବାକୁ ଚାଷୀମାନଙ୍କର ଲମ୍ବା ଲାଇନ ଦେଖିବାକୁ ମିଳିଛି। ମୋଟ ୪୫ କେଜିର ୨୨୨ଟି ବସ୍ତା ସାରକୁ ନେବା ପାଇଁ ୪୮୦ରୁ ଊର୍ଦ୍ଧ୍ୱ ଲୋକ ଲାଇନରେ ଆଧାର କାର୍ଡ ନେଇ ଠିଆ ହୋଇଥିବା ଜଣାପଡିଛି। ସମବାୟ ସମିତିର ସମ୍ପାଦକ ଦୁଇଜଣ ଚାଷୀଙ୍କୁ ଗୋଟିଏ ସାର ବସ୍ତା ଦେବା ପାଇଁ ନିଷ୍ପତ୍ତି ନେଇଥିବା ବେଳେ ସାର ନ ପାଇ ବାଦ ପଡୁଥିବା ଚାଷୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଦେଇଛି।



# ବିଦ୍ୟାଳୟରେ ରାଷ୍ଟ୍ରଭାଷା ଦିବସ



ବଡମ୍ବା,୨୨।୯ (ସମିସ): ବଡମ୍ବା ବ୍ଲକ ଅନ୍ତର୍ଗତ ବାସୁଦେବ ଉଚ୍ଚ ବିଦ୍ୟାଳୟରେ ରାଷ୍ଟ୍ରଭାଷା ହିନ୍ଦୀ ଦିବସ ପାଳିତ ହୋଇଯାଇଛି। ବିଦ୍ୟାଳୟର ସାହିତ୍ୟ ସୃଜନୀ କ୍ଲବ ଆନୁକୂଲ୍ୟରେ ଆୟୋଜିତ ସଭାରେ ଭାରପ୍ରାପ୍ତ ପ୍ରଧାନଶିକ୍ଷକ ମିନାକ୍ଷୀ ସ୍ୱାଇଁଙ୍କ ସଭାପତିତ୍ୱରେ ବଡମ୍ବା ଗୋଷ୍ଠୀ ଶିକ୍ଷା ଅଧିକାରୀ ତ୍ରିଲୋଚନ ଜେନା ମୁଖ୍ୟଅତିଥି, ଶିକ୍ଷାବିତ ପ୍ରସନ୍ନ କୁମାର ବରାଡ଼ ବିଶିଷ୍ଟ ଅତିଥି ଓ ଶିକ୍ଷାବିତ ପଣ୍ଡିତ ଶଙ୍କର୍ଷଣ ରଣା ଯୋଗଦେଇ ହିନ୍ଦୀ ଭାଷାର ଗୁରୁତ୍ୱ ଉପରେ ଆଲୋଚନା କରିଥିଲେ। ହିନ୍ଦୀ ବିଭାଗ ତରଫରୁ ଶିକ୍ଷକ ଅଶୋକ ଧଳଙ୍କ ସଂଯୋଜନାରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ହିନ୍ଦୀ ଭାଷାରେ ତର୍କ, ପ୍ରବନ୍ଧ ଲିଖନ, କଣ୍ଠ ସଂଗୀତ, ଚିତ୍ରାଙ୍କନ ଓ ପ୍ରାଚୀର ପତ୍ର ତିଆରି ଆଦି ପ୍ରତିଯୋଗିତାଗୁଡିକୁ ସାହିତ୍ୟ ସୃଜନୀ କ୍ଲବ ଦାୟିତ୍ୱରେ ଥିବା ଶିକ୍ଷୟିତ୍ରୀ ପଙ୍କଜିନୀ ଭୋଇ, ଶୁଭସ୍ମିତା ସାହୁ ଓ ନୀଳିମା ମଞ୍ଜରୀ ମହାପାତ୍ର ପରିଚାଳନା କରିଥିଲେ। କୃତୀ ଛାତ୍ରଛାତ୍ରୀଙ୍କୁ ମୁଖ୍ୟଅତିଥି ପୁରସ୍କୃତ କରିଥିଲେ। ଶିକ୍ଷୟିତ୍ରୀ ମନୋରମା ବେହେରା, ତୃପ୍ତିମୟୀ ପଣ୍ଡା ଓ ସାରଳା ମାହେଶ୍ୱରୀ ବିଶୋଇ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ଶିକ୍ଷକ ରାକେଶ ଚନ୍ଦ୍ର ଜେନା ଧନ୍ୟବାଦ ଦେଇଥିଲେ।

# ୪୨ ମୌଜା ଶାନ୍ତି କମିଟି ତରଫରୁ ନୂତନ ଥାନାଧିକାରୀଙ୍କୁ ସମ୍ବର୍ଦ୍ଧନା

କଟକ,୨୨।୯ (ସମିସ): ୪୨ ମୌଜା ଶାନ୍ତି କମିଟି ତରଫରୁ ୪୨ମୌଜା ନୂତନ ଥାନାଅଧିକାରୀ ଓମ୍‌ପ୍ରକାଶ ମହାନ୍ତିଙ୍କୁ ସ୍ୱାଗତ ଓ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ପ୍ରଦାନ କରାଯାଇଥିଲା। ୪୨ମୌଜାର ବିଭିନ୍ନ ସମସ୍ୟା ବିଷୟରେ ନୂତନ ଅଧିକାରୀଙ୍କ ସହିତ ଆଲୋଚନା କରାଯାଇଥିଲା। ବେପରୁଆ ଗାଡ଼ି ଚଳାଇ ରାସ୍ତାରେ ଦ୍ରୁତଗତିରେ ଯାଉଥିବା ନାବାଳକ ପିଲାମାନଙ୍କୁ କିପରି ନିୟନ୍ତ୍ରଣ କରିବା, ବିନା ଡ୍ରାଇଭିଂ ଲାଇସେନ୍‌ସରେ ଟ୍ରାକ୍ଟର ଚଳାଇ ଦ୍ରୁତଗତିରେ ଯିବା, ଟ୍ରାକ୍ଟରରେ ଲୋଡ଼ିଂ କରି ତାକୁ ନ ଘୋଡ଼ାଇ ନେବା, ଓଭରଲୋଡ଼ କରି ରାସ୍ତାରେ ବାଲି, ଚିପ୍ସ ପକାଇ ପକାଇ ଯିବା ବିଷୟରେ ଆଲୋଚନା କରାଯାଇଥିଲା। ସନ୍ଧ୍ୟାରେ ବଜାର ମଧ୍ୟରେ ନିଶାସେବନ କରି ଗାଳିଗୁଲଜ କରୁଥିବା ଅସାମାଜିକ ବ୍ୟକ୍ତିଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବାକୁ ଶାନ୍ତି କମିଟିର କର୍ମକର୍ତ୍ତାମାନେ ଅଧିକାରୀଙ୍କୁ ଜଣାଇଥିଲେ। କାର୍ଯ୍ୟକ୍ରମରେ ସଭାପତି ଶରତ ଚନ୍ଦ୍ର ରାୟ, ଉପସଭାପତି ପ୍ରଫୁଲ୍ଲ ମହାପାତ୍ର, ଉପଦେଷ୍ଟା ପ୍ରସନ୍ନ ମହାନ୍ତି, କୋଷାଧ୍ୟକ୍ଷ ଅଶୋକ ରାଉତ, କାର୍ଯ୍ୟକାରୀ କମିଟି ସଦସ୍ୟ ସନ୍ତୋଷ ପତି, ଶ୍ରଦ୍ଧାକାନ୍ତ ମହାନ୍ତି ଓ ସୁଜିତ ଦେବ ପ୍ରମୁଖ ଉପସ୍ଥିତ ଥିଲେ।



# ବିଭିନ୍ନ ସ୍ଥାନରେ ଏମ୍‌ବିକେ ଏବଂ ସିଆର୍‌ପିଙ୍କ ଧାରଣା

## ରାଜସ୍ୱ ଗ୍ରାମ ଅନୁସାରେ ସିଏଲ୍‌ଏଫ୍ ଗଠନ ନିଷ୍ପତ୍ତି ପ୍ରତ୍ୟାହାର ଦାବି

ତିଗିରିଆ,୨୨।୯ (ସମିସ): ତିଗିରିଆ ବ୍ଲକରେ କାର୍ଯ୍ୟରତ କମ୍ୟୁନିଟି ସପୋର୍ଟ ଷ୍ଟାଫଙ୍କୁ ରାଜ୍ୟ ସରକାରଙ୍କ ପକ୍ଷରୁ ଦିଆଯିବାକୁ ସ୍ଥିର କରାଯାଇଥିବା ପ୍ରୋତ୍ସାହନ ରାଶି ପରିବର୍ତ୍ତେ ପୂର୍ବରୁ ମିଳୁଥିବା ସ୍ଥାୟୀ ଦରମା ପ୍ରଦାନ ତଥା ରାଜସ୍ୱ ଗ୍ରାମ ଅନୁସାରେ ସିଏଲଏଫ ଗଠନ ନିଷ୍ପତ୍ତି ପ୍ରତ୍ୟାହାର ଦାବିରେ ଆଜି ତିଗିରିଆ ବ୍ଲକର କାର୍ଯ୍ୟରତ ଶତାଧିକ ଗୋଷ୍ଠୀ ସହାୟିକା, ବ୍ୟାଙ୍କ ମିତ୍ର, ଦକ୍ଷ ନଥିପତ୍ର ଲେଖିକା ପ୍ରମୁଖ ବ୍ଲକ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେବା ସହ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ବିଡ଼ିଓଙ୍କ ଅନୁପସ୍ଥିତିରେ ଏବିଡ଼ିଓ ଯାଜ୍ଞସେନୀ ଗୋଚ୍ଛାୟତଙ୍କୁ ପ୍ରଦାନ କରିଥିବା ସୂଚନା ମିଳିଛି। ବ୍ଲକ ଜିପିଏଲଏଫ କର୍ମୀ ସଂଘର ସଭାପତି କାଜଲ ଖଟୁଆ ଓ ସମ୍ପାଦିକା ରଶ୍ମିତା ଶୁଭଦର୍ଶିନୀ ନେତୃତ୍ୱରେ ଆଜି ଶତାଧିକ



କମ୍ୟୁନିଟି ସପୋର୍ଟ ଷ୍ଟାଫ ପାଞ୍ଚଗାଁ ପଞ୍ଚାୟତର ହନୁମାନ ମନ୍ଦିର ଠାରୁ ଏକ ଶୋଭାଯାତ୍ରାରେ ବ୍ଲକ କାର୍ଯ୍ୟାଳୟ ପର୍ଯ୍ୟନ୍ତ ଆସିଥିଲେ। ସମସ୍ତ କର୍ମଚାରୀ ବ୍ଲକ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାରେ ବସିଥିଲେ। କମ୍ୟୁନିଟି ଷ୍ଟାଫଙ୍କ ଦାବି ଅନୁଯାୟୀ ବର୍ତ୍ତମାନ ସରକାରଙ୍କ ପକ୍ଷରୁ ବ୍ଲକରେ କାର୍ଯ୍ୟରତ ସମସ୍ତ କମ୍ୟୁନିଟି ଷ୍ଟାଫଙ୍କୁ ପୂର୍ବରୁ ମିଳୁଥିବା ସ୍ଥାୟୀ ଦରମାକୁ ବନ୍ଦ କରି କାର୍ଯ୍ୟ ଅନୁଯାୟୀ ପ୍ରୋତ୍ସାହନ ରାଶି ପ୍ରଦାନ କରିବା ପାଇଁ ନିଷ୍ପତ୍ତି ନେଇଛନ୍ତି ଯାହାକୁ ସଙ୍ଘ ବିରୋଧ କରି ଏହି ନିଷ୍ପତ୍ତିର ପୁନର୍ବିଚାର କରିବାକୁ ଦାବି କରିଛି। ଏଥିସହିତ ବର୍ତ୍ତମାନ ବ୍ଲକରେ ଶତାଧିକ ଗୋଷ୍ଠୀ ସହାୟିକା କାର୍ଯ୍ୟରତ ଥିବାବେଳେ ରାଜ୍ୟ ସରକାରଙ୍କ ପକ୍ଷରୁ ରାଜସ୍ୱ ଗ୍ରାମ ଅନୁସାରେ ଗୋଷ୍ଠୀ ସହାୟିକା ନିଯୁକ୍ତି ପାଇଁ ନିଷ୍ପତ୍ତି ନେଇଥିବାରୁ ତିଗିରିଆରେ କାର୍ଯ୍ୟରତ ୫୦ରୁ ଅଧିକ ଗୋଷ୍ଠୀ ସହାୟିକା ସେମାନଙ୍କ ଚାକିରୀ ହରାଇବା ଆଶଙ୍କା ସୃଷ୍ଟି ହୋଇଛି ଯାହାକୁ ସଙ୍ଘ ବିରୋଧ କରିଛି। ଏ ନେଇ ଏକ ଦାବିପତ୍ର ସଙ୍ଘ ତରଫରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରାଯାଇଥିବା ଜଣାପଡିଛି।

**ଆଠଗଡ:** ଓଡ଼ିଶା ଜୀବିକା ମିଶନ କର୍ମଚାରୀ ସଂଘ, ଓଡ଼ିଶାର ଆହ୍ୱାନ କ୍ରମେ ଆଠଗଡ ଶାଖା ପକ୍ଷରୁ ଗୋଷ୍ଠୀ ସହାୟିକା କର୍ମଚାରୀ ଯଥା ଏମ୍‌ବିକେ, ସିଆର୍‌ପି, ବ୍ୟାଙ୍କ ମିତ୍ର ମାନେ ୬ ଦଫା ଦାବି ନେଇ ଆଠଗଡ ପଞ୍ଚାୟତ ସମିତି କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେବା ସହିତ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଆଠଗଡ ଶାଖାର ସଭାନେତ୍ରୀ ଅନୁସୟା ଗଡନାୟକଙ୍କ ନେତୃତ୍ୱରେ ଶତାଧିକ ଜୀବିକା ମିଶନର ମହିଳା କର୍ମଚାରୀମାନେ ଏକତ୍ରିତ ହୋଇ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଏହା ସହିତ ଦୀର୍ଘଦିନ ଧରି ସରକାର ବନ୍ଦ ରଖିଥିବା ଦରମା ତୁରନ୍ତ ପ୍ରଦାନ କରିବା ପାଇଁ ଦାବି କରିଥିଲେ। ଏ ସଂକ୍ରାନ୍ତରେ ଆଠଗଡ ବିଡିଓଙ୍କ ଜରିଆରେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର ପ୍ରଦାନ କରିଥିଲେ।




**ନରସିଂହପୁର:** ନରସିଂହପୁର ବ୍ଲକ ଅନ୍ତର୍ଗତ ୩୭ଟି ପଞ୍ଚାୟତର ସମସ୍ତ କମ୍ୟୁନିଟି ସପୋର୍ଟ ଷ୍ଟାଫ ଆଜକୁ ୬ ମାସ ଧରି ପୂର୍ବରୁ ପାଉଥିବା ସ୍ଥାୟୀ ଦରମା ନ ପାଇ ବାରମ୍ବାର ବିଭାଗୀୟ ପ୍ରଶାସନକୁ ଜଣାଇଲେ ମଧ୍ୟ ତାହାର କୌଣସି ସ୍ଥାୟୀ ସମାଧାନ କରାଯାଉ ନାହିଁ। ରାଜସ୍ୱ ଗ୍ରାମ ଅନୁସାରେ ସିଏଲଏଫ ଗଠନରୁ ବାଦ ପଡୁଥିବା ସିଆରପିଙ୍କର ସ୍ଥାୟିତ୍ୱ, ସମସ୍ତ ସିଏସସଙ୍କର ସ୍ଥାୟୀ ଦରମାର ସ୍ଥାୟୀ ସମାଧାନ ନ ହେବା ପର୍ଯ୍ୟନ୍ତ ନରସିଂହପୁର ବ୍ଲକ କର୍ମଚାରୀ ସଂଘ ତରଫରୁ



କାର୍ଯ୍ୟରୁ ନିସୃତି ନେଇ ଧାରଣା ଦେଇଛନ୍ତି। ଏଥି ସହିତ ଏକ ଶୋଭାଯାତ୍ରାରେ ସମସ୍ତ କର୍ମଚାରୀ ବାହାରି ସହର ପରିକ୍ରମା କରିଥିଲେ। ବ୍ଲକର ଜୀବିକା ମିଶନଶକ୍ତି ଓ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଆଜିଠାରୁ କାର୍ଯ୍ୟ ବନ୍ଦ କରି ଗଣଧାରଣାରେ ବସିବା ପାଇଁ ସଂଘ ତରଫରୁ ନିଷ୍ପତ୍ତି ନେଇଛନ୍ତି। ଏ ସମ୍ପର୍କରେ ନରସିଂହପୁର ଥାନା ଅଧିକାରୀ, ତହସିଲଦାର ନରସିଂହପୁରଙ୍କୁ ଅବଗତ କରାଇଛନ୍ତି ବୋଲି ସଂଘ ପକ୍ଷରୁ କୁହାଯାଇଛି।

**ନିଶ୍ଚିନ୍ତକୋଇଲି :** ମାହାଙ୍ଗା ନିର୍ବାଚନ ମଣ୍ଡଳୀ ଅନ୍ତର୍ଗତ ନିଶ୍ଚିନ୍ତକୋଇଲି ବ୍ଲକର ୨୪ଟି ପଞ୍ଚାୟତର ଏମ୍‌ବିକେ ଏବଂ ସିଆରପିମାନେ ବିଭିନ୍ନ ଦାବି ନେଇ ବ୍ଲକ କାର୍ଯ୍ୟାଳୟ ସମ୍ମୁଖରେ ଗଣଧାରଣା ଦେଇଛନ୍ତି। ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ଏହି ଧାରଣା ଚାଲୁ ରହିବ ବୋଲି ସଂଘର କର୍ମକର୍ତ୍ତା ପ୍ରକାଶ କରିଛନ୍ତି। ଏମବିକେ ବ୍ଲକ ସଂଘର ସଭାପତି କବିତା ସେନାପତି, ସଂପାଦିକା ଶୋଭାରାଣୀ ସାହୁ ଓ କୋଷାଧ୍ୟକ୍ଷ ପଦ୍ମାଞ୍ଜଳି ବେହେରାଙ୍କ ନେତୃତ୍ୱରେ ସୋମବାର ଗଣଧାରଣାରେ ବିଭିନ୍ନ ପଞ୍ଚାୟତର ୧୯୫ଜଣ ସିଆରପି ଓ ୨୨ ଜଣ ଏମ୍‌ବିକେ ଯୋଗଦେଇ ଧାରଣା ଦେଇଥିଲେ। ଏମ୍‌ବିକେ ଓ ସିଆରପିମାନେ ପୂର୍ବରୁ ପାଉଥିବା ସ୍ଥାୟୀ ଦରମାକୁ ଚାଲୁ ରଖିବା, ରାଜସ୍ୱ ଗ୍ରାମସ୍ତରୀୟ ମଞ୍ଚ ଗଠନ ନ କରିବା, ବ୍ୟାଙ୍କ ଜମାଖାତା ଜରିଆରେ ଦରମା ପ୍ରଦାନ କରିବା ଏବଂ ଚାକିରୀକୁ ସ୍ଥାୟିତ୍ୱ କରିବା ନେଇ ଏ ଅନଶନ ଚାଲୁ ରହିଛି। ବ୍ଲକ ସଂଘର ସମସ୍ତ ସିଆରପି



ଓ ଏମ୍‌ବିକେମାନେ ଧାରଣାସ୍ଥଳରେ ବିଭିନ୍ନ ସ୍ଲୋଗାନ ଦେଇ ସେମାନଙ୍କର ନାର୍ଯ୍ୟଦାବିକୁ ପୂରଣ କରିବା ପାଇଁ ସରକାରଙ୍କଠାରେ ନିବେଦନ କରିଛନ୍ତି। ଏ ସଂକ୍ରାନ୍ତରେ ନିଶ୍ଚିନ୍ତକୋଇଲି ତହସିଲଦାର, ଥାନା ଆଇଆଇସିଙ୍କୁ ମଧ୍ୟ ଅବଗତ କରିଛନ୍ତି। ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ପ୍ରତ୍ୟେକ ଦିନ ପୂର୍ବାହ୍ନ ୧୦ଟାରୁ ଅପରାହ୍ନ ୫ଟା ପର୍ଯ୍ୟନ୍ତ ଏହି ଅନଶନ ଚାଲୁ ରହିବ ବୋଲି ସଂଘ ପକ୍ଷରୁ ସୂଚନା ଦିଆଯାଇଛି।

**ଟାଙ୍ଗୀ :** ସ୍ଥାୟୀ ଦରମା ଦାବିରେ ଟାଙ୍ଗୀ-ଚୌଦ୍ୱାର ବ୍ଲକ ଅଧିନସ୍ଥ ୨୪ ପଞ୍ଚାୟତରେ କାର୍ଯ୍ୟରତ କମ୍ୟୁନିଟି ସପୋର୍ଟ ଷ୍ଟାଫ୍ ଯଥା ସିଆରପି, ଏମ୍‌ବିକେ, ପ୍ରାଣୀମିତ୍ର, ବ୍ୟାଙ୍କ ମିତ୍ର ଓ କୃଷି ମିତ୍ର ସୋମବାର ଆନ୍ଦୋଳନକୁ ଓହ୍ଲାଇଛନ୍ତି। କଟକ ଜିଲ୍ଲାପାଳଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମ ଚାଲୁଥିବାବେଳେ ବ୍ଲକ୍ କାର୍ଯ୍ୟାଳୟ ପରିସରରେ ସିଏସ୍‌ଏସ୍‌ଙ୍କ ଗଣଧାରଣା ସାଧାରଣରେ ଚର୍ଚ୍ଚାକୁ ଆସିଛି। ଅନ୍ୟପକ୍ଷରେ ସରକାରଙ୍କ ନୂତନ ମାର୍ଗଦର୍ଶିକା ଅନୁଯାୟୀ ପ୍ରତି ରାଜସ୍ୱ ଗ୍ରାମରେ ଜଣେ ଲେଖାଏଁ ସିଆରପି ନିଯୁକ୍ତି ହେଲେ ବହୁ ସିଆରପି ଜୀବିକା ହରାଇବେ। ନାରୀ ସଶକ୍ତିକରଣ ବାର୍ତ୍ତା ଦେଉଥିବା ଡବଲ ଇଞ୍ଜିନ ସରକାରଙ୍କ ନୂଆନୀତି ଅନୁଯାୟୀ



ପଞ୍ଚାୟତ ପିଛା ୪ରୁ ୫ଜଣ ହିସାବରେ ବ୍ଲକ ଅଞ୍ଚଳର ଶତାଧିକ ସିଆରପି ଜୀବିକା ହରାଇବା ନିଶ୍ଚିତ ବୋଲି ସୂଚନା ପ୍ରଦାନ କରାଯାଇଥିଲା। ଶେଷରେ ସ୍ଥାୟୀ ନିଯୁକ୍ତି ଓ ସିଆରପିଙ୍କ ଛଟେଇ ରୋକିବା ସଂକ୍ରାନ୍ତ ଏକ ସ୍ମାରକପତ୍ର ଜିଲ୍ଲାପାଳଙ୍କ ଶୁଣାଣି ଶିବିରରେ ବିଡିଓଙ୍କୁ ପ୍ରଦାନ କରାଯାଇଥିଲା। ଏଥିପ୍ରତି ସରକାର ତୁରନ୍ତ ଦୃଷ୍ଟି ନ ଦେଲେ ଆନ୍ଦୋଳନକୁ ବ୍ୟାପକ କରାଯିବ ବୋଲି ସିଏସ୍‌ଏସ୍ ସଂଘ ସଭାନେତ୍ରୀ ରଶ୍ମିତା ବେହେରା ଗଣମାଧ୍ୟମକୁ ସୂଚନା ଦେଇଥିଲେ। ପ୍ରକାଶଥାଉକି ବିଜେଡି ସରକାର ସିଏସ୍‌ଏସ୍‌ଙ୍କୁ ସ୍ଥାୟୀ ଦରମା ପ୍ରଦାନ ବ୍ୟବସ୍ଥା କରିଥିବାବେଳେ ବିଜେପି ସରକାର ପାରିତୋଷିକ ପ୍ରଦାନ ବ୍ୟବସ୍ଥା ଲାଗୁ କରିଛନ୍ତି। କାମ ଅନୁଯାୟୀ ପାଉଣା ବ୍ୟବସ୍ଥା ଯୋଗୁଁ କାର୍ଯ୍ୟରତ ସିଏସଏସଙ୍କ ମଧ୍ୟରେ ଭେଦଭାବ ସୃଷ୍ଟି ହେବ ବୋଲି ମତପ୍ରକାଶ ପାଇଥିଲା।

## ବିମାନର କକ୍‌ପିଟ୍ ଖୋଲିବାକୁ ଉଦ୍ୟମ




ବାରଣାସୀ, ୨୨।୯ (ଏଜେନ୍ସି): ବେଙ୍ଗାଲୁରୁରୁ ବାରାଣାସୀ ଯାଉଥିବା ଏୟାର ଇଣ୍ଡିଆ ଏକ୍ସପ୍ରେସ୍‌ର ବିମାନରେ ଜଣେ ଯାତ୍ରୀ କକ୍‌ପିଟ୍‌ର ଦ୍ୱାର ଖୋଲିବାକୁ ଚେଷ୍ଟା କରିଥିଲେ। ସେ ଦ୍ୱାରର ପ୍ରକୃତ ପାସକୋଡ୍ ବି ମାରିଥିଲେ। କିନ୍ତୁ ହାଇଜାକ ହେବା ଭୟରେ ପାଇଲଟ୍ କକ୍‌ପିଟ୍‌ର ଦ୍ୱାରା ଖୋଲି ନଥିଲେ। କେବିନ କ୍ରୁ ତାଙ୍କୁ ରୋକିବାକୁ ଚେଷ୍ଟା କରିଥିଲେ। କିନ୍ତୁ ଉକ୍ତ ଯାତ୍ରୀଙ୍କ ସହ ତାଙ୍କ ନିଜର ଲୋକ ଆସିଥିଲେ ଓ କକ୍‌ପିଟ ଭିତରକୁ ଯିବା ପାଇଁ ଉଦ୍ୟମ କରିଥିଲେ। ଏୟାର ଲାଇନ୍ସ କର୍ମୀ ଯାତ୍ରୀଙ୍କୁ ବିରୋଧ କରିବା ସହ ତାଙ୍କୁ ସିଟ୍‌ରେ ବସାଇଥିଲେ। ଏ ନେଇ କ୍ୟାପ୍ଟେନ ଏୟାର ଟ୍ରାଫିକ କଣ୍ଟ୍ରୋଲ (ଏଟିସି)କୁ ସୂଚନା ଦେଇଥିଲେ। ଏଟିସି ମଧ୍ୟ ବିମାନବନ୍ଦର କର୍ତ୍ତୃପକ୍ଷକୁ ଅବଗତ କରାଇଥିଲେ। ବାରଣାସୀରେ ବିମାନ ଅବତରଣ କରିବା ପରେ ସିଆଇଏସ୍‌ଏଫ୍ ଅଭିଯୁକ୍ତ ଯାତ୍ରୀଙ୍କ ସମେତ ୯ ଜଣଙ୍କୁ ଗିରଫ କରିଛି। ସୂଚନା ମିଳିବା ମାତ୍ରେ ହିଁ ଏଟିସି, ଲୋକାଲ ଇଣ୍ଟେଲିଜେନ୍ସ ୟୁନିଟ (ଏଲଆଇୟୁ), ସେଣ୍ଟ୍ରାଲ ଇଣ୍ଟେଲିଜେନ୍ସ ଓ ସାଇବର କ୍ରାଇମର ଟିମ୍ ବିମାନ ବନ୍ଦରରେ ପହଞ୍ଚିଥିଲେ। ସବୁ ଅଭିଯୁକ୍ତ ବେଙ୍ଗାଲୁରୁରେ ରୁହନ୍ତି। ସ୍ଥାନୀୟ ପୁଲିସ ମାଧ୍ୟମରେ ଏମାନଙ୍କ ଠିକଣାର ଯାଞ୍ଚ କରାଯାଉଛି। ବାବତପୁର ଥାନାରେ ଏମାନଙ୍କୁ ପଚାରଉଚରା କରାଯାଉଛି। ସମସ୍ତଙ୍କର ମୋବାଇଲ୍ ଓ କଲ ଡିଟେଲ ଚେକ୍ କରାଯାଉଛି ବୋଲି ପୁଲିସ ସୂଚନା ଦେଇଛି।

## ପୁଣି ଏକାଠି ଦେଖାଦେଲେ ଟ୍ରମ୍ପ-ମସ୍କ



ନୂଆଦିଲ୍ଲୀ, ୨୨।୯(ଏଜେନ୍ସି): ଦୀର୍ଘ କେତେମାସ ପରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଓ ଟେସଲା ମାଲିକ ତଥା ବିଶିଷ୍ଟ ଶିଳ୍ପପତି ଏଲନ ମସ୍କ ଏକାଠି ନଜର ଆସିଛନ୍ତି। ବିବାଦ ପରେ ଦୁହେଁ ପାଖରେ ବସି ଏକାଠି ହେବା ସହ ପରସ୍ପର ସହ ହାତ ମିଳାଇଥିଲେ। ଆରିଜୋନାର ଗ୍ଲେଣ୍ଡେଲସ୍ଥିତ ଏକ ଷ୍ଟାଡିୟମରେ ଚାର୍ଲି କିର୍କଙ୍କ ସ୍ମୃତିରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ଦୁହିଁଙ୍କୁ ଗୋଟିଏ ମଞ୍ଚରେ ଦେଖିବାକୁ ମିଳିଥିଲା। ଚାର୍ଲି କିର୍କଙ୍କୁ ଶ୍ରଦ୍ଧାଞ୍ଜଳି ଦେବାକୁ ଏହି ଷ୍ଟାଡିୟମରେ ୨୦ ହଜାର ଲୋକଙ୍କ ସମେତ ଟ୍ରମ୍ପ ଓ ମସ୍କ ଏକାଠି ହୋଇଥିଲେ। ଚାର୍ଲି କିର୍କ ଜଣେ ଦକ୍ଷିଣପନ୍ଥୀ ନେତା ଓ ଟ୍ରମ୍ପଙ୍କ ଦୃଢ଼ ସମର୍ଥକ ଭାବେ ଜଣାଶୁଣା ଥିଲେ। ଗତ ସେପ୍ଟେମ୍ବର ୧୦ରେ ଉଟାହ ବିଶ୍ୱ ବିଦ୍ୟାଳୟରେ ତାଙ୍କୁ ଗୁଳି କରି ହତ୍ୟା କରାଯାଇଥିଲା। ଉଲ୍ଲେଖଥାଉ କି ଗତ ରାଷ୍ଟ୍ରପତି ନିର୍ବାଚନରେ ମସ୍କ ଟ୍ରମ୍ପଙ୍କୁ ୧୭୦ ମିଲିଅନ୍ ଡଲାରରୁ ଅଧିକ ଅର୍ଥର ଚାନ୍ଦା ପ୍ରଦାନ କରିଥିଲେ ଓ ପରେ ମଧ୍ୟ ତାଙ୍କ ଉପଦେଷ୍ଟା ଭାବେ କାର୍ଯ୍ୟ କରିଥିଲେ। କିନ୍ତୁ ପରେ ଦୁହିଁଙ୍କ ମଧ୍ୟରେ ତିକ୍ତତା ବୃଦ୍ଧି ପାଇଥିଲା। ଟ୍ରମ୍ପଙ୍କ ଟ୍ୟାକ୍ସ ଓ ଖର୍ଚ୍ଚ ବିଲ୍‌କୁ ପାଗଳାମି ଓ ବିନାଶକାରୀ ବୋଲି ମସ୍କ କହିଥିଲେ। ଏହାପରେ ସାମାଜିକ ଗଣମାଧ୍ୟମରେ ଦୁହିଁଙ୍କ ବିବାଦ ଚରମ ସୀମାରେ ପହଞ୍ଚିଥିଲା। ଟ୍ରମ୍ପ ମସ୍କଙ୍କୁ ଆମେରିକା ବାହାରକୁ ପଠାଇବେ ବୋଲି କହିଥିଲେ। ଏହାପରେ ମସ୍କ ଆମେରିକା ଫାର୍ଷ୍ଟ ପାର୍ଟି ଗଠନ କରିବାକୁ ଘୋଷଣା କରିଥିଲେ। ଯଦିଓ ସେ ପରେ ପଛ ଘୁଞ୍ଚା ଦେଇଥିଲେ।

## ଅଭିନେତ୍ରୀ ଜ୍ୟାକଲିନ୍‌ଙ୍କୁ ସୁପ୍ରିମକୋର୍ଟ ଝଟ୍‌କା

ନୂଆଦିଲ୍ଲୀ, ୨୨।୯(ଏଜେନ୍ସି): କୁଖ୍ୟାତ ଠକ ସୁକେଶ ଚନ୍ଦ୍ରଶେଖର ସହିତ ଜଡିତ ମାମଲାରେ ବଲିଉଡ୍ ଅଭିନେତ୍ରୀ ଜ୍ୟାକଲିନ ଫର୍ଣ୍ଣାଣ୍ଡିଜ୍‌ଙ୍କ ସମସ୍ୟା ବଢ଼ିବାରେ ଲାଗିଛି। ସୁପ୍ରିମକୋର୍ଟ ତାଙ୍କର ଏକ ଆବେଦନକୁ ଆଜି ଖାରଜ କରିଛନ୍ତି। ସୁକେଶ ସହିତ ଜଡିତ ୨୦୦ କୋଟି ଟଙ୍କା ମନିଲଣ୍ଡରିଂ ମାମଲାକୁ ରଦ୍ଦ କରିବାକୁ ସେ ଆବେଦନ କରିଥିଲେ। ଏହି ମାମଲା ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ରୁଜୁ କରିଥିଲା। ଜଷ୍ଟିସ ଦୀପଙ୍କର ଦତ୍ତା ଓ ଜଷ୍ଟିସ୍ ଏଜି ମସିଙ୍କ ଖଣ୍ଡପୀଠ ଜ୍ୟାକଲିନ୍‌ଙ୍କ ଆବେଦନକୁ ଖାରଜ କରିଛନ୍ତି। ବରିଷ୍ଠ ଓକିଲ ମୁକୁଲ ରୋହତୋଗୀ ଜ୍ୟାକଲିନ୍‌ଙ୍କ ତରଫରୁ ତର୍କ ରଖିଥିଲେ। କିନ୍ତୁ ଅଭିଯୋଗ ପୂର୍ବ ଭଳି ରହିବ ବୋଲି ଖଣ୍ଡପୀଠ ସ୍ପଷ୍ଟ କରିଥିଲେ। ପୂର୍ବରୁ ଜୁଲାଇ ୩ରେ ଦିଲ୍ଲୀ ହାଇକୋର୍ଟ ଜ୍ୟାକଲିନ୍‌ଙ୍କ ଏହିଭଳି ଆବେଦନକୁ ଖାରଜ କରିଥିଲେ। ଯଦି କୌଣସି ବନ୍ଧୁ କାହାକୁ କିଛି ଉପହାର ଦିଅନ୍ତି ଓ ପରେ ସେ କୌଣସି ଅପରାଧରେ ସାମିଲ ଥିବା ଜଣାପଡେ, ତାହେଲେ ମାମଲା ବହୁତ ଜଟିଳ ହେବ। ପୁଣି ଅଜାଣତରେ ଏହି ଉପହାର ଦିଆଯାଇନାହିଁ ବୋଲି ଖଣ୍ଡପୀଠ ସ୍ପଷ୍ଟ କରିଥିଲେ। ସୁକେଶ ଜ୍ୟାକଲିନ୍‌ଙ୍କୁ ବହୁତ ଦାମୀ ଉପହାର ଦେଇଥିଲା ଓ ତାଙ୍କ ପିଛା ପାଖାପାଖି ୭ କୋଟି ଟଙ୍କା ଖର୍ଚ୍ଚ କରିଥିଲା। । ସୁକେଶ ଜ୍ୟାକଲିନ୍‌ଙ୍କୁ ଦାମୀ ଗହଣା, ୪ଟି ଦାମୀ ବିଲେଇ, ୫୭ ଲକ୍ଷ ଟଙ୍କାର ଘୋଡ଼ା, ବାହାରିନ୍‌ରେ ରହୁଥିବା ଜ୍ୟାକଲିନ୍ ମାତାପିତାଙ୍କୁ ୧.୮୯ କୋଟି ଟଙ୍କାର ଦୁଇଟି ଗାଡ଼ି (ପୋର୍ସ ଓ ମସୋରାଟି), ତାଙ୍କ ଭାଇଙ୍କୁ ଏସ୍‌ୟୁଭି ଓ ଭଉଣୀଙ୍କୁ ଦେଢ଼ କୋଟି ଟଙ୍କାର ବିଏମ୍‌ଡବ୍ଲ୍ୟୁ କାର ଉପହାର ଦେଇଥିଲା। ଏଥିପାଇଁ ଜ୍ୟାକଲିନ ମନି ଲଣ୍ଡରିଂ ମାମଲାରେ ଛନ୍ଦି ହେବା ସହ ଇଡି ତାଙ୍କୁ ମୁଖ୍ୟ ଅଭିଯୁକ୍ତ ଦର୍ଶାଇଛି।

## ଅକ୍ଟୋବର ୭ରେ ଉମର ଖାଲିଦଙ୍କ ଜାମିନ ଶୁଣାଣି

ନୂଆଦିଲ୍ଲୀ, ୨୨।୯: ୨୦୨୦ ଦିଲ୍ଲୀ ଦଙ୍ଗା ମାମଲାରେ ଦୀର୍ଘ ୫ ବର୍ଷ ଧରି ବିନା ବିଚାରରେ ଜେଲରେ ଥିବା ଉମର ଖାଲିଦ ସମେତ ୫ ଜଣ ଛାତ୍ରଙ୍କ ଜାମିନ ଆବେଦନର ଶୁଣାଣି କରିବେ ସୁପ୍ରିମ କୋର୍ଟ। ଜାମିନ ଆବେଦନ ଉପରେ କୋର୍ଟ ଦିଲ୍ଲୀ ପୁଲିସକୁ ନୋଟିସ ଜାରି କରିବା ସହିତ ଉତ୍ତର ଲୋଡ଼ିଛନ୍ତି। ଉତ୍ତର ମିଳିଲା ପରେ ଆସନ୍ତା ଅକ୍ଟୋବର ୭ ତାରିଖରେ ମାମଲାର ଶୁଣାଣି କରାଯିବ ବୋଲି ଜଷ୍ଟିସ ଅରବିନ୍ଦ କୁମାର ଏବଂ ଜଷ୍ଟିସ ଏନଭି ଅଞ୍ଜାରିଆଙ୍କ ଖଣ୍ଡପୀଠ କହିଛନ୍ତି। ଏମାନେ ଛାତ୍ର ହୋଇଥିବାରୁ ସେମାନଙ୍କୁ ତୁରନ୍ତ ଜାମିନ ଦିଆଯାଉ ବୋଲି ଆବେଦନକାରୀଙ୍କ ପକ୍ଷରୁ ଅଭିଶେକ ମନୁ ସିଂହଭୀ ଯୁକ୍ତି କରିଥିଲେ। ଉମରଙ୍କ ସମେତ ସର୍ଜିଲ ଇମାମ, ମୀରାନ ହାଇଦର, ଗୁଲଫିସା ଫାତିମା ଓ ସିଫାଉର ରହେମାନ ଏହି ମାମଲାରେ ଜେଲରେ ଅଛନ୍ତି। ଦିଲ୍ଲୀ ହାଇକୋର୍ଟ ସେମାନଙ୍କର ଜାମିନ ଆବେଦନ ଖାରଜ କରିବା ପରେ ସେମାନେ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି।

# ନିଜ ଦେଶରେ ପାକିସ୍ତାନର ବୋମାବର୍ଷା

## ୩୦ ନିହତ, ଶତାଧିକ ଆହତ



ଇସଲାମାବାଦ୍, ୨୨।୯ (ଏଜେନ୍ସି): ପାକିସ୍ତାନ ବାୟୁ ସେନା ନିଜ ଦେଶରେ ବୋମା ବର୍ଷା କରିଛି। ଆଜି ବିଳମ୍ବିତ ରାତି ୨ଟା ବେଳେ ଖାଇବର ପଖତୁନଖ୍ୱା ପ୍ରଦେଶର ଏକ ଗାଁ ଉପରେ ବାୟୁସେନା ଯୁଦ୍ଧ ବିମାନରୁ ବୋମା ବର୍ଷା କରାଯିବାରୁ ୩୦ ଜଣ ପ୍ରାଣ ହରାଇଛନ୍ତି ଏବଂ ଶତାଧିକ ଆହତ ହୋଇଛନ୍ତି। ମୃତକମାନଙ୍କ ମଧ୍ୟରେ ଅଧିକାଂଶ ମହିଳା ଓ ଶିଶୁ ଥିବା କୁହାଯାଉଛି। ଆତଙ୍କବାଦୀଙ୍କୁ ଟାର୍ଗେଟ କରି ପାକିସ୍ତାନ ଚୀନ ନିର୍ମିତ ଜେଟରୁ ବୋମାମାଡ଼ କରିଥିବା କୁହାଯାଉଥିବା ବେଳେ ସ୍ଥାନୀୟ ପ୍ରଶାସନ ପକ୍ଷରୁ କୁହାଯାଇଛି ଯେ ଶକ୍ତିଶାଳୀ ବୋମା ବିସ୍ଫୋରଣ ଯୋଗୁଁ ମୃତ୍ୟୁ ଘଟିଛି। ଏହାକୁ ନେଇ ସମଗ୍ର ଅଞ୍ଚଳରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ମିଳିଥିବା ସୂଚନା ଅନୁଯାୟୀ ରାତି ଦୁଇଟାରେ ଲୋକ ଶୋଇଥିବା ବେଳେ ତିରା ଉପତ୍ୟକାର ମାତ୍ରେ ଡାରା ଗାଁରେ ପାକିସ୍ତାନୀ ବାୟୁସେନା ଚୀନ୍‌ର ବିମାନ ଜେଏଫ୍-୧୭ରୁ ୮ଟି ଏଲ୍‌ଏସ୍-୬ ବୋମାମାଡ଼ କରିଥିଲା। ଏହା ଏକ ନରସଂହାର ଭଳି ସ୍ଥିତି ସୃଷ୍ଟି କରିଛି। ବୋମାମାଡ଼ ପରେ ଘଟଣାସ୍ଥଳର ବିଚଳିତ କଲା ଭଳି ଚିତ୍ର ସାମ୍ନାକୁ ଆସିଛି ଓ ଏହା ଭାଇରାଲ ହୋଇଛି। ମୃତଦେହଗୁଡିକ ବୀଭତ୍ସ ଭାବେ ଏପଟେ ସେପଟେ ପଡ଼ି ରହିଥିବା ବେଳେ ଆହତ ବ୍ୟକ୍ତିମାନେ ମଧ୍ୟ ଚିକିତ୍ସା ଅପେକ୍ଷାରେ ଚିତ୍କାର କରୁଥିବା ଦେଖାଯାଇଛି। ମୃତ୍ୟୁସଂଖ୍ୟା ଆହୁରି ବୃଦ୍ଧିପାଇବ ବୋଲି ଆଶାଙ୍କା କରାଯାଉଛି।

ଏହି ଘଟଣା ନେଇ ପାକିସ୍ତାନ ତରଫରୁ ଆନୁଷ୍ଠାନିକ ଭାବେ କୌଣସି ସୂଚନା ଦିଆଯାଇନାହିଁ। ତେବେ ବୋମା ମାଡ଼ ଏତେ ଭୟଙ୍କର ଥିଲା ଯେ, ଅଧା ଗାଁ ଧ୍ୱଂସ ହୋଇଯାଇଛି। କିଛି ଆହତଙ୍କୁ ଚିକିତ୍ସା ପାଇଁ ନିକଟସ୍ଥ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। କେପିକେରେ ଆତଙ୍କବାଦ ବିରୋଧୀ ଅଭିଯାନ ଚାଲୁଛି ଓ ଏଥିପାଇଁ ଏହି ଆକ୍ରମଣ ହୋଇଥିବା କୁହାଯାଉଛି। ଏହି ଅଞ୍ଚଳ ଦୀର୍ଘ ଦିନ ଧରି ଅଶାନ୍ତ ରହିଛି ଓ ପାକ୍ ସରକାରଙ୍କ କର୍ତ୍ତୃତ୍ୱ ଏଠାରେ ପ୍ରାୟ ନାହିଁ କହିଲେ ଚଳେ। ଏଠାରେ ଚାଲିଥିବା ଆତଙ୍କବାଦୀ ନିପାତ ଅଭିଯାନରେ ଅନେକ ନିରୀହ ଲୋକ ପ୍ରାଣ ହରାଉଛନ୍ତି। ଏହି ଘଟଣା ପରେ ସ୍ଥାନୀୟ ଅଞ୍ଚଳରେ ଲୋକଙ୍କ ମଧ୍ୟରେ ପ୍ରବଳ ଅସନ୍ତୋଷ ଦେଖିବାକୁ ମିଳିଛି।

ଆତଙ୍କବାଦୀ ସଂଗଠନ ତେହରିକ-ଇ- ତାଲିବାନ (ଟିଟିପି)କୁ ଟାର୍ଗେଟ କରି ବାୟୁସେନା ଏହି ବୋମା ମାଡ଼ କରିଥିଲା। କିନ୍ତୁ ଏହା ଗାଁ ଉପରେ ପଡ଼ିଥିଲା ଓ ସାଧାରଣ ଲୋକ ପ୍ରାଣ ହରାଇଥିଲେ ବୋଲି କେତେକ ସ୍ଥାନୀୟ ଗଣମାଧ୍ୟମ ଉଲ୍ଲେଖ କରିଛନ୍ତି। ଗତ କିଛି ଦିନ ମଧ୍ୟରେ କେପିକେରେ ଆତଙ୍କବାଦୀଙ୍କ ବିରୋଧରେ କେତୋଟି ସାମରିକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଏହା ଆଫଗାନିସ୍ତାନ ସୀମାରେ ଥିବା ପାହାଡି ଅଞ୍ଚଳକୁ ଲାଗି ରହିଛି। ତେଣୁ ଏହାକୁ ଟିଟିପି ତଥା ଆତଙ୍କବାଦୀଙ୍କ ଚରାଭୂଇଁ ବୋଲି କୁହାଯାଇଥାଏ। ଏହି ଅଞ୍ଚଳରେ ଆତଙ୍କବାଦୀଙ୍କର ଏକାଧିକ ଠିକଣା ରହିଛି। କିଛିଦିନ ତଳେ ଏଠାରେ ହୋଇଥିବା ଆକ୍ରମଣରେ ୭ ଜଣ ଟିଟିପି ଆତଙ୍କବାଦୀ ନିହତ ହୋଇଥିଲେ ବୋଲି ପାକିସ୍ତାନ ସେନା ତରଫରୁ କୁହାଯାଇଥିଲା। ଚଳିତବର୍ଷ ଅଗଷ୍ଟ ପର୍ଯ୍ୟନ୍ତ କେପିକେରେ ୬୦୫ଟି ଆତଙ୍କବାଦୀ ସମ୍ପର୍କିତ ଘଟଣା ଘଟିଥିଲା। ଏଥିରେ ୧୩୮ ଜଣ ସାଧାରଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୩୫୨ ଜଣ ଆହତ ହୋଇଥିଲେ। ସେହିପରି ୭୯ ପୁଲିସ କର୍ମଚାରୀ ମୃତ୍ୟୁବରଣ କରିଥିବା ବେଳେ ୧୩୦ ଜଣ ଆହତ ହୋଇଥିଲେ ବୋଲି କୁହାଯାଇଥିଲା। କେବଳ ଅଗଷ୍ଟରେ କେପିକେରେ ୧୨୯ଟି ଆତଙ୍କବାଦୀ ଆକ୍ରମଣ ହୋଇଥିଲା। ୧୯୮୯ରେ ସୋଭିଏତ ୟୁନିୟନ ଚାଲିଯିବା ପରେ ଏହି ଅଞ୍ଚଳରେ ଆରମ୍ଭ ହୋଇଥିବା ଅରାଜକତା ଏପର୍ଯ୍ୟନ୍ତ ଚାଲୁ ରହିଛି।

## ବିନା ଆକ୍ରମଣରେ ପିଓକେ ଫେରିଆସିବ: ରାଜନାଥ

ନୂଆଦିଲ୍ଲୀ, ୨୨।୯(ଏଜେନ୍ସି): ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ପାକିସ୍ତାନ ଅଧିକୃତ କଶ୍ମୀର (ପିଓକେ) ନେଇ ପୁଣି ଏକ ଗୁରୁତ୍ୱପୂର୍ଣ୍ଣ ମନ୍ତବ୍ୟ ଦେଇଛନ୍ତି। ବିନା କୌଣସି ଯୁଦ୍ଧ, ସଂଘର୍ଷ ଓ ଲଢ଼େଇରେ ପିଓକେ ସ୍ୱତଃ ଭାରତରେ ମିଶିଯିବ ବୋଲି ସେ କହିଛନ୍ତି। ପିଓକେର ଲୋକ ସ୍ୱାଧୀନତା ପାଇଁ ଦାବି କରିଆସୁଛନ୍ତି ଓ ଏମିତି ଗୋଟିଏ ଦିନ ଆସିବ ସେମାନେ 'ମୁଁ ବି ଭାରତ' ବୋଲି କହି ଗର୍ବ କରିବେ। ଉତ୍ତରପଶ୍ଚିମ ଆଫ୍ରିକୀୟ ଦେଶ ମୋରୋକ୍କୋ ରାଜଧାନୀ ରାବାଟ୍‌ରେ ଭାରତୀୟ ସମୁଦାୟ ସହ କଥା ହେବା ବେଳେ ରାଜନାଥ ଏହି କଥା କହିଛନ୍ତି। ୫ ବର୍ଷ ପୂର୍ବେ କାଶ୍ମୀରରେ ଏକ କାର୍ଯ୍ୟକ୍ରମରେ ଯୋଗ ଦେଇ ସେ ଏହି କଥା କହିଥିବା ମନେ ପକାଇଦେଇଥିଲେ। ମେ ୭ରେ ଅପରେସନ ସିନ୍ଦୂର ଅବସରରେ ଆମେ ପିଓକେ ପୁଣି ହାସିଲ କରିବାର ସୁଯୋଗ ହାତଛଡା କରିଛୁ। ହଠାତ ଅସ୍ତ୍ର ବିରତି ଘୋଷଣା କରିବା ଫଳରେ ଭାରତ ଏହି ସୁଯୋଗ ହାତଛଡ଼ା କରିଥିଲା ବୋଲି ବିରୋଧୀ ଦଳର ନେତାମାନେ ଆକ୍ଷେପ କରି କହିଥିଲେ। ଫଳରେ ଏଭଳି ସ୍ଥିତିରେ ରାଜନାଥଙ୍କ ଏହି ମନ୍ତବ୍ୟ ଗୁରୁତ୍ୱ ବହନ କରୁଛି। ଭବିଷ୍ୟତରେ ଆମ ସରକାର ଯେକୌଣସି ପ୍ରକାର ଆତଙ୍କବାଦୀ ଆକ୍ରମଣକୁ କଡ଼ା ଜବାବ ଦେବା ନେଇ ସମ୍ପୂର୍ଣ୍ଣ ରୂପେ ପ୍ରସ୍ତୁତ ଅଛି। ଅପରେସନ ସିନ୍ଦୂର କେବଳ ରୋକା ଯାଇଛି ଓ ଆବଶ୍ୟକ ପଡ଼ିଲେ ପୁଣି ଆରମ୍ଭ ହେବ ବୋଲି ସେ ସ୍ପଷ୍ଟ କରିଛନ୍ତି। ଆମେ ଧର୍ମ ନୁହଁ କର୍ମ ଦେଖି ମାରିଛୁ ବୋଲି ସେ କହିଛନ୍ତି।

## ୫୮ ବର୍ଷ ପରେ ଜାତିସଂଘ ମହାସଭାରେ ସିରିଆ

ୱାଶିଂଟନ, ୨୨।୯(ଏଜେନ୍ସି): ପଶ୍ଚିମ ଏସିଆ ଦେଶ ସିରିଆ ପାଖାପାଖି ୬ ଦଶନ୍ଧି ପରେ ଜାତିସଂଘ ଜେନେରାଲ ଆସେମ୍ବ୍ଲି ବା ମହାସଭାରେ ସାମିଲ ହେବ। ୫୮ ବର୍ଷ ପରେ ସିରିଆକୁ ଏହି ସୁଯୋଗ ମିଳିଥିବାରୁ ସିରିଆ ରାଷ୍ଟ୍ରପତି ଅହମ୍ମଦ ଅଲ- ଶରା ରବିବାର ନ୍ୟୁୟର୍କ ପହଞ୍ଚିଛନ୍ତି। ସେ ଜାତିସଂଘ ୮୦ତମ ମହାସଭାରେ ଅଂଶଗ୍ରହଣ କରିବେ। ମହାସଭା ମଙ୍ଗଳବାରଠାରୁ ଆରମ୍ଭ ହୋଇ ୨୯ ତାରିଖ ପର୍ଯ୍ୟନ୍ତ ଚାଲିବ। ଏହାପୂର୍ବରୁ ୧୯୬୭ରେ ସେତେବେଳେର ରାଷ୍ଟ୍ରପତି ନୁର ଅଲ-ଦିନ ଅଲ-ଅତାସୀ ୟୁଏନଜିଏରେ ଅଂଶଗ୍ରହଣ କରିଥିଲେ। ଏହାପରେ ସିରିଆରେ ଅସଦ ପରିବାର (ହାଫିଜ ଅସଦ ଓ ବସର ଅସଦ) ଦୀର୍ଘ ୫୦ ବର୍ଷ ଧରି ଶାସନ କରିଥିଲେ। ଗତବର୍ଷ ଅସଦ ପରିବାରକୁ ଶାସନରୁ ବିତାଡିତ କରି ଅଲ-ଶରା ମଧ୍ୟବର୍ତ୍ତୀକାଳୀନ ରାଷ୍ଟ୍ରପତି ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ। ଏବେ ସିରିଆ ସରକାର ଆମେରିକା ସମେତ ପାଶ୍ଚାତ୍ୟ ଦେଶଗୁଡିକ ସହ ରାଜନୈତିକ ତଥା କୂଟନୈତିକ ସମ୍ପର୍କ ସୁଧାରିବାକୁ ପ୍ରୟାସ କରିବେ। ଇସ୍ରାଏଲ ସହିତ ସିରିଆର ଏବେ ସମ୍ପର୍କ ସେତେଟା ଭଲ ନଥିବା ବେଳେ ଏହାକୁ ସୁଧାରିବାକୁ ଚେଷ୍ଟା କରାଯିବ ବୋଲି କୁହାଯାଇଛି।

## ୨୪ ଘଣ୍ଟାରେ ୪ ଦେଶ ପାଲେଷ୍ଟାଇନ୍‌କୁ ଦେଲେ ମାନ୍ୟତା

### ୧୫୦ ଦେଶ ସମର୍ଥନ କରିସାରିଛନ୍ତି

### ଏବେ ମଧ୍ୟ ଆମେରିକାର ବିରୋଧ

ଲଣ୍ଡନ, ୨୨।୯(ଏଜେନ୍ସି): ମଧ୍ୟପ୍ରାଚ୍ୟରେ ଅସ୍ଥିରତାର କେନ୍ଦ୍ର ବିନ୍ଦୁ କୁହାଯାଉଥିବା ପାଲେଷ୍ଟାଇନ୍‌କୁ ରାଷ୍ଟ୍ର ମାନ୍ୟତା ଦେବାରେ ଏବେ ଏକ ପ୍ରକାର ପ୍ରତିଯୋଗିତା ଚାଲିଛି। ଗତ ୨୪ ଘଣ୍ଟା ମଧ୍ୟରେ ୪ଟି ବିକଶିତ ଦେଶ ପାଲେଷ୍ଟାଇନ୍‌କୁ ଔପଚାରିକ ଭାବେ ଏକ ସ୍ୱତନ୍ତ୍ର ଦେଶର ମାନ୍ୟତା ପ୍ରଦାନ କରିଛନ୍ତି। ଏହି ଦେଶଗୁଡିକ ହେଲେ ବ୍ରିଟେନ, କାନାଡା, ଅଷ୍ଟ୍ରେଲିଆ ଓ ପର୍ତ୍ତୁଗାଲ। ଫଳରେ ପାଲେଷ୍ଟାଇନ୍‌କୁ ମାନ୍ୟତା ଦେବାରେ ଏବେ ଦେଶଗୁଡିକର ସଂଖ୍ୟା ୧୫୦ରେ ପହଞ୍ଚିଛି। ବ୍ରିଟେନ ପ୍ରଧାନମନ୍ତ୍ରୀ କେର ଷ୍ଟାରମର ଦୁଇ ରାଷ୍ଟ୍ର ସମାଧାନ ହିଁ ଶାନ୍ତିର ଏକମାତ୍ର ରାସ୍ତା ବୋଲି କହିଛନ୍ତି। ସେହିପରି ପାଲେଷ୍ଟାଇନ୍‌କୁ ରାଷ୍ଟ୍ରର ମାନ୍ୟତା ଦେବା ହିଁ ଶାନ୍ତିର ଏକମାତ୍ର ରାସ୍ତା ବୋଲି ପର୍ତ୍ତୁଗାଲ ବୈଦେଶିକ ମନ୍ତ୍ରୀ ପାଓଲୋ ରାଙ୍ଗେଲ କହିଛନ୍ତି। ଏହା ଦ୍ୱାରା ଗାଜାରେ ଇସ୍ରାଏଲର ଆକ୍ରମଣ ଓ ମାନବୀୟ ସଙ୍କଟ କମ୍ ହେବ ଓ ଇସ୍ରାଏଲ ଉପରେ ଏ ନେଇ ଚାପ ବୃଦ୍ଧି ପାଇବ। ତେବେ ଆମେରିକା ଏବେ ମଧ୍ୟ ପାଲେଷ୍ଟାଇନ୍‌କୁ ରାଷ୍ଟ୍ର ଭାବେ ମାନ୍ୟତା ଦେଇନାହିଁ। ଫ୍ରାନ୍ସ ମଧ୍ୟ ପାଲେଷ୍ଟାଇନ୍‌କୁ ମାନ୍ୟତା ଦେବାକୁ ପୂର୍ବରୁ ଘୋଷଣା କରିସାରିଛି ଓ ଜାତିସଂଘରେ ମାନ୍ୟତା ଦେବା ସପକ୍ଷରେ ଭୋଟ ଦେବାକୁ ଘୋଷଣା କରିସାରିଛି। ବ୍ରିଟେନ ପ୍ରଧାନମନ୍ତ୍ରୀ ଭିଡିଓ ବାର୍ତ୍ତାଦେଇ ପାଲେଷ୍ଟାଇନ୍‌କୁ ମାନ୍ୟତା ଦେବାକୁ ଘୋଷଣା କରିଛନ୍ତି। ସବୁଠାରୁ ବଡ଼ କଥା ହେଉଛି ଆମେରିକାର ନିକଟତମ ବନ୍ଧୁ ଦେଶଗୁଡିକ ମଧ୍ୟ ପାଲେଷ୍ଟାଇନ୍‌କୁ ରାଷ୍ଟ୍ରର ମାନ୍ୟତା ଦେଉଛନ୍ତି।

ସେପଟେ ଏଭଳି ପଦକ୍ଷେପ ଆତଙ୍କବାଦକୁ ପୁରସ୍କୃତ କରିବା ସଦୃଶ ହେବ ବୋଲି ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁ କହିଛନ୍ତି। ଜୋର୍ଡାନ ନଦୀର ପଶ୍ଚିମରେ ପାଲେଷ୍ଟାଇନ ଦେଶ ସୃଷ୍ଟି ହେବ ନାହିଁ। ସେହିପରି ୱେଷ୍ଟବ୍ୟାଙ୍କରେ ଇହୁଦୀ ବସ୍ତିକୁ ଦୁଇଗୁଣା କରାଯାଇଛି ଓ ଏହାକୁ ଆହୁରି ବୃଦ୍ଧି କରାଯିବ। ଆମେରିକାରୁ ଫେରିବା ପରେ ଯାଇ ଏହି ମାନ୍ୟତା ଦେବା ପ୍ରକ୍ରିୟାକୁ ନେଇ ଜବାବ ଦେବେ ବୋଲି ନେତାନ୍ୟାହୁ କହିଛନ୍ତି। ଗାଜାରେ ଦୁଇବର୍ଷ ହେବ ଚାଲିଥିବା ଯୁଦ୍ଧରେ ନାହିଁ ନଥିବା ସ୍ଥିତି ସୃଷ୍ଟି ହୋଇଛି। ଦୁର୍ଭିକ୍ଷ, ଧ୍ୱଂସର ଚିତ୍ର ସାରା ବିଶ୍ୱକୁ ବ୍ୟଥିତ କରିଛି। ଇସ୍ରାଏଲର ଲଗାତର ସାମରିକ କାର୍ଯ୍ୟାନୁଷ୍ଠାନକୁ ନେଇ ବିଶ୍ୱରେ ସ୍ୱର ପରିବର୍ତ୍ତନ ହେବାରେ ଲାଗିଛି। ଫଳରେ ବହୁ ଦେଶ ଏବେ ପାଲେଷ୍ଟାଇନ୍‌କୁ ସ୍ୱତନ୍ତ୍ର ଦେଶ ଭାବେ ମାନ୍ୟତା ଦେବାକୁ ଆଗଭର ହୋଇଛନ୍ତି।

ଅହମଦାବାଦ ବିମାନ ଦୁର୍ଘଟଣା

## ପାଇଲଟଙ୍କ ତ୍ରୁଟିକୁ ନେଇ ଚର୍ଚ୍ଚା ଦୁର୍ଭାଗ୍ୟଜନକ: ସୁପ୍ରିମକୋର୍ଟ

### କେନ୍ଦ୍ର, ଡିଜିସିଏ, ଏଏଆଇବିଠାରୁ ଜବାବ ମାଗିଲେ



ନୂଆଦିଲ୍ଲୀ, ୨୨।୯ (ଏଜେନ୍ସି): ଅହମଦାବାଦ୍‌ରେ ହୋଇଥିବା ବିମାନ ଦୁର୍ଘଟଣାରେ ପାଇଲଟ୍‌ଙ୍କ ତ୍ରୁଟି ଥିବା ନେଇ ହେଉଥିବା ଚର୍ଚ୍ଚାକୁ ଦୁର୍ଭାଗ୍ୟଜନକ ଓ ଅବସୋସଜନକ ବୋଲି ସୁପ୍ରିମକୋର୍ଟ କହିଛନ୍ତି। ଏଥିପାଇଁ କୋର୍ଟ ସୋମବାର କେନ୍ଦ୍ର ସରକାର, ବେସାମରିକ ବିମାନ ଚଳାଚଳ ନିର୍ଦ୍ଦେଶାଳୟ (ଡିଜିସିଏ) ଓ ବିମାନ ଦୁର୍ଘଟଣା ଯାଞ୍ଚ ବ୍ୟୁରୋ (ଏଏଆଇବି)ଠାରୁ ଜବାବ ମାଗିଛନ୍ତି। ଜଷ୍ଟିସ୍ ସୂର୍ଯ୍ୟ କାନ୍ତ ଓ ଜଷ୍ଟିସ ଏନ୍‌କେ ସିଂଙ୍କୁ ନେଇ ଗଠିତ ଖଣ୍ଡପୀଠ ସେଫ୍ଟି ମ୍ୟାଟର୍ସ ଫାଉଣ୍ଡେସନ ନାମକ ଏନ୍‌ଜିଓ ଦ୍ୱାରା କରାଯାଇଥିବା ଜନସ୍ୱାର୍ଥ ମାମଲାର ଶୁଣାଣି କରି କେନ୍ଦ୍ର ବିମାନ ଚଳାଚଳ ମନ୍ତ୍ରଣାଳୟ, ଏଏଆଇବି, ଡିଜିସିଏକୁ ନୋଟିସ ଜାରି କରିଛନ୍ତି। କୋର୍ଟଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏହି ଦୁର୍ଘଟଣାର ତଦନ୍ତ ସ୍ୱତନ୍ତ୍ର ଭାବେ କରାଇବାକୁ ଏହି ଏନ୍‌ଜିଓ ଦାବି କରିଛି। ଦୁର୍ଘଟଣାର ତଦନ୍ତ ନେଇ ପ୍ରାରମ୍ଭିକ ରିପୋର୍ଟରେ ଆବଶ୍ୟକ ସୂଚନାକୁ ଲୁଚାଇବାକୁ ପ୍ରୟାସ କରାଯାଇଛି। ଏହା ଦ୍ୱାରା ନାଗରିକଙ୍କ ଜୀବନ, ସମାନତା ଓ ପ୍ରକୃତ ସୂଚନା ପାଇବାର ଅଧିକାରକୁ କ୍ଷୁର୍ଣ୍ଣ କରୁଛି ବୋଲି ଏନ୍‌ଜିଓ ତରଫରୁ କୁହାଯାଇଛି। ଉଲ୍ଲେଖଥାଉ କି, ଗତ ଜୁନ୍ ୧୨ରେ ଅହମଦାବାଦ ବିମାନ ବନ୍ଦରରୁ ଏୟାର ଇଣ୍ଡିଆର ବୋଇଂ ୭୮୭ ବିମାନ ଟେକଅପ୍ କରିବାର କିଛି ସେକେଣ୍ଡ ପରେ ଏକ ମେଡିକାଲ କଲେଜ ହଷ୍ଟେଲ ବିଲ୍ଡିଂରେ ଉପରେ ଦୁର୍ଘଟଣାଗ୍ରସ୍ତ ହୋଇ ଖସିପଡ଼ିଥିଲା। ଏଥିରେ ମୋଟ୍ ୨୭୦ ଜଣ ଲୋକ ମୃତ୍ୟୁବରଣ କରିଥିଲେ। ଦୁର୍ଘଟଣା ଘଟିବାର ୧୦୦ ଦିନ ବିତିଯାଇଥିଲେ ମଧ୍ୟ କେବଳ ପ୍ରାରମ୍ଭିକ ରିପୋର୍ଟ ଜାରି ହୋଇଛି ବୋଲି ଏନ୍‌ଜିଓ ତରଫରୁ ଓକିଲ ପ୍ରଶାନ୍ତ ଭୂଷଣ କୋର୍ଟରେ କହିଛନ୍ତି। ନିରପେକ୍ଷ ଯାଞ୍ଚ ହେବା ନେଇ ହେଉଥିବା ଦାବି ଠିକ୍। କିନ୍ତୁ ସବୁ ନିଷ୍କର୍ଷକୁ ସାର୍ବଜନୀନ କରାଯିବା ଯାଞ୍ଚ ପ୍ରଭାବିତ ହୋଇପାରେ ବୋଲି ସୁପ୍ରିମକୋର୍ଟ କହିଛନ୍ତି। ଜୁଲାଇ ୧୨ରେ ଏଏଆଇବି ଦୁର୍ଘଟଣାର ରିପୋର୍ଟ ଜାରି କରିଥିଲା। ଏଥିରେ ଦୁଇ ପାଇଲଟଙ୍କ ମଧ୍ୟରେ କଥାବାର୍ତ୍ତା ବିଷୟରେ ଉଲ୍ଲେଖ କରାଯାଇଥିଲା।

## ମହାକାଶରେ ଉପଗ୍ରହର ସୁରକ୍ଷା ପାଇଁ 'ବଡିଗାର୍ଡ ସାଟେଲାଇଟ୍'



ନୂଆଦିଲ୍ଲୀ, ୨୨।୯(ଏଜେନ୍ସି): ମହାକାଶରେ ଦିନକୁ ଦିନ ବୃଦ୍ଧି ପାଉଥିବା ବିପଦ ଓ ଶତ୍ରୁ ଦେଶଗୁଡିକର ଗିତିବିଧିକୁ ଲକ୍ଷ୍ୟ କରି ଭାରତ ସରକାର ନିଜର ଉପଗ୍ରହଗୁଡିକର ସୁରକ୍ଷା ପାଇଁ ନୂଆ ଯୋଜନା ହାତକୁ ନେବାକୁ ଯାଉଛି। ଏଥିପାଇଁ ଭାରତ ସରକାର ଏବେ ନିଜ ଉପଗ୍ରହଗୁଡିକର ସୁରକ୍ଷା ପାଇଁ 'ବଡିଗାର୍ଡ ସାଟେଲାଇଟ୍' ତିଆରି କରିବାକୁ ଯୋଜନା କରୁଛି। ଏହି ବଡିଗାର୍ଡ ସାଟେଲାଇଟ୍ ଭାରତୀୟ ଉପଗ୍ରହଗୁଡିକୁ ସୁରକ୍ଷା ଦେବା ସହ ସବୁପ୍ରକାର ସନ୍ଦିଗ୍ଧ ଗତିବିଧି ନେଇ ତୁରନ୍ତ ସୂଚନା ଦେବ। ୨୦୨୪ ମଧ୍ୟ ଭାଗରେ ଏକ ପଡୋଶୀ ଦେଶର ଉପଗ୍ରହ ଇସ୍ରୋ ଉପଗ୍ରହଠାରୁ ମାତ୍ର ୧ କିମି ଦୂରରେ ଚାଲିଯାଇଥିଲା। ଏହାକୁ ଲକ୍ଷ୍ୟ ରଖି ଭାରତ ଏବେ ଏହି ନୂଆ ଯୋଜନାକୁ କାର୍ଯ୍ୟକାରୀ କରିବାକୁ ନିଷ୍ପତ୍ତି ନେଇଛି। ସରକାର ଏବେ ଷ୍ଟାର୍ଟଅପ୍ ସହିତ ମିଶି ଏଲଆଇଡିଏଆର ସଟେଲାଇଟ୍ ଓ ଗ୍ରାଉଣ୍ଡ ବେସ୍‌ଡ ରାଡାର ଭଳି ସିଷ୍ଟମ ଉପରେ କାର୍ଯ୍ୟ କରୁଛନ୍ତି। ଏହାଦ୍ୱାରା ବହୁ ପୂର୍ବରୁ ବିପଦକୁ ଚିହ୍ନଟ କରି ଉପଗ୍ରହଗୁଡିକୁ ସୁରକ୍ଷିତ ସ୍ଥାନକୁ ପଠାଯାଇପାରିବ। ଉଲ୍ଲେଖଥାଉ କି ଭାରତ ପାଖରେ ଏବେ ୧୦୦ରୁ ଊର୍ଦ୍ଧ୍ୱ ଉପଗ୍ରହ ରହିଥିବା ବେଳେ ଚୀନ୍ ପାଖରେ ୯୩୦ରୁ ଊର୍ଦ୍ଧ୍ୱ ଓ ପାକିସ୍ତାନ ପାଖରେ ୮ଟି ଉପଗ୍ରହ ରହିଛି। ପୂର୍ବରୁ ଗତ ଜୁନ୍‌ରେ ଏୟାର ମାର୍ଶାଲ ଆଶୁତୋଷ ଦୀକ୍ଷିତ୍ ଅନ୍ତରୀକ୍ଷ ସୁରକ୍ଷା ନେଇ ଚେତାବନୀ ଦେଇଥିଲେ। ଅନ୍ତରୀକ୍ଷ ହେଉଛି ସବୁଠାର ଉଚ୍ଚ ଓ ମହତ୍ତ୍ୱପୂର୍ଣ୍ଣ କ୍ଷେତ୍ର। ଆମକୁ ଏହାକୁ ସୁରକ୍ଷିତ ରଖିବାକୁ ପଡ଼ିବ। ନହେଲେ ଆମକୁ ଭବିଷ୍ୟତରେ କୌଣସି ସୂଚନା ମିଳିବା କଷ୍ଟକର ହେବ ବୋଲି ସେ ସତର୍କ କରାଇଥିଲେ। ସରକାର ୨୦୨୯ ସୁଦ୍ଧା ଅର୍ଥାତ ଆଗାମୀ ୪ ବର୍ଷରେ ୫୨ଟି ସ୍ୱତନ୍ତ୍ର ପ୍ରତିରକ୍ଷା ସାଟେଲାଇଟ୍ ମହାକାଶକୁ ପଠାଇବ। ଏହି ସାଟେଲାଇଟ୍‌ଗୁଡିକ ଅନ୍ତ ରୀକ୍ଷରେ ଭାରତର ଆଖି ଭଳି କର୍ଯ୍ୟକରିବ ଓ ଜଗି ରହିବ ଓ ପାକିସ୍ତାନ- ଚୀନ୍ ସୀମା ଉପରେ କ୍ରମାଗତ ନଜର ରଖିବ।

## ପରମାଣୁ ଅସ୍ତ୍ର ନିୟନ୍ତ୍ରଣ ଚୁକ୍ତିକୁ ବୃଦ୍ଧି କରିବାକୁ ପୁଟିନ ରାଜି

ମସ୍କୋ, ୨୨।୯(ଏଜେନ୍ସି): ରୁଷିଆ ରାଷ୍ଟ୍ରପତି ଭ୍ଲାଡିମିର ପୁଟିନ ନ୍ୟୁ ଷ୍ଟ୍ରାଟେଜିକ ଆର୍ମ୍ସ ରିଡକସନ ଟ୍ରିଟି (ନ୍ୟୁ ଷ୍ଟାର୍ଟ)କୁ ଗୋଟିଏ ବର୍ଷ ବୃଦ୍ଧି କରିବାକୁ ଇଚ୍ଛା ଜାହିର କରିଛନ୍ତି ଓ ଏଥିପାଇଁ ରୁଷ୍ ପ୍ରସ୍ତୁତ ବୋଲି କହିଛନ୍ତି। କିନ୍ତୁ ସେ ଗୋଟିଏ ସର୍ତ୍ତ ରଖିଛନ୍ତି। ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ମଧ୍ୟ ଏଥିପାଇଁ ପ୍ରସ୍ତୁତ ହେବା ସହ ଆଗକୁ ବଢ଼ିବା ଆବଶ୍ୟକ ବୋଲି ସେ କହିଛନ୍ତି। ୨୦୧୦ରେ ଏହି ଚୁକ୍ତି ସ୍ୱାକ୍ଷରିତ ହୋଇଥିଲା। ଏହା ଦୁଇ ମହାଶକ୍ତିଙ୍କ ମଧ୍ୟରେ ଶେଷ ପରମାଣୁ ଅସ୍ତ୍ର ନିୟନ୍ତ୍ରଣ ବୁଝାମଣା ଥିଲା। ଏହି ଚୁକ୍ତି ଅନୁସାରେ ଦୁଇଦେଶ ପାଖରେ ଥିବା ପରାମାଣୁ ଅସ୍ତ୍ର, ମିସାଇଲ ଓ ବମ୍ବରଗୁଡିକର ସଂଖ୍ୟା ଉପରେ କଟକଣା ଲାଗୁ ହୋଇଥିଲା। ଏହି ଚୁକ୍ତିକୁ ଆଗକୁ ବଢ଼ାଇବା ବିଶ୍ୱ ପାଇଁ ହିତକର ବୋଲି ପୁଟିନ କହିଛନ୍ତି। ତେବେ ଏ ନେଇ ଆମେରିକା ତା'ର ପ୍ରତିକ୍ରିୟା ଦେଇ ନାହିଁ। ସେତେବେଳେର ରାଷ୍ଟ୍ରପତି ବାରାକ ଓବାମା ଏହି ଚୁକ୍ତିରେ ସ୍ୱାକ୍ଷର କରିଥିଲେ।

## ଉତ୍ତରପୂର୍ବାଞ୍ଚଳକୁ ଅଣଦେଖା କରିଛି କଂଗ୍ରେସ: ପ୍ରଧାନମନ୍ତ୍ରୀ



ଇଟାନଗର, ୨୨।୯(ଏଜେନ୍ସି): ପ୍ରଧାନମନ୍ତ୍ରୀ ସୋମବାର ତ୍ରିପୁରା ପହଞ୍ଚିଛନ୍ତି। ଗୋମତି ଜିଲ୍ଲାରେ ସେ ପୁନଃନିର୍ମିତ ତ୍ରିପୁର ସୁନ୍ଦରୀ ମନ୍ଦିରର ଉଦ୍‌ଘାଟନ କରିଛନ୍ତି। ଏହି ମନ୍ଦିର ଦେଶରେ ଥିବା ୫୧ଟି ଶକ୍ତିପୀଠରୁ ଅନ୍ୟତମ। କେନ୍ଦ୍ର ସରକାରଙ୍କ ପିଲଗ୍ରିମେଜ ରେଜୁଭେନସନ ଆଣ୍ଡ ସ୍ପିରିଚୁଆଲିଟି ଅଗୁମେଣ୍ଟେସନ ଡ୍ରାଇଭ (ପ୍ରସାଦ) ଯୋଜାନ ଅନୁସାରେ ଏହି ମନ୍ଦିରର ପୁନଃନିର୍ମାଣ ପାଇଁ ୫୨ କୋଟି ଟଙ୍କା ଖର୍ଚ୍ଚ କରାଯାଇଛି। ପ୍ରଧାନମନ୍ତ୍ରୀ ଅରୁଣାଚଳ ଓ ତ୍ରିପୁରା ଗସ୍ତରେ ଅଛନ୍ତି। ଏହାପୂର୍ବରୁ ଇଟାନଗରରେ ପହଞ୍ଚି ସେ ୫, ୧୦୦ କୋଟି ଟଙ୍କାର ନୂଆ ପ୍ରକଳ୍ପର ଶିଳାନ୍ୟାସ କରିଛନ୍ତି। ସେ କଂଗ୍ରେସର ସମାଲୋଚନା କରି କହିଛନ୍ତି ଯେ ଏହି ଦଳର ସରକାର ସମ୍ପୂର୍ଣ୍ଣ ଉତ୍ତରପୂର୍ବାଞ୍ଚଳକୁ ଅଣଦେଖା କରିଛି। ଏବେ ମୋତେ ସେବା କରିବାର ସୁଯୋଗ ମିଳିଛି। କଂଗ୍ରେସର ଏହି ଚିନ୍ତାଧାରାରୁ ଦେଶକୁ ମୁକ୍ତି ମିଳିଛି। ଯେଉଁ ଉତ୍ତରପୂର୍ବାଞ୍ଚଳକୁ କଂଗ୍ରେସ ଭୁଲି ଯାଇଥିଲା, ସେଠାରେ ୨୦୧୪ରେ ପରେ ବିକାଶକୁ ପ୍ରାଥମିକତା ଦିଆଯାଇଛି। ଉତ୍ତରପୂର୍ବାଞ୍ଚଳର ୮ଟି ରାଜ୍ୟକୁ ଆମେ ଅଷ୍ଟଲକ୍ଷ୍ମୀ ବୋଲି ବିବେଚନା କରୁଛୁ। ଏହି ୮ଟି ରାଜ୍ୟ ହେଲା ଅରୁଣାଚଳ ପ୍ରଦେଶ, ଆସାମ, ମଣିପୁର, ମେଘାଳୟ, ମିଜୋରାମ, ନାଗାଲାଣ୍ଡ, ସିକ୍କିମ ଓ ତ୍ରିପୁରା। ଏହି ୮ଟି ରାଜ୍ୟ ବିକାଶର ଶୀର୍ଷକୁ ଛୁଇଁବ ବୋଲି ସେ କହିଛନ୍ତି।

## କାନାଡାରେ ଆତଙ୍କବାଦୀ ପନ୍ନୁର ସହଯୋଗୀ ଗିରଫ

ଓଟ୍ଟାୱା, ୨୨।୯ (ଏଜେନ୍ସି): ଖଲିସ୍ତାନୀ ଆତଙ୍କବାଦୀ ତଥା ଶିଖ ଫର ଜଷ୍ଟିସ (ଏସ୍‌ଏଫ୍‌ଜେ) ମୁଖ୍ୟ ପନ୍ନୁର ଜଣେ ଘନିଷ୍ଠ ସହଯୋଗୀ ଇନ୍ଦରଜିତ୍ ସିଂହ ଗୋସାଲ କାନାଡାରେ ଗିରଫ ହୋଇଛି। ଇନ୍ଦରଜିତ କାନାଡାରେ ଏସ୍‌ଏଫ୍‌ଜେର ଜଣ ବଡ଼ ସମର୍ଥକ ତଥା ପ୍ରଚାରକ। ୨୦୨୩ ଜୁନ୍‌ରେ ହରଦୀପ ସିଂ ନିଜ୍ଜର ମୃତ୍ୟୁବରଣ କରିବା ପରେ ସେ ଦାୟିତ୍ୱରେ ରହିଛି। ରାଜଧାନୀ ଓଟାୱାରେ ବିଭିନ୍ନ ମାମଲାରେ ସେ ମୁଖ୍ୟ ଅଭିଯୁକ୍ତ ରହିଛି। ସେ ପନ୍ନୁର ଡାହାଣ ହାତ ଥିଲା। ସେ ମଧ୍ୟ ଏକଦା ପନ୍ନୁର ବ୍ୟକ୍ତିଗତ ସୁରକ୍ଷା ଅଧିକାରୀ (ପିଏସ୍‌ଓ) ଭାବେ କାର୍ଯ୍ୟ କରୁଥିଲା। ଇନ୍ଦରଜିତର ଗିରଫ୍ ହେବା ପଛରେ ଭାରତର ହାତ ଅଛି ବୋଲି କୁହାଯାଉଛି। ରାଷ୍ଟ୍ରୀୟ ସୁରକ୍ଷା ଉପଦେଷ୍ଟା (ଏନ୍‌ଏସ୍‌ଏ) ଅଜିତ ଡୋଭାଲଙ୍କ ତରଫରୁ ଲାଗାତର କୂଟନୈତିକ ଚାପ ଫଳରେ ତାକୁ ଗିରଫ କରାଯାଇଛି। ୩୯ ବର୍ଷୀୟ ଇନ୍ଦରଜିତକୁ ଗତବର୍ଷ ନଭେମ୍ବରରେ ଗ୍ରେଟର ଟରୋଣ୍ଟରେ ଏକ ହିନ୍ଦୁ ମନ୍ଦିର ଉପରେ ଆକ୍ରମଣ ମାମଲାରେ ଗିରଫ କରାଯାଇଥିଲା। ପରେ ତାକୁ କେତୋଟି ସର୍ତ୍ତରେ ଛାଡି ଦିଆଯାଇଥିଲା।

### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୩୧ ● ପାଉଣ୍ଡ ୧୧୯.୯୪
- ୟୁରୋ ୧୦୩.୩୧ ● ୟେନ୍ ୦.୫୯

### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୦୩,୦୬୫ (ଭୁବନେଶ୍ୱର)
- ରୁପା : ୧,୪୮,୦୦୦ (କେଜି)



### ଷ୍ଟକ୍ ମାର୍କେଟ୍



ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୨,୧୫୯.୦୦
- ନିଫ୍ଟି ୨୫,୨୦୨.୦୦

### ପେଟ୍ରୋଲ-ଡିଜେଲ୍



ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



୧୪ତମ କଟନ୍ ଫ୍ୟାବ୍ର ୪ର୍ଥ ସପ୍ତାହର ବିଜେତା ଆର୍.ଆର୍.ସାହୁ ମ୍ୟାନେଜର ସାବନ କୁମାରଙ୍କଠାରୁ ପୁରସ୍କାର ଗ୍ରହଣ କରୁଛନ୍ତି।

## ୨୪ରେ ଆସିବ ଜୈନ ରିସୋର୍ସ ରିସାଇକ୍ଲିଂର ଆଇପିଓ

ମୁମ୍ବଇ,୨୨।୯ (ଏଜେନ୍ସି)

ଜୈନ ରିସୋର୍ସେସ୍ ରିସାଇକ୍ଲିଂ ଲିମିଟେଡ୍‌ର ୧୨୫୦ କୋଟି ଟଙ୍କାର ଇନିସିଆଲ ପବ୍ଲିକ୍ ଅଫରିଂ (ଆଇପିଓ) ୨୦୨୫ ସେପ୍ଟେମ୍ବର ୨୪ ବୁଧବାର ଦିନ ଖୋଲିବ ଓ ସେପ୍ଟେମ୍ବର ୨୬ ଶୁକ୍ରବାର ଦିନ ବନ୍ଦ ହେବ। ଆଙ୍କର ନିବେଶକମାନେ ଗୋଟି କାର୍ଯ୍ୟଦିବସ ପୂର୍ବରୁ ୨୦୨୫ ସେପ୍ଟେମ୍ବର ୨୩ରେ ବିଡ୍ ଦାଖଲ କରିପାରିବେ। ଏହି ଅଫରର ଆକାର ୧୨୫୦ କୋଟି ଟଙ୍କା ରହିଛି। ସେଥିରୁ ୫୦୦ କୋଟି ଟଙ୍କାର ନୂଆ ଇକ୍ୱିଟି ସେୟାର ଜାରି କରାଯିବ ଏବଂ ଅଫର୍ ଫର୍ ସେଲ୍‌ରେ ନିବେଶକମାନେ ୭୫୦ କୋଟି ଟଙ୍କାର ଇକ୍ୱିଟି ସେୟାର ବିକ୍ରି କରିବେ। ଅଫର ଫର୍ ସେଲ୍‌ରେ କମଳେଶ ଜୈନ ୭୧୫ କୋଟି ଟଙ୍କାର ଓ ମୟଙ୍କ ପାରିକ ୩୫ କୋଟି ଟଙ୍କାର ଇକ୍ୱିଟି ସେୟାର ବିକ୍ରି କରିବେ। ଏହି ଅଫରରେ ଇକ୍ୱିଟି ସେୟାର ପିଛା ଦାମ୍ ୨୨୦ ଟଙ୍କାରୁ ୨୩୨ ଟଙ୍କା ମଧ୍ୟରେ ରହିବ। ନିବେଶକମାନେ ସର୍ବନିମ୍ନ ୬୪ଟି ଇକ୍ୱିଟି ସେୟାରର ବିଡ୍ ଦାଖଲ କରିପାରିବେ।

## ଆମେରିକାର ଏଚ୍-୧ବିକୁ ମାତ୍ ଦେବାକୁ ଡ୍ରାଗନ୍‌ର ନୂଆ ଯୋଜନା

# ଚାଇନା ଆଣିବ 'କେ' ଭିସା

ବେଜିଂ,୨୨।୯ (ଏଜେନ୍ସି): ଆମେରିକାକୁ ବିଶ୍ୱସ୍ତରୀୟ ପ୍ରତିଭାକୁ ଆକର୍ଷିତ କରିବା ପାଇଁ ଏକ ଚୁମ୍ବକ ଭାବରେ ବିବେଚନା କରାଯାଏ। ସାରା ବିଶ୍ୱରୁ ବିଦେଶୀ ବୃତ୍ତିଧାରୀମାନେ ଚାକିରି ପାଇଁ ଆମେରିକା ଯାତ୍ରା କରିଥାନ୍ତି। ଏଚ୍-୧ବି ଭିସା ଦେଶରେ ସେମାନଙ୍କର ପ୍ରବେଶକୁ ସୁନିଶ୍ଚିତ କରିବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥାଏ। ହେଲେ ନିକଟରେ ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏଚ୍-୧ବି ଭିସା ଆବେଦନ କରିବା ପାଇଁ ପ୍ରାୟ ୮୮ ଲକ୍ଷ ଟଙ୍କାର ଅତିରିକ୍ତ ଶୁଳ୍କ ଦେବାକୁ ପଡିବ ବୋଲି ଘୋଷଣା କରିଛନ୍ତି। ଏଭଳି କରି ଆମେରିକା ବିଶ୍ୱସ୍ତରୀୟ ପ୍ରତିଭାମାନଙ୍କ ପାଇଁ ତା'ର ଦ୍ୱାର ବନ୍ଦ କରିଦେଇଛି। ଏହାକୁ ଏକ ସୁଯୋଗ ଭାବେ ଗ୍ରହଣ କରି ଡ୍ରାଗନ୍ ଏବେ ଖୋଲା ହସ୍ତରେ ବିଦେଶୀ ବୃତ୍ତିଗତଙ୍କୁ ସ୍ୱାଗତ କରିଛି। ଚୀନ୍ ଏକ ନୂତନ 'କେ' ଭିସା ପ୍ରଚଳନ ଘୋଷଣା କରିଛି। ଏହା ସାରା ବିଶ୍ୱରୁ ଯୁବ ଏବଂ ପ୍ରତିଭାବାନ ବୃତ୍ତିଧାରୀଙ୍କୁ ଦେଶକୁ ଆଣିବ। ଏହାର ପ୍ରାଥମିକ ଲକ୍ଷ୍ୟ ହେଉଛି ବିଶେଷ ଭାବରେ ବିଜ୍ଞାନ, ପ୍ରଯୁକ୍ତିବିଦ୍ୟା, ଇଞ୍ଜିନିୟରିଂ ଏବଂ ଗଣିତ (ଷ୍ଟେମ୍) କ୍ଷେତ୍ରରେ ଯୁବ ଏବଂ ପ୍ରତିଭାବାନ ବୃତ୍ତିଗତମାନଙ୍କୁ ଆକର୍ଷିତ କରିବା ପାଇଁ ଡିଜାଇନ୍ କରାଯାଇଛି। ଏହି'କେ' ଭିସା ଅକ୍ଟୋବର ପହିଲାରୁ ପ୍ରଚଳନ ହେବ।

ଚୀନର ଏହି ପଦକ୍ଷେପ ଏକ ବିକଳ୍ପ ସୁଯୋଗ ଭାବରେ କାର୍ଯ୍ୟ କରିପାରିବ, ବିଶେଷକରି ସେହି ଯୁବପିଢ଼ିଙ୍କ ପାଇଁ ଯେଉଁମାନେ କ୍ୟାରିଅର ପାଇଁ ବିଦେଶକୁ ଯିବାକୁ ଚାହାଁନ୍ତି କିନ୍ତୁ ଉଚ୍ଚ ଫି ଏବଂ ଲମ୍ବା ପ୍ରଶାସନିକ ବ୍ୟବସ୍ଥାରୁ ବଞ୍ଚିବାକୁ ଚାହାଁନ୍ତି।

- 'ଷ୍ଟେମ୍' ବୃତ୍ତିଧାରୀଙ୍କୁ ଆକର୍ଷିତ କରିବା ପାଇଁ ହୋଇଛି ଡିଜାଇନ୍
- ଅକ୍ଟୋବର ପହିଲାରୁ ହେବ ପ୍ରଚଳନ
- ଆବେଦନକାରୀଙ୍କୁ ଚୀନ୍‌ର ନିଯୁକ୍ତିଦାତାଙ୍କଠାରୁ ନିମନ୍ତ୍ରଣ ପତ୍ର ଆବଶ୍ୟକ ହେବ ନାହିଁ




ଚୀନର ନ୍ୟାୟ ମନ୍ତ୍ରଣାଳୟ ସ୍ପଷ୍ଟ କରିଛି ଯେ ଏହି ଭିସା ବିଦେଶୀ ଯୁବକଯୁବତୀଙ୍କ ପାଇଁ ଯେଉଁମାନେ ଚୀନ୍ କିମ୍ବା ବିଦେଶର ପ୍ରତିଷ୍ଠିତ ବିଶ୍ୱବିଦ୍ୟାଳୟ କିମ୍ବା ଗବେଷଣା ପ୍ରତିଷ୍ଠାନରୁ ଷ୍ଟେମ୍ ବିଷୟଗୁଡ଼ିକରେ ସ୍ନାତକ କିମ୍ବା ଉଚ୍ଚତର ଡିଗ୍ରୀ ହାସଲ କରିଛନ୍ତି, କିମ୍ବା ଏକ ଗବେଷଣା ପ୍ରତିଷ୍ଠାନ କିମ୍ବା ବିଶ୍ୱବିଦ୍ୟାଳୟରେ ଶିକ୍ଷକ କିମ୍ବା ଗବେଷକ ଭାବରେ କାର୍ଯ୍ୟ କରିଛନ୍ତି।

ବାସ୍ତବରେ, ଏଚ୍-୧ବି ଭିସା ପ୍ରଯୁକ୍ତିବିଦ୍ୟା ଏବଂ ଇଞ୍ଜିନିୟରିଂ କ୍ଷେତ୍ରରେ ଆମେରିକାର ପ୍ରାଧାନ୍ୟରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଛି। ଏଚ୍-୧ବି ଭିସା କର୍ମଚାରୀ ବିନା ଆମେରିକାର ଟେକ୍ ଶିଳ୍ପ ପ୍ରଭାବିତ ହୋଇପାରେ। ଚୀନ୍ ଏହା ବିଷୟରେ ଭଲ ଭାବରେ ଜାଣିଛି। ତେଣୁ ଡ୍ରାଗନ୍ ଚାହୁଁଛି ଯେ ଆମେରିକାକୁ ପ୍ରବାସ କରିବାରେ ଅସୁବିଧାର ସମ୍ମୁଖୀନ ହେଉଥିବା କର୍ମଜୀବୀ ବୃତ୍ତିଗତମାନେ ସିଧାସଳଖ ଚୀନ୍ ଆସନ୍ତୁ। ଚୀନ୍ 'କେ' ଭିସା ମାଧ୍ୟମରେ ବିଭିନ୍ନ ସୁବିଧା ପ୍ରଦାନ କରିବାକୁ ମଧ୍ୟ ପ୍ରତିଶ୍ରୁତି ଦେଇଛି। ତେଣୁ, ପ୍ରତିଭାବାନ ବ୍ୟକ୍ତିମାନେ ଅତି ଶୀଘ୍ର ଚୀନକୁ ପ୍ରବାସ କରିପାରିବେ।

ଚୀନ୍ 'କେ' ଭିସା ପାଇଁ କିଛି ଡକ୍ୟୁମେଣ୍ଟ ଆବଶ୍ୟକ କରୁଛି, ଯେଉଁଥିରେ ଶିକ୍ଷା ପ୍ରମାଣପତ୍ର ଏବଂ ବୃତ୍ତିଗତ କିମ୍ବା ଗବେଷଣା କାର୍ଯ୍ୟ ସହିତ ଜଡିତ ପ୍ରମାଣପତ୍ର ଅନ୍ତର୍ଭୁକ୍ତ। ତଥାପି, 'କେ' ଭିସା ସମ୍ପର୍କରେ ଅଧିକ ସୂଚନା ବିଦେଶରେ ଥିବା ଚୀନ୍ ଦୂତାବାସ ଏବଂ କନସୁଲେଟ୍ ଦ୍ୱାରା ଶୀଘ୍ର ସେୟାର କରାଯିବ। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଆବେଦନକାରୀମାନଙ୍କୁ ଚୀନ୍ ନିଯୁକ୍ତିଦାତାଙ୍କଠାରୁ ନିମନ୍ତ୍ରଣ ପତ୍ର ଆବଶ୍ୟକ ହେବନାହିଁ। ଏହାକୁ ଅନ୍ୟ କାର୍ଯ୍ୟକ୍ଷମ ଭିସା ତୁଳନାରେ ଶୀଘ୍ର ପ୍ରକ୍ରିୟାକରଣ କରାଯିବ।

### 'କେ' ଭିସାର ବିଶେଷତ୍ୱ

ଚୀନ ୧୨ଟି ଭିନ୍ନ ବର୍ଗରେ ଭିସା ପ୍ରଦାନ କରିଥାଏ। ଏହି 'କେ' ଭିସା ବୃତ୍ତିଧାରୀଙ୍କୁ ସର୍ବାଧିକ ସୁବିଧା ଦେଉଛି। ଏହା ଆଶା କରାଯାଉଛି ଯେ 'କେ' ଭିସା ଧାରକମାନେ ଦେଶରେ ଏକାଧିକ ପ୍ରବେଶ ପାଇବେ। ଭିସାର ବୈଧତା ଅବଧି ଏବଂ ବର୍ଦ୍ଧିତ ରହଣି ରହିବ। ଚୀନରେ ପହଞ୍ଚିବା ପରେ 'କେ' ଭିସାଧାରୀମାନେ ଶିକ୍ଷା, ସଂସ୍କୃତି ଏବଂ ବିଜ୍ଞାନ ଏବଂ ପ୍ରଯୁକ୍ତିବିଦ୍ୟା କ୍ଷେତ୍ରରେ ଶୈକ୍ଷିକ ଆଦାନପ୍ରଦାନରେ ଅଂଶଗ୍ରହଣ କରିପାରିବେ। ସେମାନେ ନିଜର ବ୍ୟବସାୟ ଆରମ୍ଭ କରିପାରିବେ।

# ଦୀପାବଳି ପୂର୍ବରୁ ଭାଙ୍ଗିଲା ସୁନା, ରୁପା ରେକର୍ଡ

ନୂଆଦିଲ୍ଲୀ,୨୨।୯ (ଏଜେନ୍ସି): ନବରାତ୍ରିର ପ୍ରଥମ ଦିନରୁ ସୁନା ଓ ରୁପା ମୂଲ୍ୟରେ ଲାଗିଛି ନିଆଁ। ଘରୋଇ ବଜାରରେ ସୁନା ମୂଲ୍ୟ ଦ୍ରୁତ ଗତିରେ ବୃଦ୍ଧି ପାଇଛି। ଆଜି ନୂଆଦିଲ୍ଲୀର ବୁଲିଅନ୍ ବଜାରରେ ସୁନା ମୂଲ୍ୟ ୧୦ ଗ୍ରାମ ପିଛା ୨୨ ୦୦ ଟଙ୍କା ବୃଦ୍ଧି ପାଇଛି। ଫଳରେ ଏହି ଧାତୁ ମୂଲ୍ୟ ବର୍ତ୍ତମାନ ୧୦ ଗ୍ରାମ ପିଛା ୧,୧୬,୨୦୦ ଟଙ୍କାରେ ପହଞ୍ଚିଛି। ଏହା ବିଶ୍ୱବ୍ୟାପୀ ସୁନା ମୂଲ୍ୟ ବୃଦ୍ଧି ହେତୁ ହୋଇଛି। ନିବେଶକମାନେ ଏବେ ଆମେରିକୀୟ ଫେଡେରାଲ ରିଜର୍ଭ ଅଧିକାରୀଙ୍କ ବିବୃତ୍ତିକୁ ଅପେକ୍ଷା କରିଛନ୍ତି, ଯାହା ସୁଧ ହାରର ଭବିଷ୍ୟତ ଗତିବିଧି ପ୍ରକାଶ କରିବ। ଆଜି ରୁପା ମୂଲ୍ୟରେ ମଧ୍ୟ ୪,୩୮୦ ଟଙ୍କା ବୃଦ୍ଧି ପାଇ କିଲୋଗ୍ରାମ ପିଛା ୧,୩୬,୩୮୦ ହୋଇଛି। ବିଶେଷଜ୍ଞମାନେ କହିଛନ୍ତି ଯେ ଫେଡେରାଲ ରିଜର୍ଭର ଦମ୍ଭୋକ୍ତି ଏବଂ କେନ୍ଦ୍ରୀୟ ବ୍ୟାଙ୍କଗୁଡ଼ିକର ଆଗ୍ରହ ସୁନା ମୂଲ୍ୟ ବୃଦ୍ଧିରେ ବଡ଼ ଯୋଗଦାନ ରଖୁଛି।

ଅପରପକ୍ଷେ ରାଜଧାନୀ ଭୁବନେଶ୍ୱରରେ ଆଜି ୨୪ କ୍ୟାରେଟ୍ ସୁନା ମୂଲ୍ୟ ୧୦ ଗ୍ରାମ ପିଛା ୧,୧୨, ୯ ୬୦ ଟଙ୍କାରେ ପହଞ୍ଚିବାବେଳେ ୨୨ କ୍ୟାରେଟ୍ ସୁନା ମୂଲ୍ୟ ୧୦ ଗ୍ରାମ ପିଛା ୧,୦୩,୬୫୦ ଟଙ୍କା ଛୁଇଁଛି। ସେହିଭଳି ରୁପା କିଲୋ ପିଛା ରେକର୍ଡ ୧,୪୮,୦୦୦ ଟଙ୍କା ସ୍ତର ଛୁଇଁ ସବୁ ରେକର୍ଡ ଭାଙ୍ଗିଛି। ଏ ସମ୍ପର୍କରେ ଏଚ୍‌ଡିଏଫ୍‌ସି ସିକ୍ୟୁରିଟିଜ୍‌ର ବରିଷ୍ଠ ବିଶ୍ଳେଷକ (କମୋଡିଟିଜ୍) ସୌମିଲ୍ ଗାନ୍ଧୀ କହିଛନ୍ତି, ଆନ୍ତର୍ଜାତୀୟ ବଜାରରେ ବୃଦ୍ଧି ଧାରା ସହିତ ଘରୋଇ ବଜାରରେ ସୁନା ଏବଂ ରୁପା ଉଭୟ ରେକର୍ଡ ସ୍ତରରେ କାରବାର କରୁଛି। ଏହାର ଅର୍ଥ ହେଉଛି ଯେ ଅନ୍ତର୍ଜାତୀୟ ବଜାରରେ ଯାହା ଘଟୁଛି ତାହାର ପ୍ରଭାବ ଭାରତୀୟ ବଜାର ଉପରେ ମଧ୍ୟ ପଡୁଛି। ବିଶ୍ୱର ବିଭିନ୍ନ ରାଷ୍ଟ୍ରର କେନ୍ଦ୍ରୀୟ ବ୍ୟାଙ୍କଗୁଡ଼ିକ ମଧ୍ୟ ସୁନା କିଣିବାରେ ଆଗ୍ରହ ଦେଖାଉଛନ୍ତି।




ସୁନା ୧.୧୨ ଲକ୍ଷ, ରୁପା ୧.୪୮ ଲକ୍ଷ ପାର୍

ସେ ଆହୁରି କହିଛନ୍ତି, ଆମେରିକୀୟ ଫେଡେରାଲ ରିଜର୍ଭର ଏହି ନିଷ୍ଠୁର ମନୋଭାବ ସୂଚାଇ ଦେଉଛି ଯେ ଚଳିତବର୍ଷ ଶେଷ ସୁଦ୍ଧା ଆଉ ଦୁଇଟି ସୁଧ ହାର ହ୍ରାସ ହେବାର ସମ୍ଭାବନା ଅଛି। ଏହା ମୂଲ୍ୟବାନ ଧାତୁ ମୂଲ୍ୟକୁ ସମର୍ଥନ ଯୋଗାଇବା ସହିତ ଆମେରିକୀୟ ଡଲାର ଏବଂ ବଣ୍ଡ ଉପଜରେ ବୃଦ୍ଧିକୁ ସୀମିତ କରିପାରେ। ଫେଡେରାଲ ରିଜର୍ଭ ସୁଧ ହାର ହ୍ରାସ କଲେ ଡଲାର ଦୁର୍ବଳ ହେବ ଏବଂ ସୁନା ମୂଲ୍ୟ ବୃଦ୍ଧି ପାଇବ।

## ପାଞ୍ଚ ବର୍ଷ ପରେ ସୁନା ୨ ଲକ୍ଷ ଟପିବ!

ନୂଆଦିଲ୍ଲୀ,୨୨।୯ (ଏଜେନ୍ସି): ସୁନାର ମୂଲ୍ୟ ନିରନ୍ତର ନୂତନ ଶିଖର ଛୁଇଁବାରେ ଲାଗିଛି। ଗତ ୫ ବର୍ଷର ତଥ୍ୟକୁ ଦେଖିଲେ, ସୁନା ମୂଲ୍ୟରେ ଏକ ବିରାଟ ବୃଦ୍ଧି ଦେଖାଯାଇଛି। ତେବେ, ଆଗାମୀ ୫ ବର୍ଷରେ କ'ଣ ମୂଲ୍ୟ ବୃଦ୍ଧି ଏଭଳି ସମାନ ଭାବେ ଜାରି ରହିବ। ବଜାର ବିଶେଷଜ୍ଞମାନେ କରିଥିବା ଆକଳନ ଅନୁଯାୟୀ, ଆଗାମୀ ବର୍ଷଗୁଡ଼ିକରେ ସୁନା ମୂଲ୍ୟ ଖୁବ୍ ଜୋରରେ ବୃଦ୍ଧି ପାଇବ। ଏସବୁ ଅନେକ କାରଣ ଉପରେ ନିର୍ଭର କରେ, ଯେପରିକି ଆମେରିକା ଫେଡେରାଲ୍ ରିଜର୍ଭ ଦ୍ୱାରା ସୁଧ ହାର ହ୍ରାସ, ବିଶ୍ୱ ଅନିଶ୍ଚିତତା, ଭୂ-ରାଜନୈତିକ ଉତ୍ତେଜନା ଇତ୍ୟାଦି। ତଥାପି, ଆଗାମୀ ୫ ବର୍ଷ ମଧ୍ୟରେ ସୁନା ମୂଲ୍ୟ ୨ ଲକ୍ଷ ଟଙ୍କା ସ୍ତର ଅତିକ୍ରମ କରିବାର ସମ୍ଭାବନା ରହିଛି। ତଥାପି, କେତେକ ବିଶେଷଜ୍ଞଙ୍କ ମତରେ ସୁନା ମୂଲ୍ୟ ୧୦ ଗ୍ରାମ ପିଛା ୧.୭୦ ଲକ୍ଷରୁ ୨ ଲକ୍ଷ ଟଙ୍କା ସ୍ତର ମଧ୍ୟରେ ରହିବା ଆଶା କରାଯାଉଛି। ଗତ କିଛି ବର୍ଷ ମଧ୍ୟରେ ଘରୋଇ ବଜାରରେ ସୁନାର ମୂଲ୍ୟ ଯଥେଷ୍ଟ ବୃଦ୍ଧି ପାଇଛି। ମଲ୍ଟି କମୋଡିଟି ଏକ୍ସଚେଞ୍ଜ ଅଫ୍ ଇଣ୍ଡିଆ (ଏମ୍‌ସିଏକ୍ସ)ରେ ପ୍ରାୟ ୫ ବର୍ଷ ପୂର୍ବେ ୨୦୨୦ ସେପ୍ଟେମ୍ବର ୧୯ରେ ସୁନା ମୂଲ୍ୟ ପ୍ରତି ୧୦ ଗ୍ରାମ ୫୧,୬୧୯ ଟଙ୍କା ରହିଥିଲା। ଏହା ଏବେ ପ୍ରତି ୧୦ ଗ୍ରାମ ୧,୧୨ ଲକ୍ଷ ଟଙ୍କାରେ ପହଞ୍ଚିଛି। ମାତ୍ର ଗୋଟିଏ ବର୍ଷ ମଧ୍ୟରେ ସୁନାର ମୂଲ୍ୟ ପ୍ରାୟ ୫୦%ରୁ ଅଧିକ ବୃଦ୍ଧି ପାଇଛି। ଅପରପକ୍ଷେ ଗତ ୫ ବର୍ଷ ମଧ୍ୟରେ ବଜାରରେ ସୁନା ମୂଲ୍ୟ ୧୧୨% ବୃଦ୍ଧି ପାଇଛି। ସୁନା ମୂଲ୍ୟ ବୃଦ୍ଧି ସାଧାରଣ ଲୋକଙ୍କୁ ଅସୁବିଧାରେ ପକାଇଥିବାବେଳେ, ସୁନାରେ ନିବେଶ କରିଥିବା ନିବେଶକମାନେ ଏହି ସମୟ ମଧ୍ୟରେ ଯଥେଷ୍ଟ ଲାଭ କରିଛନ୍ତି। ସୁନା ମୂଲ୍ୟ ବୃଦ୍ଧି ପଛରେ ଅନେକ କାରଣ ରହିଛି।ତଥାପି, ମୂଲ୍ୟ ବୃଦ୍ଧି ନିବେଶକଙ୍କୁ ଯଥେଷ୍ଟ ଲାଭ ଦେଇଛି। ସୁନା ମୂଲ୍ୟ ବର୍ତ୍ତମାନ ସର୍ବୋଚ୍ଚ ସ୍ତରରେ ପହଞ୍ଚିଛି। ନିବେଶକମାନେ ଏହା ମଧ୍ୟ ଭାବୁଛନ୍ତି ଯେ ଏହା ସୁନା କିଣିବା କିମ୍ବା ବିକ୍ରି କରିବାର ଏହା ହେଉଛି ସଠିକ୍ ସମୟ ନା ସୁନାକୁ ଧରି ରଖିବା ଭଲ ହେବ। ଗତ ପାଞ୍ଚ ବର୍ଷ ମଧ୍ୟରେ କୋଭିଡ୍ ମହାମାରୀ, ଆମେରିକାର ବିଶ୍ୱବ୍ୟାପୀ ଟିକସ, ରୁଷ-ୟୁକ୍ରେନ ଯୁଦ୍ଧ ଏବଂ ଭୂ-ରାଜନୈତିକ ଉତ୍ତେଜନା ସମେତ ବିଭିନ୍ନ କାରଣ ଯୋଗୁଁ ଭାରତରେ ସୁନା ମୂଲ୍ୟ ବୃଦ୍ଧି ପାଇଛି। ସେୟାର ବଜାରରେ ଦୁର୍ବଳତା ସତ୍ତ୍ୱେ ନିବେଶକଙ୍କ ପାଇଁ ସୁନା ଏକ ପ୍ରମୁଖ ପ୍ରାଥମିକତା ରହିଛି।

- ବର୍ଷକରେ ୫୦% ମହଙ୍ଗା
- ୫ ବର୍ଷରେ ଦର ୧୧୨% ବଢ଼ିବ

## ଲାଗୁହେଲା ନୂଆ ଜିଏସ୍‌ଟି ହାର କିଛି ଶସ୍ତା, କିଛି ମହଙ୍ଗା

ନୂଆଦିଲ୍ଲୀ,୨୨।୯ (ଏଜେନ୍ସି): ସୋମବାରଠାରୁ ଦେଶରେ ଲାଗୁ ହୋଇଛି ନୂଆ ଦ୍ରବ୍ୟ ଏବଂ ସେବା ଟିକସ (ଜିଏସ୍‌ଟି) ହାର। ଅର୍ଥାତ୍ ସେପ୍ଟେମ୍ବର ୨୨ ରୁ ଘିଅ ଏବଂ ପନିରଠାରୁ ଆରମ୍ଭ କରି କାର ଏବଂ ଏୟାର କଣ୍ଡିସନର ପର୍ଯ୍ୟନ୍ତ ସବୁକିଛି ଶସ୍ତା ହୋଇଯାଇଛି। ଜିଏସ୍‌ଟି ବର୍ତ୍ତମାନ କେବଳ ଦୁଇଟି ୫% ଏବଂ ୧୮% ସ୍ଲାବରେ ଲାଗୁ ହୋଇଛି। କିଛି କମ୍ପାନୀ ନୂତନ ଜିଏସ୍‌ଟି ହାର ପ୍ରକାଶ କରିନାହାଁନ୍ତି, ତେଣୁ ସେମାନଙ୍କର ଆନୁମାନିକ ଏମ୍‌ଆର୍‌ପି ଦିଆଯାଇଛି। ଏହି ସଂଖ୍ୟାରେ କମ୍ପାନୀ ଏବଂ ବିକ୍ରେତାଙ୍କ ଦ୍ୱାରା ପ୍ରଦାନ କରାଯାଇଥିବା ରିଆତି ଅନ୍ତର୍ଭୁକ୍ତ ନାହିଁ। ଜିଏସ୍‌ଟି ହ୍ରାସ ପରେ ହୋଟେଲ ରୁମ୍ ବୁକିଂ, ସୌନ୍ଦର୍ଯ୍ୟ ଏବଂ ସ୍ୱାସ୍ଥ୍ୟ ସେବା ଉପରେ ଟିକସ ହାର ୧୮% ରୁ ୫% କୁ ହ୍ରାସ କରାଯାଇଛି। ୧୦୦ ଟଙ୍କା ପର୍ଯ୍ୟନ୍ତ ସିନେମା ଟିକଟ୍ ଉପରେ ୫% ଟିକସ ଲାଗୁ ହେବ, ଯାହା ପୂର୍ବରୁ ୧୨% ଥିଲା। ୧୦୦ ଟଙ୍କାରୁ ଅଧିକ ଟିକଟ ଉପରେ ୧୮% କର ଲାଗୁ ହେବ। ବିଳାସପୂର୍ଣ୍ଣ ଜିନିଷ ପାଇଁ ଏକ ନୂତନ ୪୦% ସ୍ଲାବ୍ ସୃଷ୍ଟି କରାଯାଇଛି। ଏଥିରେ ପାନ ମସଲା ଏବଂ ତମାଖୁ ଭଳି ଉତ୍ପାଦ ଅନ୍ତର୍ଭୁକ୍ତ। ଏହା ସହିତ, କିଛି କାର ଏବଂ ବାଇକ୍ ଉପରେ ମଧ୍ୟ ୪୦% ଟିକସ ଲାଗୁ ହୋଇଛି। ତଥାପି, ଏହି ଯାନଗୁଡ଼ିକ ମହଙ୍ଗା ହେବ ନାହିଁ। କାରଣ ପୂର୍ବରୁ, ସେଗୁଡିକ ଉପରେ ୨୮% ଜିଏସ୍‌ଟି ଏବଂ ୧୭% ସେସ୍ ଲାଗୁ ହେଉଥିଲା। ଏହାର ଅର୍ଥ ହେଉଛି ଜିଏସ୍‌ଟି ହ୍ରାସ ପରେ ଏହି ସବୁ ଯାନଗୁଡ଼ିକ ଉପରେ ମୋଟ ଟିକସ ହାର, ଯାହା ୪୫% ଥିଲା ତା ଏବେ ୪୦%କୁ ହ୍ରାସ କରାଯାଇଛି।

## ଅରୁନ୍ଧତୀ ଜୁଏଲର୍ସ ଭୁବନେଶ୍ୱର ଶାଖାର ୮ମ ଜନ୍ମବାର୍ଷିକୀ



ଭୁବନେଶ୍ୱର,୨୨।୯ (ସମିସ): ଓଡିଶାର ସର୍ବଶ୍ରେଷ୍ଠ ଜୁଏଲାରୀ ବ୍ରାଣ୍ଡ ଅରୁନ୍ଧତୀ ଜୁଏଲର୍ସ ତରଫରୁ ଏହାର ଭୁବନେଶ୍ୱର ଶାଖାର ୮ମ ଜନ୍ମବାର୍ଷିକୀ ସୋମବାର ଦିନ ବହୁ ସଂଖ୍ୟକ ଶୁଭେଚ୍ଛୁ, ଗ୍ରାହକ ତଥା ଅନେକ ମାନ୍ୟଗଣ ବ୍ୟକ୍ତିଙ୍କ ଉପସ୍ଥିତିରେ ଧୁମ ଧାମରେ ପାଳନ କରାଯାଇଛି। ସାରା ରାଜ୍ୟରେ ଅଳଙ୍କାର କ୍ଷେତ୍ରରେ ଉନ୍ନତମାନର ସେବା ଯୋଗାଇ ପ୍ରଶଂସା ସାଉଁଟୁଥିବା ଅରୁନ୍ଧତୀ ଜୁଏଲର୍ସ ଦୀର୍ଘ ୮ ବର୍ଷ ଧରି ଭୁବନେଶ୍ୱରବାସୀଙ୍କ ଚାହିଦା ମୁତାବକ ସୁନ୍ଦର ଡିଜାଇନର ଗହଣା, ଶ୍ରେଷ୍ଠ ଆତିଥେୟତା ଓ ସେବା ଯୋଗାଇଦେଇ ରାଜଧାନୀ ବାସୀଙ୍କ ପ୍ରଥମ ପସନ୍ଦଯୋଗ୍ୟ ଓ ଭରସାଯୋଗ୍ୟ ଜୁଏଲାରୀ ବ୍ରାଣ୍ଡର ମାନ୍ୟତା ପାଇପାରିଛି।

ଏହି ଅବସରରେ ଅରୁନ୍ଧତୀ ପ୍ରତିଷ୍ଠାତା ବ୍ରହ୍ମାନନ୍ଦ ମେହେର ଅରୁନ୍ଧତୀକୁ ନିଜ ହୃଦୟରେ ସ୍ଥାନ ଦେଇ ଏତେ ବାଟକୁ ଆଣିଥିବାରୁ ଆନ୍ତରିକ ଶୁଭେଚ୍ଛା ଓ କୃତଜ୍ଞତା ଜ୍ଞାପନ କରିଛନ୍ତି। ଉଲ୍ଲେଖଯୋଗ୍ୟ ଏହି ଅବସରରେ ଅରୁନ୍ଧତୀ ଜୁଏଲର୍ସ ତରଫରୁ ଜନ୍ମବାର୍ଷିକୀ ସ୍ୱତନ୍ତ୍ର ଅଫର ମାଧ୍ୟମରେ ୫୧ ଜଣ ଲକ୍ଷପତି ହେବାର ସୁଯୋଗ ପ୍ରଦାନ କରାଯାଉଛି। ସୁନା ଗହଣାର ଗଢ଼ା ମଜୁରିରେ ୫୦% ରିଆତି ସହ ପ୍ରତ୍ୟେକ କ୍ରୟରେ ନିଶ୍ଚିତ ପାର୍ବଣ ଉପହାର ଦିଆଯାଉଛି। ସେହିଭଳି ଆଡଭାନ୍ସ ବୁକିଂରେ ସର୍ବନିମ୍ନ ଦରରେ ସୁନା କ୍ରୟ ଏବଂ 'ପେ ଜିରୋ ଫର ଇଜି ଜୁଏଲେରୀ ପରଚେଜ୍ ପ୍ଲାନ୍' ସହ ହୀରା ଗହଣା କ୍ରୟରେ ମାଗଣା ସ୍ୱର୍ଣ୍ଣ ମୁଦ୍ରା ପ୍ରଦାନ କରାଯାଉଛି।

## କ୍ରିପ୍ଟୋ ବଜାରରେ ହା ହା କାର

# ଦିନକରେ ୧୩୦୦ କୋଟି ସ୍ୱାହା

ନୂଆଦିଲ୍ଲୀ,୨୨।୯ (ଏଜେନ୍ସି): ସୋମବାର ବିଶ୍ୱର କ୍ରିପ୍ଟୋ କରେନ୍ସି ବଜାରରେ ଏକ ବଡ଼ ହ୍ରାସ ଘଟିଛି। ଏଥିଯୋଗୁ ବିଟ୍ କଏନ୍, ଇଥେରିୟମ୍, ବିନାନ୍ସ ଏବଂ ସୋଲାନା ସମେତ ପ୍ରାୟ ସମସ୍ତ କ୍ରିପ୍ଟୋ ମୁଦ୍ରା ୨୪ ଘଣ୍ଟା ମଧ୍ୟରେ କ୍ରାସ୍ ହୋଇଯାଇଛି। ଏଥିରେ ପାଇ ନେଟୱାର୍କ ୧୫ ପ୍ରତିଶତରୁ ଅଧିକ ହ୍ରାସ ପାଇଛି। କ୍ରିପ୍ଟୋ ବଜାରରେ ହ୍ରାସ ଯୋଗୁଁ ନିବେଶକମାନେ ୧.୫ ବିଲିୟନ ଡଲାର (ପ୍ରାୟ ୧୩,୦୦୦୦ କୋଟି ଟଙ୍କା)ରୁ ଅଧିକ କ୍ଷତି ସହିଛନ୍ତି।




କଏନ୍ ମାର୍କେଟ୍ କ୍ୟାପ୍ ଅନୁଯାୟୀ, ସୋମବାର ଅପରାହ୍ନ ୪ଟା ୩୦ ସୁଦ୍ଧା, ଗତ ୨୪ ଘଣ୍ଟା ମଧ୍ୟରେ ବିଟ୍ କଏନ୍ ମୂଲ୍ୟ ୨.୪୦ ପ୍ରତିଶତରୁ ଅଧିକ ହ୍ରାସ ପାଇଛି। ଏହାସହ ବିଟ୍ କଏନ୍‌ର ମୂଲ୍ୟ ୧.୧୩ ଲକ୍ଷ ଡଲାରକୁ ହ୍ରାସ ପାଇଛି। ଏହି ସମୟରେ, ଇଥେରିୟମ୍ ମୂଲ୍ୟ ପ୍ରାୟ ୪,୧୮୫ ଡଲାରରେ କାରବାର କରୁଥିଲା, ଯାହା ଗତ ୨୪ ଘଣ୍ଟା ମଧ୍ୟରେ ୬ ପ୍ରତିଶତରୁ ଅଧିକ ହ୍ରାସ ପାଇଛି। ରିପଲ୍ ୫ ପ୍ରତିଶତରୁ ଅଧିକ, ସୋଲାନା ପ୍ରାୟ ୭ ପ୍ରତିଶତ, ଡୋଗେକଏନ୍ ପ୍ରାୟ ୧୦ ପ୍ରତିଶତ ଏବଂ ପାଇ ନେଟୱାର୍କ ପ୍ରାୟ ୧୭ ପ୍ରତିଶତ ହ୍ରାସ ପାଇଛି। ପାଇ ନେଟୱାର୍କର ମୂଲ୍ୟ ୦.୩୦ ଡଲାର ତଳକୁ ଖସିଯାଇଛି। ଦିନେ ଏହାର ମୂଲ୍ୟ ପ୍ରାୟ ୩ ଡଲାର ଥିଲା। ଅନେକ କମ୍ପାନୀ ଦ୍ୱାରା କ୍ରୟ କରାଯାଇଥିବା ଟୋକେନ୍ ସଂଖ୍ୟାରେ ବୃଦ୍ଧି ଯୋଗୁଁ ଅଗଷ୍ଟରେ ବିଟ୍‌କଏନ୍ ଏବଂ ଇଥେରିୟମ୍ ମୂଲ୍ୟ ବୃଦ୍ଧି ପାଇଛି। କିନ୍ତୁ ବର୍ତ୍ତମାନ ଦେଖାଯାଉଛି ଯେ ଏହି କମ୍ପାନୀଗୁଡ଼ିକ ପାଇଁ ଏହି ଟୋକନ୍ କିଣିବା ପାଇଁ ଉତ୍ସାହ ହ୍ରାସ ପାଉଛି। ବିଟ୍ କଏନ୍ କିଣିବା ପାଇଁ ଜଣାଶୁଣା ଜାପାନର ମେଟାପ୍ଲାନେଟ୍ କମ୍ପାନୀର ସେୟାର ଜୁନ୍ ମଧ୍ୟଭାଗରୁ ପ୍ରାୟ ୬୭% ହ୍ରାସ ପାଇଛି।

### ବିଟ୍ କଏନ୍, ବାଇନାନ୍ସ ଓ ପାଇ ନେଟୱର୍କ ସବୁ ଧରାଶାୟୀ

### ● ହ୍ରାସର କାରଣ ?

ଏକ୍ସବିଟିଓ ଟ୍ରେଡିଂର ବରିଷ୍ଠ ବ୍ୟବସାୟୀ ଜର୍ଜ ମାଣ୍ଡେସ୍‌ଙ୍କ କହିବାନୁଯାୟୀ, ଏହା ଦେଖାଯାଉଛି ଯେ ବଜାରକୁ ଏକ ବିରତି ଆବଶ୍ୟକ। କେତେକ ଭୟ କରୁଛନ୍ତି ଯେ ଡିଜିଟାଲ୍ ସମ୍ପତ୍ତି ଟ୍ରେଡ୍ ଦୁର୍ବଳ ହେଉଛି ଏବଂ ଅଧିକ ଟଙ୍କା ମିଳିବା ଆଶା କରାଯାଉନାହିଁ। ଏହାର ଅର୍ଥ ହେଉଛି ଲୋକମାନେ ପୂର୍ବ ପରି ଡିଜିଟାଲ୍ ସମ୍ପତ୍ତିରେ ଏତେ ନିବେଶ କରୁନାହାଁନ୍ତି। କଇଙ୍ଗ୍ଲାସ୍ ତଥ୍ୟ ଦର୍ଶାଉଛି ଯେ ସୋମବାର ୨୪ ଘଣ୍ଟା ମଧ୍ୟରେ ୪ ଲକ୍ଷରୁ ଅଧିକ ବ୍ୟବସାୟୀ କ୍ରିପ୍ଟୋ କରେନ୍ସି ବଜାରରେ ଟଙ୍କା ହରାଇଛନ୍ତି। ଏହି ହ୍ରାସ ଡିଜିଟାଲ୍ ସମ୍ପତ୍ତି ବଜାରର ମୋଟ ମୂଲ୍ୟକୁ ୪ ଟ୍ରିଲିୟନ ଡଲାର ତଳକୁ ଠେଲିଦେଇଛି। ବଜାରରେ ଅନିଶ୍ଚିତତା ଜାରି ରହିଛି। ଅପରପକ୍ଷେ ବିଶେଷଜ୍ଞମାନେ କହିଛନ୍ତି ଯେ ନିବେଶକମାନେ ବୁଦ୍ଧିମାନ ଭାବରେ ନିବେଶ କରିବା ଉଚିତ୍।

## ଏସ୍‌ବିଆଇ କାର୍ଡର ଖୁସିୟାଁ ଅନଲିମିଟେଡ୍ ଅଭିଯାନ

ନୂଆଦିଲ୍ଲୀ, ୨୨।୯ (ସମିସ): ଭାରତର ସର୍ବବୃହତ ପିଓର୍-ପ୍ଲେ କ୍ରେଡିଟ୍ କାର୍ଡ ପ୍ରଦାନକାରୀ ଏସବିଆଇ କାର୍ଡ, ୨୦୨୫ ପାର୍ବଣ ଋତୁ ପାଇଁ ଖୁସିୟାଁ ଅନ୍‌ଲିମିଟେଡ୍ ଅଭିଯାନ ସହିତ ଦେଶବ୍ୟାପୀ ଆକର୍ଷଣୀୟ ଅଫର୍ ଗୁଡ଼ିକର ଏକ ବ୍ୟାପକ ସମ୍ଭାର ଆରମ୍ଭ କରିଛି। ଗ୍ରାହକମାନେ ୨୯୦୦ ରୁ ଅଧିକ ସହରରେ ଅନଲାଇନ୍ ଏବଂ ଅଫଲାଇନ୍ ପ୍ଲାଟଫର୍ମରେ ପ୍ରାୟ ୧୨୫୦+ ମର୍ଚ୍ଚାଂଟ ଫଣ୍ଡେଡ୍ ଅଫର୍, କ୍ୟାସବ୍ୟାକ୍ ଏବଂ ତୁରନ୍ତ ରିହାତି ଅଫରରୁ ଲାଭ ଉଠାଇପାରିବେ, ଯେଉଁଥିରେ ଟିୟର ୨ ଏବଂ ଟିୟର ୩ ସହର ଅନ୍ତର୍ଭୁକ୍ତ। ଏହି ଫେଷ୍ଟିଭ୍ ଅଫର୍ କଞ୍ଜୁମର ଡ୍ୟୁରେବଲ୍, ମୋବାଇଲ୍, ଲାପଟପ୍, ଫ୍ୟାଶନ୍, ଫର୍ନିଚର, ଅଳଙ୍କାର, ଇ-କମର୍ସ ଏବଂ ଗ୍ରୋସେରୀ ସାମଗ୍ରୀ ସମେତ ସମସ୍ତ ପ୍ରମୁଖ ବର୍ଗରେ ପ୍ରଯୁଜ୍ୟ।

## ଆଇସିଆଇସିଆଇ ବ୍ୟାଙ୍କର ଫେଷ୍ଟିଭାଲ ବୋନାଞ୍ଜା

ମୁମ୍ବଇ,୨୨।୯ (ସମିସ): ଅନଲାଇନ୍ କ୍ରୟ, ମୋବାଇଲ୍, ଇଲେକ୍ଟ୍ରୋନିକ୍ସ, ଫ୍ୟାଶନ୍, ଭ୍ରମଣ,କିରାଣା ସାମଗ୍ରୀ, ଆସବାବପତ୍ର ଏବଂ ଖାଦ୍ୟ ସାମଗ୍ରୀ ଶ୍ରେଣୀର ବଡ଼ ବ୍ରାଣ୍ଡଗୁଡ଼ିକରେ ଆକର୍ଷଣୀୟ ଡିଲ୍ ସହିତ ଆଇସିଆଇସିଆଇ ବ୍ୟାଙ୍କର ବାର୍ଷିକ 'ଫେଷ୍ଟିଭାଲ ବୋନାଞ୍ଜା' ଫେରିଛି। ଗ୍ରାହକମାନେ ୫୦,୦୦୦ ଟଙ୍କା ପର୍ଯ୍ୟନ୍ତ ରିଆତି/କ୍ୟାଶବ୍ୟାକ୍ ସହିତ ନିଜର କ୍ରେଡିଟ/ଡେବିଟ୍ କାର୍ଡ, ଇଣ୍ଟରନେଟ୍ ବ୍ୟାଙ୍କିଂ, କାର୍ଡବିହୀନ ଇଏମଆଇ ଏବଂ କଞ୍ଜ୍ୟୁମର ଫାଇନାନ୍ସ ବ୍ୟବହାର କରି ଏହି ଅଫରଗୁଡିକ ପାଇପାରିବେ। ଏହା ବ୍ୟତୀତ ସେମାନେ ନିଜର କ୍ରେଡିଟ/ଡେବିଟ୍ କାର୍ଡ ବ୍ୟବହାର କରି 'ନୋ କଷ୍ଟ ଇଏମଆଇ' ଚୟନ କରିପାରିବେ। ବ୍ୟାଙ୍କ ପକ୍ଷରୁ ଆପଲ୍, ଫ୍ଲିପକାର୍ଟ, କ୍ରୋମା, ରିଲାଏନ୍ସ ଡିଜିଟାଲ୍, ୱାନପ୍ଲସ୍, ମେକମାଇଁଟ୍ରିପ୍, ଗୋଆଇବିବୋ, ୟାତ୍ରା, ବ୍ଲିଙ୍କଇଟ୍, ସ୍ୱିଗି, ଆଜିଓ, ଡିଷ୍ଟ୍ରିକ୍ଟ ଏବଂ ପେପରଫ୍ରାଇ ଆଦି ପ୍ରମୁଖ ବ୍ରାଣ୍ଡଗୁଡ଼ିକ ସହିତ ସହଯୋଗିତା ସ୍ଥାପନ କରିଛି ।

# ଅବସରରୁ ଡି କକ୍‌ଙ୍କ ୟୁ-ଟର୍ନ

## ଦକ୍ଷିଣ ଆଫ୍ରିକା ଟି-୨୦ ଓ ଦିନିକିଆ ଦଳରେ ସାମିଲ



ଜୋହାନ୍ସବର୍ଗ, ୨୨।୯ (ଏଜେନ୍ସି): ଦକ୍ଷିଣ ଆଫ୍ରିକାର ଅଭିଜ୍ଞ ୱିକେଟ୍‌କିପର ବ୍ୟାଟର୍ କ୍ୱିଣ୍ଟନ ଡି କକ୍ ଦିନିକିଆ ଅବସରରୁ ୟୁ-ଟର୍ନ ନେଇଛନ୍ତି। ୫୦ ଓଭର ଫର୍ମାଟ୍‌ରୁ ଅବସର ନେବାର ଦୀର୍ଘ ୨ ବର୍ଷ ପରେ ଡି କକ୍‌ଙ୍କୁ ପୁଣିଥରେ ଜାତୀୟ ଦଳରେ ସ୍ଥାନ ମିଳିଛି। ଆଗାମୀ ପାକିସ୍ତାନ ବିପକ୍ଷ ଟୁର୍ ଲାଗି ସୋମବାର ଦକ୍ଷିଣ ଆଫ୍ରିକା ଦଳ ଘୋଷଣା କରାଯାଇଥିଲା। ଉଭୟ ଦିନିକିଆ ଓ ଟି-୨୦ ଦଳରେ ୩୨ ବର୍ଷୀୟ ଡି କକ୍‌ଙ୍କୁ ସାମିଲ କରାଯାଇଛି। ପାକିସ୍ତାନ ଗସ୍ତରେ ଯାଇ ଦକ୍ଷିଣ ଆଫ୍ରିକା ଅକ୍ଟୋବର ୧୨ରୁ ପ୍ରଥମେ ଦୁଇ ମ୍ୟାଚ୍‌ବିଶିଷ୍ଟ ଟେଷ୍ଟ ସିରିଜ ଖେଳିବ। ଏହାପରେ ଦୁଇ ଦଳ ମଧ୍ୟରେ ୩ଟି ଲେଖାଏ ଟି-୨୦ ଓ ଦିନିକିଆ ମ୍ୟାଚ୍ ଖେଳାଯିବାର କାର୍ଯ୍ୟସୂଚୀ ରହିଛି। ଡି କକ୍ ୨୦୨୧ରେ ଟେଷ୍ଟ କ୍ରିକେଟ୍‌ରୁ ସନ୍ନ୍ୟାସ ନେଇଥିଲେ। ଏହାପରେ ଭାରତରେ ୨୦୨୩ରେ ଅନୁଷ୍ଠିତ ବିଶ୍ୱକପ୍ ପରେ ସେ ଦିନିକିଆ ଫର୍ମାଟ୍‌କୁ ଅଲ୍‌ବିଦା କହିଥିଲେ। କିନ୍ତୁ ସେ ଟି-୨୦ କ୍ରିକେଟ୍‌ରେ ସକ୍ରିୟ ଥିଲେ। ୨୦୨୪ ଜୁନରେ ସେ ତାଙ୍କର ଶେଷ ଟି-୨୦ ମ୍ୟାଚ୍ ଦକ୍ଷିଣ ଆଫ୍ରିକା ପାଇଁ ଖେଳିଥିଲେ। ଏବେ ପାଖାପାଖି ଦେଢ଼ବର୍ଷ ପରେ ସେ ଟି-୨୦ ଦଳକୁ ଫେରିଛନ୍ତି। ବାମହାତୀ ବ୍ୟାଟର୍ ଡି କକ୍ ଦକ୍ଷିଣ ଆଫ୍ରିକା ପାଇଁ ୧୫୫ ଦିନିକିଆ ଓ ୯୨ ଟି-୨୦ ମ୍ୟାଚ୍ ଖେଳି ଯଥାକ୍ରମେ ୬୭୭୦ ରନ ଓ ୨୫୮୪ ରନ ସଂଗ୍ରହ କରିଛନ୍ତି।

# ୬ ବର୍ଷ ପରେ ସିଏବି ସଭାପତି ପଦକୁ ଫେରିଲେ ଗାଙ୍ଗୁଲି

କୋଲକାତା, ୨୨।୯ (ଏଜେନ୍ସି): ଭାରତୀୟ ଦଳର ପୂର୍ବତନ ଅଧିନାୟକ ସୌରଭ ଗାଙ୍ଗୁଲି ଦୀର୍ଘ ୬ ବର୍ଷର ବ୍ୟବଧାନ ପରେ ପୁଣିଥରେ କ୍ରିକେଟ୍ ଆସୋସିଏସନ ଅଫ୍ ବେଙ୍ଗଲ (ସିଏବି) ସଭାପତି ପଦକୁ ଫେରିଛନ୍ତି। ସୋମବାର ସିଏବିର ୯୪ତମ ବାର୍ଷିକ ସାଧାରଣ ବୈଠକ (ଏଜିଏମ୍) ଅନୁଷ୍ଠିତ ହୋଇଥିଲା। ଏଥିରେ ୫୩ ବର୍ଷୀୟ ଗାଙ୍ଗୁଲି ସିଏବି ସଭାପତି ଭାବେ ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ହୋଇଥିଲେ। ଗାଙ୍ଗୁଲି ଏଥିପୂର୍ବରୁ ୨୦୧୫ରୁ ୨୦୧୯ ପର୍ଯ୍ୟନ୍ତ ସିଏବିର ସଭାପତି ଭାବେ ଦାୟିତ୍ୱ ତୁଲାଇଥିଲେ। ଏବେ ସେ ତାଙ୍କ ବଡ଼ ଭାଇ ସ୍ନେହାଶିଷ ଗାଙ୍ଗୁଲିଙ୍କ ସ୍ଥାନରେ ପୁଣିଥରେ ଏହି କ୍ରିକେଟ୍ ପ୍ରଶାସକ ପଦରେ ଅବସ୍ଥାପିତ ହୋଇଛନ୍ତି। ସିଏବି ସଭାପତି ଭାବେ ନିର୍ବାଚିତ ହେବା ପରେ ଗାଙ୍ଗୁଲି ତାଙ୍କ ପ୍ରଥମ ପ୍ରତିକ୍ରିୟାରେ କହିଛନ୍ତି, 'ଆସନ୍ତା ବର୍ଷ ଭାରତରେ ଟି-୨୦ ବିଶ୍ୱକପ୍ ଖେଳାଯିବ। ତେଣୁ ଐତିହାସିକ ଇଡେନ ଗାର୍ଡେନ୍ସରେ ଆମେ ସେମିଫାଇନାଲ ଭଳି ବିଶ୍ୱକପର ବଡ଼ ମ୍ୟାଚ୍ ଆୟୋଜନ କରିବାକୁ ଲକ୍ଷ୍ୟ ରଖିଛୁ। ଏହାକୁ ନଜରରେ ରଖି ଇଡେନ ଗାର୍ଡେନ୍ସର ଦର୍ଶକ କ୍ଷମତା ଏକ ଲକ୍ଷକୁ ବଢ଼ାଇବାକୁ ଯୋଜନା କରିଛୁ। ଏବେ ଏହାର ଦର୍ଶକ କ୍ଷମତା ୬୮ ହଜାର ରହିଛି। ଏହା ଏକ ଲକ୍ଷକୁ ବୃଦ୍ଧି ହେଲେ ଅହମ୍ମଦାବାଦ ପରେ ଦେଶର ଦ୍ୱିତୀୟ ସର୍ବବୃହତ୍ ଷ୍ଟାଡିୟମ ମାନ୍ୟତା ପାଇବ।'

# ରୌଫ୍-ଫର୍‌ହାନଙ୍କୁ ନେଇ ଅଡୁଆରେ ପାକିସ୍ତାନ

ନୂଆଦିଲ୍ଲୀ, ୨୨।୯ (ଏଜେନ୍ସି)

ଗୋଟିଏ ସପ୍ତାହ ମଧ୍ୟରେ ଦୁଇ ଦୁଇଥର ଭାରତ ନିକଟରୁ ପରାଜୟର ସମ୍ମୁଖୀନ ହୋଇଛି ପାକିସ୍ତାନ କ୍ରିକେଟ୍ ଦଳ। ତେବେ ଗତକାଲି ଭାରତ ବିପକ୍ଷ ସୁପର୍-୪ ମ୍ୟାଚରେ ପାକିସ୍ତାନ ଖେଳାଳିଙ୍କ କାର୍ଯ୍ୟକଳାପକୁ ନେଇ ଏବେ ସେମାନଙ୍କୁ ଚାରିଆଡୁ ସମାଲୋଚନାର ଶିକାର ହେବାକୁ ପଡ଼ିଛି। ବିଶେଷ କରି ଓପନର୍ ଶାହିବଜାଦା ଫରହାନଙ୍କ ଏକେ-୪୭ ବନ୍ଧୁକରୁ ଗୁଳି ଚାଳନା କରିବା ଶୈଳୀରେ ସେଲିବ୍ରେସନ ଏବଂ ଦ୍ରୁତ ବୋଲର ହାରିସ ରୌଫ୍‌ଙ୍କ ବିମାନ ଖସାଇଦେବା ଇଙ୍ଗିତକୁ ନେଇ ଏବେ ସାମାଜିକ ଗଣମାଧ୍ୟମରେ ଉଭୟ ଟ୍ରୋଲର ସମ୍ମୁଖୀନ ହୋଇଛନ୍ତି। ଏହା ସେମାନଙ୍କର ପରାଜୟର ହତାଶାକୁ ପ୍ରଦର୍ଶନ କରୁଥିଲା ବୋଲି ଅନେକ କହିଛନ୍ତି। ସେହିଭଳି ଆଉ କେତେକ ଫରହାନ ଓ ରୌଫ୍‌ଙ୍କ ପ୍ରତିକ୍ରିୟା ପାକିସ୍ତାନର ଦଳର 'ମୁଜାହିଦ' ମାନସିକତାକୁ ସାମ୍ନାକୁ ଆଣିଛି ବୋଲି କହିଛନ୍ତି। ଏପରିକି ଏହି ଦୁଇ ଖେଳାଳିଙ୍କ ଏଭଳି ବ୍ୟବହାରକୁ ନେଇ ପାକିସ୍ତାନ ବୋର୍ଡ ମଧ୍ୟ ଅଡୁଆରେ ପଡ଼ିଛି। ପୂର୍ବରୁ ଯେବେବି ଭାରତ ଓ ପାକିସ୍ତାନ ମଧ୍ୟରେ ମ୍ୟାଚ୍ ଖେଳାଯାଇଛି, ସବୁବେଳେ ଉତ୍ତେଜନା ପରିସ୍ଥିତି ଦେଖିବାକୁ ମିଳିଛି। କିନ୍ତୁ ପ୍ରଥମଥର ପାଇଁ ପାକିସ୍ତାନ ଖେଳାଳିମାନେ କ୍ରିକେଟ୍ ପଡ଼ିଆରେ ଆତଙ୍କବାଦୀ ମାନସିକତାର ପ୍ରଦର୍ଶନୀ କରିଛନ୍ତି। 'ଭଦ୍ର ଲୋକଙ୍କ ଖେଳ' ଭାବେ ପରିଚିତ କ୍ରିକେଟରେ ଫରହାନ ଓ ରୌଫ୍ ଆତଙ୍କବାଦୀ ପ୍ରତୀକକୁ ଆଣି ପୁରାଇଛନ୍ତି ବୋଲି ଅନେକ ପୂର୍ବତନ କ୍ରିକେଟର୍ କହିଛନ୍ତି।

## ପଡ଼ିଆରେ 'ଆତଙ୍କବାଦୀ ମାନସିକତା'କୁ ପୂର୍ବତନ କ୍ରିକେଟରଙ୍କ ନିନ୍ଦା



## ଶେଷ ୭ଟି ଲଢ଼େଇରେ ଭାରତଠୁ ହାରିଛି ପାକିସ୍ତାନ

ଚଳିତ ଏସିଆ କପ୍ ଟି-୨୦ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟରେ ଗୋଟିଏ ସପ୍ତାହ ମଧ୍ୟରେ ଭାରତ ଦୁଇ ଦୁଇଟି ମ୍ୟାଚରେ ଚିରପ୍ରତିଦ୍ୱନ୍ଦ୍ୱୀ ପାକିସ୍ତାନକୁ ମାତ୍ ଦେଇଛି। ରବିବାର ରାତିରେ ଦୁବାଇର ଷ୍ଟାଡିୟମରେ ଖେଳାଯାଇଥିବା ସୁପର୍-୪ ଲଢ଼େଇରେ ଭାରତ ୬ ୱିକେଟ୍‌ରେ ପାକିସ୍ତାନକୁ ପରାସ୍ତ କରିଥିଲା। ପ୍ରଥମେ ବ୍ୟାଟିଂ କରିଥିବା ପାକିସ୍ତାନ ୫ ୱିକେଟ୍‌ରେ ୧୭୧ ରନ କରିଥିଲା। ଜବାବରେ ଓପନର୍ ଅଭିଷେକ ଶର୍ମା (୭୪ ରନ, ୩୯ ବଲ)ଙ୍କ ବିସ୍ଫୋରକ ଅର୍ଦ୍ଧଶତକୀୟ ପାଳି ବଳରେ ଭାରତ ୪ ୱିକେଟ୍ ହରାଇ ୭ଟି ବଲ୍ ପୂର୍ବରୁ ଲକ୍ଷ୍ୟ ହାସଲ କରିନେଇଥିଲା। ଏଥିପୂର୍ବରୁ ଗ୍ରୁପ୍ ପର୍ଯ୍ୟାୟରେ ମଧ୍ୟ ସୂର୍ଯ୍ୟକୁମାର ଯାଦବଙ୍କ ଦଳ ୭ ୱିକେଟ୍‌ରେ ପାକିସ୍ତାନକୁ ମାତ୍ ଦେଇଥିଲା। ବିଶ୍ୱର ବଡ଼ ବଡ଼ ଟୁର୍ଣ୍ଣାମେଣ୍ଟରେ ପାକିସ୍ତାନ ବିପକ୍ଷରେ ଭାରତ ଏହାର ବିଜୟଧାରାକୁ ଗଲା ୩ ବର୍ଷ ହେଲା ବଜାୟ ରଖିଛି। ସେ ଦିନିକିଆ ବିଶ୍ୱକପ୍ ହେଉକି ଟି-୨୦ ବିଶ୍ୱକପ୍ କିମ୍ବା ଚାମ୍ପିଅନ୍ସ ଟ୍ରଫି ହେଉ ଅବା ଏସିଆ କପ୍। ୨୦୨୨ରୁ ଅଦ୍ୟାବଧି ବଡ଼ ବଡ଼ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟରେ ପାକିସ୍ତାନ ବିପକ୍ଷରେ ଭାରତ ୭ଟି ମ୍ୟାଚ୍ ଖେଳି ଶତପ୍ରତିଶତ ବିଜୟ ରେକର୍ଡ ବଜାୟ ରଖିଛି।

**ଭାରତ-ପାକିସ୍ତାନ ଶେଷ ୭ ମ୍ୟାଚ୍**

| ଟୁର୍ଣ୍ଣାମେଣ୍ଟ | ବର୍ଷ | ଫଳାଫଳ |
|---|---|---|
| ଏସିଆ କପ୍ | ୨୦୨୫ | ଭାରତ ୬ ୱିକେଟ୍‌ରେ ବିଜୟୀ |
| ଏସିଆ କପ୍ | ୨୦୨୫ | ଭାରତ ୭ ୱିକେଟ୍‌ରେ ବିଜୟୀ |
| ଚାମ୍ପିଅନ୍ସ ଟ୍ରଫି | ୨୦୨୫ | ଭାରତ ୬ ୱିକେଟ୍‌ରେ ବିଜୟୀ |
| ଟି-୨୦ ବିଶ୍ୱକପ୍ | ୨୦୨୪ | ଭାରତ ୬ ରନରେ ବିଜୟୀ |
| ଦିନିକିଆ ବିଶ୍ୱକପ୍ | ୨୦୨୩ | ଭାରତ ୭ ୱିକେଟ୍‌ରେ ବିଜୟୀ |
| ଏସିଆ କପ୍ | ୨୦୨୩ | ଭାରତ ୨୨୮ ରନରେ ବିଜୟୀ |
| ଟି-୨୦ ବିଶ୍ୱକପ୍ | ୨୦୨୨ | ଭାରତ ୪ ୱିକେଟ୍‌ରେ ବିଜୟୀ |

## ବ୍ରହ୍ମାସ୍ତ୍ର ଲଞ୍ଚ କଲେ ଅଭିଷେକ-ଗିଲ୍: କାନେରିଆ

ପାକିସ୍ତାନ ବିପକ୍ଷ ସୁପର୍-୪ ମୁକାବିଲାକୁ ୬ ୱିକେଟ୍‌ରେ ଜିତିବା ପରେ ଭାରତର ଦୁଇ ଓପନର୍ ଅଭିଷେକ ଶର୍ମା ଓ ଶୁବମନ ଗିଲ୍‌ଙ୍କ ବ୍ୟାଟିଂକୁ ଚାରିଆଡୁ ପ୍ରଶଂସା କରାଯାଇଛି। ୧୭୨ ରନର ଲକ୍ଷ୍ୟକୁ ପିଛା କରୁଥିବାବେଳେ ଅଭିଷେକ ଓ ଗିଲ୍ ଓପନିଂ ଯୋଡ଼ିରେ ୫୯ ବଲ୍‌ରୁ ୧୦୫ ରନ ଉଠାଇ ବିଜୟପଥ ପରିଷ୍କାର କରିଥିଲେ। ଏହି ଶତକୀୟ ଭାଗୀଦାରିକୁ ପୂର୍ବତନ ପାକିସ୍ତାନ କ୍ରିକେଟର୍ ଦାନିସ କାନେରିଆ ବେଶ୍ ପ୍ରଶଂସା କରିଛନ୍ତି। ଖବର ସରବରାହ ସଂସ୍ଥା ଆଇଏଏନ୍‌ଏସ୍ ସହ ଏକ ସାକ୍ଷାତ୍‌କାର ଅବସରରେ କାନେରିଆ କହିଛନ୍ତି, 'ଶାହିବଜାଦା ଫରହାନ ଅର୍ଦ୍ଧଶତକ ପରେ ଏକେ-୪୭ ବନ୍ଧୁକରୁ ଗୁଳି ଚଳାଇବା ଶୈଳୀରେ ସେଲିବ୍ରେସନ କରିଥିଲେ। କିନ୍ତୁ ଏହାପରେ ଅଭିଷେକ ଓ ଗିଲ୍ ବିସ୍ଫୋରକ ବ୍ୟାଟିଂ ଜରିଆରେ ସେମାନଙ୍କ ବ୍ୟାଟରୁ ପାକିସ୍ତାନ ଉପରେ ବ୍ରହ୍ମାସ୍ତ୍ର ଲଞ୍ଚ କରିଥିଲେ। ଭାରତୀୟ ଓପନର୍‌ଙ୍କ ପ୍ରତି ଆକ୍ରମଣ ଏତେ ବିଧ୍ୱଂସୀ ଥିଲା ଯେ ପାକିସ୍ତାନ ଖେଳାଳି ଧରାଶାୟୀ ହୋଇପଡ଼ିଥିଲେ। ପାକିସ୍ତାନ ବୋଲରଙ୍କୁ ଗିଲ୍ ଓ ଅଭିଷେକ ପ୍ରଥମେ 'ଧୁଲାଇ' ଓ ପରେ 'ମହାଧୁଲାଇ' କରିଥିଲେ' ବୋଲି କହି କାନେରିଆ ନିଜ ଦେଶର ଖେଳାଳିଙ୍କୁ ଭର୍ତ୍ସନା କରିଛନ୍ତି।

## ପାକିସ୍ତାନ ୨୦୦ କରିଥିଲେ ମଧ୍ୟ ହାରିଥାନ୍ତା: ଅଖତର

ଭାରତ ନିକଟରୁ କ୍ରମାଗତ ଦୁଇଟି ମ୍ୟାଚ୍ ହାରିବା ପରେ ପୂର୍ବତନ ପାକିସ୍ତାନ କ୍ରିକେଟର୍ ନିଜ ଦଳର ଖେଳାଳିଙ୍କ ପ୍ରଦର୍ଶନକୁ ନେଇ ବେଶ୍ ସମାଲୋଚନା କରିଛନ୍ତି। ରାୱଲପିଣ୍ଡି ଏକ୍ସପ୍ରେସ ଭାବେ ପରିଚିତ ସୋଏବ ଅଖତର ନିଜ ଦଳକୁ ସମାଲୋଚନା କରି କହିଛନ୍ତି, ଯଦି ପାକିସ୍ତାନ ୨୦୦ ରନ କରିଥାନ୍ତା ତେବେ ତଥାପି ମ୍ୟାଚ୍ ହାରିଥାନ୍ତା। ପାକିସ୍ତାନ ବୋଲିଂ ଲାଇନଅପ୍ ୨୦୦ ରନକୁ ମଧ୍ୟ ଡିଫେଣ୍ଡ କରିପାରି ନ ଥାନ୍ତା। ଦଳର ବୋଲିଂ ରଣନୀତି ସମ୍ପୂର୍ଣ୍ଣ ଭୁଲ୍ ଥିଲା। ଅବରାର ଅହମ୍ମଦଙ୍କ ଭଳି ପ୍ରମୁଖ ବୋଲରଙ୍କୁ ପଛରେ ରଖି ସଇମ ଆୟୁବଙ୍କୁ ପାୱାର ପ୍ଲେ'ରେ ବୋଲିଂ ଦେବା ବୋକାମୀ ଥିଲା' ବୋଲି ଏକ ଟିଭି ଶୋ'ରେ ଅଖତର କହିଛନ୍ତି। ଏହି ପୂର୍ବତନ ଦ୍ରୁତ ବୋଲର ଆହୁରି ମଧ୍ୟ ହାରିସ ରୌଫ୍‌ଙ୍କୁ ସମାଲୋଚନା କରିବାକୁ ପଛାଇ ନ ଥିଲେ। ଅଖତର କହିଥିଲେ, ରୌଫ୍‌ଙ୍କୁ ଯେଉଁ ୱିକେଟ୍ ମିଳିଛି ତାହା ଭାରତୀୟ ବ୍ୟାଟର୍‌ଙ୍କ ଭୁଲ୍ ଯୋଗୁଁ ପାଇଛନ୍ତି। ସେ ନିଜ ଦକ୍ଷତା ବଳରେ ଜଣେ ବି ଭାରତୀୟ ବ୍ୟାଟର୍‌ଙ୍କୁ ଆଉଟ୍ କରିନାହାନ୍ତି। ସେହିଭଳି ଅଭିଷେକଙ୍କ ବ୍ୟାଟିଂ ବେଶ୍ ପ୍ରଶଂସନୀୟ ଥିଲା। ଯଦି ଅଭିଷେକ ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥାନ୍ତେ ତେବେ ଭାରତ ୧୫ ଓଭରରେ ମ୍ୟାଚ୍ ଜିତିଯାଇଥାନ୍ତା। ସଞ୍ଜୁ ସାମସନଙ୍କ ସ୍ଥାନରେ ଲୋକେଶ ରାହୁଲ ଭାରତୀୟ ଦଳରେ ରହିଥିଲେ ପାକିସ୍ତାନର ସ୍ଥିତି ଆହୁରି ଖରାପ ହୋଇଥାନ୍ତା' ବୋଲି ସୋଏବ କହିଛନ୍ତି। ନିଜ ଦେଶର ଖେଳାଳିଙ୍କୁ ଅଖତରଙ୍କ ଏହି ସମାଲୋଚନା ପାକିସ୍ତାନ କ୍ରିକେଟ୍ ବୋର୍ଡକୁ ଗଭୀର ସମସ୍ୟାରେ ପକାଇଛି।

**DP WORLD ASIA CUP 2025 — ଆଜିର ମ୍ୟାଚ୍**

ଶ୍ରୀଲଙ୍କା-ପାକିସ୍ତାନ
ଭେନ୍ୟୁ : ଆବୁଧାବି
ଖେଳ ଆରମ୍ଭ : ରାତି ୮ଟା
ପ୍ରସାରଣ : ସୋନି ସ୍ପୋର୍ଟ୍ସ ନେଟୱର୍କ

### ସୁଲତାନ ଜୋହର କପ୍ ଜୁନିଅର ହକି

# ଭାରତୀୟ ଦଳରେ ଓଡ଼ିଶାରୁ ୩ ଖେଳାଳି

ନୂଆଦିଲ୍ଲୀ, ୨୨।୯ (ଏଜେନ୍ସି): ଆଗାମୀ ସୁଲତାନ ଜୋହର କପ୍ ହକି ଟୁର୍ଣ୍ଣାମେଣ୍ଟ ଲାଗି ସୋମବାର ଭାରତୀୟ ଜୁନିଅର ପୁରୁଷ ଦଳ ଘୋଷଣା କରାଯାଇଛି। ଡିଫେଣ୍ଡର ରୋହିତ୍‌ଙ୍କୁ ଘୋଷିତ ୧୮ ଜଣିଆ ଦଳର ଅଧିନାୟକ ନିଯୁକ୍ତ କରାଯାଇଛି। ହକି ଇଣ୍ଡିଆ ପକ୍ଷରୁ ଘୋଷିତ ଏହି ଦଳରେ ଓଡ଼ିଶାର ୩ଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ଡିଫେଣ୍ଡର ଅନମୋଲ୍ ଏକ୍କା, ମିଡ୍‌ଫିଲ୍ଡର ରୋସନ କୁଜୁର ଓ ଆଦ୍ରୋହିତ୍ ଏକ୍କା। ସେହିଭଳି ୫ଜଣ ଖେଳାଳିଙ୍କୁ ଷ୍ଟାଣ୍ଡବାଏ ଭାବେ ଦଳରେ ରଖାଯାଇଛି।





ଏଥିରେ ମଧ୍ୟ ଓଡ଼ିଶାର ବିବେକ ଲାକ୍ରା ଓ ରୋହିତ୍ କୁଲ୍ଲୁଙ୍କୁ ସାମିଲ କରାଯାଇଛି। ୨୧ ବର୍ଷରୁ କମ୍ ଏହି ସମ୍ମାନଜନକ ହକି ଟୁର୍ଣ୍ଣାମେଣ୍ଟ ଅକ୍ଟୋବର ୧୧ରୁ ୧୮ ତାରିଖ ପର୍ଯ୍ୟନ୍ତ ମାଲେସିଆରେ ଖେଳାଯିବ। ଆୟୋଜକ ମାଲେସିଆ ସମେତ ଭାରତ, ଅଷ୍ଟ୍ରେଲିଆ, ଗ୍ରେଟ୍ ବ୍ରିଟେନ, ନ୍ୟୁଜିଲାଣ୍ଡ ଓ ପାକିସ୍ତାନ ଦଳ ଅଂଶଗ୍ରହଣ କରୁଛନ୍ତି। ରାଉଣ୍ଡ-ରବିନଭିତ୍ତିରେ ଟୁର୍ଣ୍ଣାମେଣ୍ଟ ଖେଳାଯିବ। ଏହାପରେ ପଏଣ୍ଟ ଟେବଲର ଦୁଇ ଶ୍ରେଷ୍ଠ ଦଳ ମଧ୍ୟରେ ଫାଇନାଲ ଅନୁଷ୍ଠିତ ହେବ। ଉଦ୍‌ଘାଟନୀ ଦିବସରେ ଗ୍ରେଟ୍ ବ୍ରିଟେନ ବିପକ୍ଷରେ ଖେଳି ଭାରତ ଟୁର୍ଣ୍ଣାମେଣ୍ଟରେ ଏହାର ଅଭିଯାନ ଆରମ୍ଭ କରିବ। ଅକ୍ଟୋବର ୧୪ରେ ଭାରତ ଓ ପାକିସ୍ତାନ ମଧ୍ୟରେ ହାଇଭୋଲଟେଜ୍ ମ୍ୟାଚ୍ ଖେଳାଯିବାର କାର୍ଯ୍ୟସୂଚୀ ରହିଛି। ଗତ ସଂସ୍କରଣରେ ଭାରତ ଏହି ଟୁର୍ଣ୍ଣାମେଣ୍ଟରେ କାଂସ୍ୟ ପଦକ ବିଜୟୀ ହୋଇଥିଲା।

# ନାଇଟ୍ ରାଇଡର୍ସଙ୍କୁ ୫ମ ସିପିଏଲ୍ ଟ୍ରଫି




ଗୁୟାନା, ୨୨।୯ (ଏଜେନ୍ସି): କାରିବିଆନ ପ୍ରିମିୟର ଲିଗ୍ (ସିପିଏଲ୍)ର ୧୩ତମ ସଂସ୍କରଣରେ ତ୍ରିନବାଗୋ ନାଇଟ୍ ରାଇଡର୍ସ ଚାମ୍ପିଅନ ହୋଇଛି। ଗତକାଲି ରାତିରେ ଖେଳାଯାଇଥିବା ଫାଇନାଲ ମୁକାବିଲାରେ ନାଇଟ୍ ରାଇଡର୍ସ ୩ ୱିକେଟ୍‌ରେ ଗୁୟାନା ଆମାଜନ ୱାରିୟର୍ସଙ୍କୁ ପରାସ୍ତ କରି ରେକର୍ଡ ୫ମଥର ଲାଗି ସିପିଏଲ୍ ଟ୍ରଫି ଜିତିଛି। ସ୍ଥାନୀୟ ପ୍ରୋଭିଡେନ୍ସ ଷ୍ଟାଡିୟମରେ ଅନୁଷ୍ଠିତ ଫାଇନାଲ ମ୍ୟାଚରେ ଗୁୟାନା ପ୍ରଥମେ ବ୍ୟାଟିଂ କରି ୨୦ ଓଭରରେ ୮ ୱିକେଟ୍ ହରାଇ ୧୩୦ ରନ କରିଥିଲା। ଦଳ ପକ୍ଷରୁ ଇଫତିକାର ଅହମ୍ମଦ ସର୍ବାଧିକ ୩୦, ବେନ୍ ମ୍ୟାକଡର୍ମଟ୍ଟ ୨୮ ରନ କରିଥିଲେ। ଜବାବରେ ତ୍ରିନବାଗୋ ନାଇଟ୍ ରାଇଡର୍ସ ୨ ଓଭର ବଳକା ଥାଇ ୭ ୱିକେଟ୍ ହରାଇ ଲକ୍ଷ୍ୟ ହାସଲ କରିନେଇଥିଲା। ଆଲେକ୍ସ ହେଲ୍ସ ୨୬, କଲିନ ମୁନରୋ ୨୩, ସୁନିଲ ନାରାୟଣ ୨୨ ରନ କରିଥିଲେ। ଅଧିନାୟକ ନିକୋଲସ ପୁରନ ୧ ରନ କରି ନିରାଶ କରିଥିଲେ।

# ଜୟ ଶାହଙ୍କୁ ଭେଟିଲେ ସଞ୍ଜୟ



କଟକ,୨୨।୯ (ସମିସ): ଅନ୍ତର୍ଜାତୀୟ କ୍ରିକେଟ ପରିଷଦ(ଆଇସିସି) ଅଧ୍ୟକ୍ଷ ଜୟ ଶାହଙ୍କୁ ଅହମ୍ମଦାବାଦ୍‌ରେ ଭେଟିଛନ୍ତି ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ସମ୍ପାଦକ ସଞ୍ଜୟ ବେହେରା। ଶ୍ରୀ ଶାହଙ୍କ ଜନ୍ମଦିନ ଉପଲକ୍ଷେ ସଞ୍ଜୟ ତାଙ୍କୁ ଭେଟି ଶୁଭେଚ୍ଛା ଜଣାଇବା ସହ ରାଜ୍ୟ କ୍ରିକେଟ ବାବଦରେ ଆଲୋଚନା କରିଥିଲେ। ଆସନ୍ତା ଡିସେମ୍ବର ୯ରେ କଟକ ବାରବାଟୀ ଷ୍ଟାଡିୟମରେ ଭାରତ ଓ ଦକ୍ଷିଣଆଫ୍ରିକା ବିପକ୍ଷ ଅନ୍ତର୍ଜାତୀୟ ଟି-୨୦ ମ୍ୟାଚ୍ ଖେଳାଯିବ। ମ୍ୟାଚ୍‌ରେ ସ୍ୱତନ୍ତ୍ର ଅତିଥି ଭାବେ ଯୋଗ ଦେବା ନିମନ୍ତେ ସଞ୍ଜୟ ଶ୍ରୀ ଶାହଙ୍କୁ ନିମନ୍ତ୍ରଣ ଦେଇଥିଲେ।

# ୧୧ ବର୍ଷ ପରେ ଭାରତ ଆସିବେ ବୋଲ୍ଟ



ନୂଆଦିଲ୍ଲୀ, ୨୨।୯ (ଏଜେନ୍ସି): ଆଠଥରର ଅଲିମ୍ପିକ ସ୍ୱର୍ଣ୍ଣ ପଦକ ବିଜେତା ମହାନ ଧାବକ ଉସେନ ବୋଲ୍ଟ ଭାରତରେ ଏକ ପ୍ରଦର୍ଶନୀ ଫୁଟ୍‌ବଲ୍ ମ୍ୟାଚ୍ ଖେଳିବେ। ଅକ୍ଟୋବର ୧ରେ ମୁମ୍ବଇରେ ଏହି ଫୁଟ୍‌ବଲ ମ୍ୟାଚ୍ ଖେଳାଯିବ। ଏକ ସ୍ପୋର୍ଟ୍ସ ବ୍ରାଣ୍ଡର ଦୁଇ ଦିନିଆ ଉତ୍ସବର ଅଂଶବିଶେଷ ସ୍ୱରୂପ ଏହି ପ୍ରଦର୍ଶନୀ ଫୁଟ୍‌ବଲ ମ୍ୟାଚ୍ ଆୟୋଜିତ ହେବ। ଏହି ଫୁଟବଲ୍ ମ୍ୟାଚ୍ ଇଣ୍ଡିଆନ ସୁପର୍ ଲିଗ୍‌ର ଦୁଇ ଦଳ ମୁମ୍ବାଇ ସିଟି ଏଫ୍‌ସି ଓ ବେଙ୍ଗାଲୁରୁ ଏଫ୍‌ସି ମଧ୍ୟରେ ଖେଳାଯିବ। ଏଥିରେ ବୋଲ୍ଟ ମୁମ୍ବାଇ ପାଇଁ ଗୋଟିଏ ହାଫ୍ ଓ ବେଙ୍ଗାଲୁରୁ ପାଇଁ ଅନ୍ୟ ହାଫ୍‌ଟି ଖେଳିବେ ବୋଲି ଜଣାପଡ଼ିଛି। ବଲିଉଡ୍‌ର କିଛି ଚର୍ଚ୍ଚିତ ଚେହେରାଙ୍କୁ ମଧ୍ୟ ଏହି ପ୍ରଦର୍ଶନୀ ମ୍ୟାଚରେ ଖେଳୁଥିବାର ଦେଖିବାକୁ ମିଳିବ। ଏଥିପୂର୍ବରୁ ଜାମାଇକା ତାରକା ବୋଲ୍ଟ ସେପ୍ଟେମ୍ବର ୨୬ରୁ ୨୮ ମଧ୍ୟରେ ଦିଲ୍ଲୀ ଓ ମୁମ୍ବଇରେ କେତୋଟି କାର୍ଯ୍ୟକ୍ରମରେ ଯୋଗଦେବାର ରହିଛି। ଉଲ୍ଲେଖଯୋଗ୍ୟ, ୩୯ ବର୍ଷୀୟ ବୋଲ୍ଟ ଦ୍ୱିତୀୟଥର ଲାଗି ଭାରତ ଗସ୍ତରେ ଆସିବେ। ଏଥିପୂର୍ବରୁ ସେ ୨୦୧୪ରେ ପ୍ରଥମଥର ଭାରତ ଗସ୍ତରେ ଆସି ଏମ୍. ଚିନ୍ନାସ୍ୱାମୀ ଷ୍ଟାଡିୟମରେ କ୍ରିକେଟର୍ ଯୁବରାଜ ସିଂହଙ୍କ ସହ ଏକ ୧୦୦ ମିଟର ରେସରେ ଭାଗନେଇଥିଲେ।

### ଓଡ଼ିଶା ପ୍ରୋ ଟି-୨୦ ଲିଗ୍

# ପୁରୀ, କଟକର ସହଜ ବିଜୟ

କଟକ,୨୨।୯ (ସମିସ)

ବାରବାଟୀ ଷ୍ଟାଡିୟମରେ ଖେଳାଯାଉଥିବା ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌ର ସୋମବାର ଅପରାହ୍ନରେ ଖେଳାଯାଇଥିବା ମ୍ୟାଚ୍‌ରେ ପୁରୀ ଟାଇଟନ୍ସ ୪୫ ରନରେ ରାଉରକେଲା ଷ୍ଟିଲର୍ସଙ୍କୁ ପରାସ୍ତ କରିଛି। ଟାଇଟନ୍ସର ଏହା ଦ୍ୱିତୀୟ ବିଜୟ। ୪ଟି ମ୍ୟାଚ୍‌ରୁ ୮ ପଏଣ୍ଟ ହାସଲ କରି ପୁରୀ ପଏଣ୍ଟ ଟେବଲର ଦ୍ୱିତୀୟ ସ୍ଥାନରେ ରହିଛି। ତେବେ ଷ୍ଟିଲର୍ସ ଏଯାବତ୍ ବିଜୟ ଖାତା ଖୋଲିପାରିନି। ଏକ ମ୍ୟାଚ୍ ବାତିଲ ଯୋଗୁଁ ୨ ପଏଣ୍ଟ ହାସଲ କରି ଷ୍ଟିଲର୍ସ ଦଳ ଟେବଲର ଅନ୍ତିମ ସ୍ଥାନରେ ରହିଛି। ବର୍ଷା ବାଧକ ଯୋଗୁ ଟାଇଟନ୍ସ ଏବଂ ଷ୍ଟିଲର୍ସ ମଧ୍ୟରେ ହୋଇଥିବା ମୁକାବିଲା ୧୮ ଓଭର ବିଶିଷ୍ଟ କରାଯାଇଥିଲା। ଏଥିରେ ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଟାଇଟନ୍ସ ୭ ୱିକେଟ ବିନିମୟରେ ୧୬୧ ରନ କରିଥିଲା। କାର୍ତ୍ତିକ ବିଶ୍ୱାଳ ୨୯ ବଲରୁ ୪୨ ରନ ଓ ଅଲ୍‌ରାଉଣ୍ଡର ରାଜେଶ ମହାନ୍ତି ୪୫ ରନର ବିସ୍ଫୋରକ ପାଳି ଖେଳିଥିଲେ। ରାଉରକେଲାର ପ୍ରଦୀପ ପ୍ରଧାନ ସର୍ବାଧିକ ୩ଟି ୱିକେଟ ଦଖଲ କରିଥିଲେ। ପୁର୍ନବାର ବର୍ଷା ଯୋଗୁଁ ଡିଏଲଏସ୍ ପଦ୍ଧତିରେ ରାଉରକେଲା ସମ୍ମୁଖରେ ୧୦.୪ ଓଭରରେ ୯୭ ରନର ଲକ୍ଷ୍ୟ ଧାର୍ଯ୍ୟ ହୋଇଥିଲା। ମାତ୍ର ଷ୍ଟିଲର୍ସ ୫ ୱିକେଟ ହରାଇ ମାତ୍ର ୫୧ରନ ସଂଗ୍ରହ କରିଥିଲା। କାର୍ତ୍ତିକଙ୍କୁ ପ୍ଲେୟାର ଅଫ ଦି ମ୍ୟାଚ୍ ବିବେଚିତ କରାଯାଇଛି। ସେହିଭଳି ରାତିରେ ଖେଳାଯାଇଥିବା ୨ୟ ମ୍ୟାଚରେ କଟକ ପାନ୍ଥର୍ସ ୧୭ ରନରେ ସମ୍ବଲପୁର ୱାରିୟର୍ସଙ୍କୁ ପରାସ୍ତ କରିଛି। ୧୨ ଓଭରବିଶିଷ୍ଟ ଏହି ମ୍ୟାଚରେ କଟକ ପ୍ରଥମେ ବ୍ୟାଟିଂ କରି ୯ ୱିକେଟ୍‌ରେ ୧୨୯ ରନ କରିଥିଲା। ଶୁଭମ ଶତ୍ରୁଜିତ ୩୩ ଓ ଅଭିଷେକ ରାଉତ ୨୮ ରନ କରିଥିଲେ। ଜବାବରେ ସମ୍ବଲପୁର ୧୧.୪ ଓଭରରେ ୧୧୧ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ବିଜୟୀ କଟକ ଦଳର ବିପ୍ଳବ ସାମନ୍ତରାୟଙ୍କୁ ୪ଟି ୱିକେଟ୍ ମିଳିଥିଲା।



## ପ୍ରଥମେ ରାଜ୍ୟ ପାଇଁ ଭଲ ଖେଳ: ମନିନ୍ଦର

ପ୍ରଥମଶ୍ରେଣୀ କ୍ରିକେଟ ହେଉଛି ଭିତ୍ତିଭୂମି। ଯୁବ ବୟସର ଖେଳାଳିମାନେ ଆଇପିଏଲ ପାଇଁ ଖେଳିବାର ମନୋଭାବ ରଖିଲେ ପ୍ରଦର୍ଶନରେ ବିକାଶ ଘଟିବ ନାହିଁ। ଏଣୁ ପ୍ରଥମେ ନିଜ ରାଜ୍ୟ ଦଳ ପାଇଁ କିପରି ଭଲ ପ୍ରଦର୍ଶନ କରିବେ ସେ ଚିନ୍ତାଧାରା ସୃଷ୍ଟି କରିବା ଉଚିତ। ଓଡ଼ିଶା ପ୍ରୋ ଟି-୨୦ ଲିଗ୍ ଆୟୋଜନ କରି ଓସିଏ ଖେଳାଳିମାନଙ୍କ ମନୋବଳକୁ ଦୃଢ଼ କରିବାକୁ ପଥ ପ୍ରସ୍ତୁତ କରିଛି। ଏହାର ପ୍ରଭାବ ନିଶ୍ଚିତ ପଡିବ। ବଡ ସଟ୍ ଖେଳିବା ଅପେକ୍ଷା କ୍ରିକେଟର ମୌଳିକ ଶିକ୍ଷା ହାସଲ କରିବାକୁ ଓଡ଼ିଆ ଖେଳାଳିଙ୍କୁ ପରାମର୍ଶ ଦେଇଛନ୍ତି ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟର ମନିନ୍ଦର ସିଂହ। ଓସିଏ ଓ କାରିଭା ସ୍ପୋର୍ଟସର ମିଳିତ ଆନୁକୂଲ୍ୟରେ ବାରବାଟୀରେ ଲିଗ୍ ଜାରି ରହିଛି। ଷ୍ଟାର ସ୍ପୋର୍ଟ୍ସ ଖେଲ୍ ଏବଂ ଫ୍ୟାନକୋଡ୍(ଓଟିଟି)ରେ ଖେଳର ସିଧାପ୍ରସାରଣ ହେଉଛି। ମନିନ୍ଦର ଭାଷ୍ୟକାର ଭାବେ କଟକ ଆସିଛନ୍ତି। ଏହା ଭିତରେ ସେ ୪୦ବର୍ଷ ପୂର୍ବର କଥା ମନେ ପକାଇ ଉତ୍ତରାଞ୍ଚଳ ୨୨ବର୍ଷରୁ କମ୍ ଦଳରୁ କ୍ରିକେଟ ଖେଳିବାକୁ ଓଡ଼ିଶା ଆସିଥିବା କଥା କହିଥିଲେ।

### ● ପୂର୍ବାଞ୍ଚଳ ଜୁନିଅର ଆଥ୍ଲେଟିକ୍ସ ଚାମ୍ପିଅନସିପ୍

# ସାଗରଙ୍କୁ ସ୍ୱର୍ଣ୍ଣ, ସୂରଜ ଜିତିଲେ ରୌପ୍ୟ




ଭୁବନେଶ୍ୱର, ୨୨।୯ (ସମିସ): ଝାଡ଼ଖଣ୍ଡର ରାଜଧାନୀ ରାଞ୍ଚିରେ ସୋମବାରଠାରୁ ପୂର୍ବାଞ୍ଚଳ ଜୁନିଅର ଆଥ୍ଲେଟିକ୍ସ ଚାମ୍ପିଅନସିପ୍‌ର ୩୬ତମ ସଂସ୍କରଣ ଆରମ୍ଭ ହୋଇଛି। ପ୍ରଥମ ଦିବସରେ ଓଡ଼ିଶା କ୍ରୀଡ଼ାବିତ୍‌ଙ୍କୁ ୨ଟି ପଦକ ସଫଳତା ମିଳିଛି। ପୁରୁଷ ହାଇଜମ୍ପରେ ସାଗର ଏକ୍କା ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ସାଗର ୧.୯୦ ମିଟର ଉଚ୍ଚକୁ ଡେଇଁ ପୋଡିୟମର ପ୍ରଥମ ସ୍ଥାନ ଅଧିକାର କରିଥିଲେ। ସେହିଭଳି ଡିସକସ୍ ଥ୍ରୋରେ ଓଡ଼ିଶାର ସୂରଜ ଗୋପେ ରୌପ୍ୟ ପଦକ ହାସଲ କରିଛନ୍ତି। ସୂରଜ ୪୩.୪୪ ମିଟର ଥ୍ରୋ ସହ ଦ୍ୱିତୀୟ ସ୍ଥାନରେ ରହିଥିଲେ। ତିନିଦିନିଆ ଏହି ଦୌଡ଼କୁଦ ପ୍ରତିଯୋଗିତା ବୁଧବାର ଉଦ୍‌ଯାପିତ ହେବ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS